

୧୦୦ ତମ ଟାଇଟଲ୍ ଜିତିଲେ ଜୋକୋଭିଚ୍

▶ପୃଷ୍ଠା ୧୨ ଦେଖନ୍ତୁ...


RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 42 ◆ISSUE-327 ◆BHUBANESWAR ◆MONDAY ◆26 MAY 2025 ◆PAGE-12 ◆₹ 6.00 | BHUBANESWAR | ◆ବର୍ଷ-୪୨ ◆ସଂଖ୍ୟା-୩୨୭ ◆ଭୁବନେଶ୍ୱର ◆ସୋମବାର ◆୨୬ ମେ ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦










# ଲାଲୁ ପରିବାରରେ ଝଡ଼

ପାଟନା, ୨୫।୫ (ଏଜେନ୍ସି):

ଆରଜେଡି ସୁପ୍ରିମ ଲାଲୁ ପ୍ରସାଦ ଯାଦବଙ୍କ ପରିବାରରେ ଝଡ଼ ସୃଷ୍ଟି ହୋଇଛି। ଏହି ଝଡ଼ ଅଚାନକ ଆସି ଲାଲୁ ପରିବାରକୁ ଭାଗ ଭାଗ କରିଦେଇଛି। ଶେଷରେ ବାପା ବାଧ ହୋଇ ବଡ଼ ପୁଅ ତେଜ ପ୍ରତାପଙ୍କୁ ୬ ବର୍ଷ ପାଇଁ ଦଳ ଏବଂ ପରିବାରରୁ ବିଦା କରି ଦେଇଛନ୍ତି। ପୁଅ ଦାୟିତ୍ୱହୀନ କାମ କରିଛି ବୋଲି କହିଛନ୍ତି। ଫେସ୍‌ବୁକ୍‌ରେ ଲାଲୁ ନିଜେ ଏହି ସୂଚନା ଦେଇ ପୁଅ ନୈତିକ ମୂଲ୍ୟବୋଧ ଏବଂ ସଂସ୍କାରକୁ ଭୁଲି ଯାଇଥିବା ଅଭିଯୋଗ କରିଛନ୍ତି। ପୁଅର ବ୍ୟକ୍ତିଗତ ଜୀବନ ସାମାଜିକ ନ୍ୟାୟ ପାଇଁ ସାମୂହିକ ସଂଘର୍ଷକୁ ଦୁର୍ବଳ କରୁଛି। ଲୋକଲଜ୍ଜା ଦେଖି ପରିବାରରେ ନୀତି ଆଦର୍ଶରେ ପରିଚାଳିତ ହୋଇ ବିବେକର ସହ ନିଷ୍ପତ୍ତି ନେବାକୁ ଲାଲୁ ତାଙ୍କୁ ପରାମର୍ଶ ଦେଇଛନ୍ତି। ଆଜିଠୁ ଦଳ ଏବଂ ପରିବାରରେ ତେଜପ୍ରତାପଙ୍କ କୌଣସି ଭୂମିକା ରହିବା ନାହିଁ ବୋଲି ଉଲ୍ଲେଖ କରିଛନ୍ତି। ବିହାର ଏବଂ ଦେଶ ରାଜନୀତିରେ ଚର୍ଚ୍ଚାରେ ଥିବା ଏହି ଘଟଣା ପଛରେ ପୁଅ ତେଜପ୍ରତାପଙ୍କ ପ୍ରେମ କାହାଣୀ ରହିଛି। ଏହି ପ୍ରେମ କାହାଣୀ ଲାଲୁ ପରିବାର ପାଇଁ ଅସହ୍ୟ ହୋଇ ପଡ଼ିଛି।



- ବଡ଼ ପୁଅ ତେଜ ପ୍ରତାପ ଦଳରୁ ବହିଷ୍କୃତ
- ପରିବାରରୁ ମଧ ତଡ଼ା ଖାଇଲେ
- ଭାଇରାଲ ହେଉଛି ମହିଳାଙ୍କ ସହ ତେଜଙ୍କ ଫଟୋ

ଦିନକ ତଳେ ଶନିବାର ସନ୍ଧ୍ୟାରେ ତେଜ ପ୍ରତାପଙ୍କ ସହ ଜଣେ ମହିଳା (ଅନୁଷ୍କା ଯାଦବ) ଙ୍କ ଫଟୋ ଏବଂ ଭିଡିଓ ଭାଇରାଲ ହୋଇଥିଲା। ଏହାକୁ ତେଜପ୍ରତାପଙ୍କ ସୋସିଆଲ ମିଡିଆ ଆକାଉଣ୍ଟରେ ଅପ୍‌ଲୋଡ କରାଯାଇଥିଲା। ଉଭୟେ ୧୨ ବର୍ଷ ହେଲା ପରସ୍ପରକୁ ଭଲ ପାଉଥିବା କହିଥିଲେ। ସମସ୍ତେ ସ୍ୱୀକାର କରିବେ ବୋଲି ଆଶା କରିଥିଲେ। ମାତ୍ର ଏହାର କିଛି ସମୟ ପରେ ସବୁ କିଛି ବଦଳି ଯାଇଥିଲା। ନିଜ ପରିବାର ସ୍ୱୀକାର କରିବା ପରିବର୍ତ୍ତେ ଏହାକୁ ତୀବ୍ର ବିରୋଧ କରିଥିଲା। ଏଥିପାଇଁ ଲାଲୁଙ୍କ ବଡ଼ ତନୟଙ୍କୁ ସାମ୍ନାକୁ ଆସିବାକୁ ପଡ଼ିଥିଲା। ସେ ଆଇଡି ହ୍ୟାକ ହୋଇଯାଇଥିବା ଏବଂ କେହି ଏଡିଟିଂ କରି ଫଟୋ ଅପଲୋଡ୍ କରିଥିବା କହିଥିଲେ। କିନ୍ତୁ ଏହା ପରେ ପରେ ସେହି ମହିଳାଙ୍କ ସହ ତେଜପ୍ରତାପଙ୍କ ୬ଟି ଫଟୋ ଏବଂ ୨ଟି ଭିଡିଓ ସାମ୍ନାକୁ ଆସିଥିଲା। ଏଥିରେ ଉଭୟେ 'କରବା ଚୌଥ' ପାଳୁଥିବା ଫଟୋ ମଧ ସାମିଲ ଥିଲା। ତେଜପ୍ରତାପ ଦ୍ୱିତୀୟ ବିବାହ କରି ସାରିଥିବା ଲୋକେ ଅନୁମାନ କରୁଛନ୍ତି। କିନ୍ତୁ ଲାଲୁ ପରିବାରର ଏହି ଝଡ଼କୁ ନେଇ ଲୋକଙ୍କ ମନରେ ଅନେକ ପ୍ରଶ୍ନ ଉଠୁଛି। ଖ୍ରୀଷ୍ଟିଆନ ସମ୍ପ୍ରଦାୟର ରାଚେଲ ଗୋଡିହ୍ନୋଙ୍କ ସହ ସାନ ପୁଅ ତେଜସ୍ୱୀର ପ୍ରେମ ବିବାହ କରାଇଥିବା ଲାଲୁ ଏହି ବିବାହରେ କାହିଁକି ରାଜି ନ ଥିଲେ ବୋଲି ପ୍ରଶ୍ନ ଉଠୁଛି।

ଯଦି ତେଜପ୍ରତାପ ୧୨ ବର୍ଷ ହେଲା ଭଲ ପାଉଥିଲେ ତେବେ ୨୦୧୮ ରେ ପୂର୍ବତନ ମୁଖ୍ୟମନ୍ତ୍ରୀ ଦାରୋଗା ରାୟଙ୍କ ନାତୁଣୀ ଐଶ୍ୱର୍ଯ୍ୟା ରାୟଙ୍କୁ ବିବାହ କରିବାକୁ କାହିଁକି ରାଜି ହୋଇଥିଲେ? ଏହା ପଛରେ ପିତା ଏବଂ ପରିବାରର ଚାପ ନ ଥିଲା ତ? ରାଜନୈତିକ ସ୍ୱାର୍ଥ ସାଧନ ପାଇଁ ବାପାଙ୍କ କଥାରେ ପଡ଼ି ତେଜପ୍ରତାପ ଆଉ ବାହା ହୋଇ ନ ଥିଲେ? ଏଥିପାଇଁ ତାଙ୍କ ବିବାହ ତିଷ୍ଠି ପାରି ନ ଥିଲା ତ? ସୂଚନାଯୋଗ୍ୟ ଯେ ଏବେ ଐଶ୍ୱର୍ଯ୍ୟ ଏବଂ ତେଜପ୍ରତାପଙ୍କ ବିବାହ ବିଚ୍ଛେଦ ମାମଲା କୋର୍ଟରେ ଚାଲିଛି। ଲାଲୁଙ୍କ ବଡ଼ ପୁଅ ମାଡ଼ ମାରି ଡ୍ରଗ୍ସ ଦେଉଥିଲେ ବୋଲି ଐଶ୍ୱର୍ଯ୍ୟା ଅଭିଯୋଗ କରିଥିଲେ। ଏହି ଖବର ଆସିବା ପରେ ଐଶ୍ୱର୍ଯ୍ୟାଙ୍କ ମା ପୁନମ ରାୟ କହିଥିଲେ ଯେ ପୂର୍ବରୁ ଏ ବିଷୟରେ ସେ ଜାଣିଥିଲେ। ସମସ୍ତେ ଏ ବିଷୟରେ ଜାଣିଛନ୍ତି। ଏଥିରେ କିଛି ଲୁଚାଛପା ନାହିଁ। ସେହିପରି ଏହି ପ୍ରସଙ୍ଗକୁ ନେଇ ତେଜସ୍ୱୀ କହିଛନ୍ତି ଯେ ସେ ଏଭଳି ମାମଲାକୁ ବରଦାସ୍ତ କରନ୍ତିନି। ଭାଇଙ୍କ କ୍ଷେତ୍ରରେ ରାଜନୈତିକ ଏବଂ ବ୍ୟକ୍ତିଗତ ଜୀବନ ଅଲଗା ଅଲଗା ହୋଇଥାଏ। ନିଜ ନିଷ୍ପତ୍ତି ନେବାରେ ସେ ସ୍ୱାଧୀନ।

# ତୁଣ୍ଡରେ ଲଗାମ ପାଇଁ ଅମାନିଆଙ୍କୁ ମୋଦୀଙ୍କ ପରାମର୍ଶ

ନୂଆଦିଲ୍ଲୀ,୨୫।୫(ଏଜେନ୍ସି): ଏନଡିଏ ନେତାମାନେ ସାଧାରଣରେ ଟିକା ଟିପ୍ପଣୀ ଦେବା ବେଳେ ଶାଳୀନତା ରକ୍ଷା କରନ୍ତୁ ଏବଂ ଅଯଥା କଥା କହି ବିବାଦୀୟ ପରିସ୍ଥିତି ସୃଷ୍ଟି ନ କରିବାକୁ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ପରାମର୍ଶ ଦେଇଛନ୍ତି। ବିଶେଷକରି ଅପରେସନ ସିନ୍ଦୂରକୁ ନେଇ ଏନଡିଏର କିଛି ନେତା ଦେଇଥିବା ଟିପ୍ପଣୀ ଏବେ ବିବାଦୀୟ ପରିସ୍ଥିତି ସୃଷ୍ଟି କରିଥିବାରୁ ଏଭଳି ସ୍ଥିତିରୁ ବର୍ତ୍ତିବାକୁ ସେ କହିଛନ୍ତି। ଏନଡିଏ ଶାସିତ ରାଜ୍ୟରେ ସୁଶାସନ ଏବଂ ବିକାଶ ପ୍ରକ୍ରିୟା ତ୍ୱରାନ୍ୱିତ କରିବା ବିଷୟକୁ ନେଇ ରବିବାର ନୂଆଦିଲ୍ଲୀ ଠାରେ ଅନୁଷ୍ଠିତ ଏନଡିଏ ନେତାଙ୍କ ବୈଠକରେ ପ୍ରଧାନମନ୍ତ୍ରୀ ମୋଦୀ



ଅଧ୍ୟକ୍ଷତା କରି ଏହା କହିଛନ୍ତି। ଅପରେସନ ସିନ୍ଦୂରରେ ଅସ୍ତ୍ରବିରତି ପ୍ରସଙ୍ଗ ଏବେ ରାଜନୈତିକ ମହଲରେ ସବୁଠୁ ଚର୍ଚ୍ଚିତ ବିଷୟ ହୋଇଥିଲା ବେଳେ ମୋଦୀ ଏ ସମ୍ପର୍କରେ ମଧ ନେତାମାନଙ୍କୁ ସ୍ପଷ୍ଟ କରାଇ ଦେଇଛନ୍ତି। ପାକିସ୍ତାନର ଅନୁରୋଧ ପରେ ଅସ୍ତ୍ରବିରତି ପାଇଁ ନିଷ୍ପତ୍ତି ହୋଇଥିଲା ଏବଂ ଏଥିରେ କୌଣସି ତୃତୀୟ ପକ୍ଷର ଭୂମିକା ନାହିଁ ବୋଲି ମୋଦୀ କହିଛନ୍ତି। କିନ୍ତୁ ଏହି ବିଷୟକୁ ନେଇ କୌଣସି ନେତା ଭୁଲ ତଥ୍ୟ ଦେଇ ଅଯଥା ଟିପ୍ପଣୀ ଦେବା ଉଚିତ ନୁହେଁ। ଏହାଦ୍ୱାରା ଦଳୀୟ ଛବି କ୍ଷୁଣ୍ଣ ହେବା ସହିତ କୌଣସି କାରଣ ନଥାଇ ବିବାଦୀୟ ସ୍ଥିତି ଉପୁଜୁଛି ବୋଲି ସେ କହିଛନ୍ତି। ଏହାଛଡ଼ା କୌଣସି ନେତା ସାଧାରଣରେ ଯେକୌଣସି ପ୍ରସଙ୍ଗରେ ଟିପ୍ପଣୀ ଦିଅନ୍ତୁ ନା କାହିଁକି , ତାଙ୍କ ବକ୍ତବ୍ୟ ଶାଳୀନ ଏବଂ ଶୃଙ୍ଖଳିତ ହେବା ଉଚିତ ବୋଲି ମୋଦୀ କହିଛନ୍ତି। ଉଲ୍ଲେଖଯୋଗ୍ୟ ଯେ, ଅପରେସନ ସିନ୍ଦୂରକୁ ନେଇ ବହୁ ବିଜେପି ନେତା ଦେଇଥିବା ବୟାନ ନିକଟରେ ବିବାଦ ସୃଷ୍ଟି କରିଥିଲା। ମଧ୍ୟପ୍ରଦେଶ ମନ୍ତ୍ରୀ ବିଜୟ ଶାହଙ୍କ ଠାରୁ ଆରମ୍ଭ କରି ଉପମୁଖ୍ୟମନ୍ତ୍ରୀ ଜଗଦୀଶ ଦେବଦାଙ୍କ ଭଳି କିଛି ନେତାଙ୍କ ବୟାନ ବିବାଦ ବଢାଇଥିବାରୁ ଏଥିରୁ ନିବୃତ୍ତ ହେବାକୁ ମୋଦୀ ପରାମର୍ଶ ଦେଇଛନ୍ତି। ଏହି ବୈଠକରେ ଏନଡିଏ ଶାଶିତ ରାଜ୍ୟଗୁଡିକର ମୁଖ୍ୟମନ୍ତ୍ରୀ, ଉପ ମୁଖ୍ୟମନ୍ତ୍ରୀ ଏବଂ ଅନ୍ୟ କିଛି କେନ୍ଦ୍ର ମନ୍ତ୍ରୀ ଉପସ୍ଥିତ ରହିଥିଲେ।

# କାହିଁକି ଛାଡ଼ିଲେ ବିଶ୍ୱ ସୁନ୍ଦରୀ ପ୍ରତିଯୋଗିତା

ଲଣ୍ଡନ, ୨୫।୫ (ଏଜେନ୍ସି): ହାଇଦରାବାଦରେ ଜାରି ବିଶ୍ୱ ସୁନ୍ଦରୀ ପ୍ରତିଯୋଗିତାକୁ ନେଇ ବିବାଦ ସୃଷ୍ଟି ହୋଇଛି। ଅତିଥିଙ୍କୁ ଖୁସି କରିବା ପାଇଁ ଚାପ ପକାଯାଉଛି। ଅର୍ଥ ଲଗାଣକାରୀଙ୍କ ସହ ସମ୍ପର୍କ ବଢ଼ାଇବାକୁ କୁହାଯାଉଛି। ବେଶ୍ୟା ଭଳି ବ୍ୟବହାର କରାଯାଉଛି। ଆୟୋଜକମାନେ



**ଅତିଥିଙ୍କୁ ଖୁସି କରିବାକୁ ପକା ଯାଉଥିଲା ଚାପ**

ଅସମ୍ମାନ କରୁଛନ୍ତି। ବିଶ୍ୱ ସୁନ୍ଦରୀ ପ୍ରତିଯୋଗିତାକୁ ଛାଡ଼ି ଚାଲି ଯାଇଥିବା ମିସ୍ ଇଂଲଣ୍ଡ ମିଲା ମାଗି ଇଂଲଣ୍ଡର ଏକ ଖବରକାଗଜକୁ ସାକ୍ଷାତକାର ଦେଇ ଏଭଳି ଗୁରୁତର ଅଭିଯୋଗ ଲଗାଇଛନ୍ତି। ମିସ୍ ୱାର୍ଲ୍ଡର ସିଇଓ ଜୁଲିଆ ମାର୍ଲେ ବିବୃତ୍ତି ଜାରି କରି ଏହି ଅଭିଯୋଗକୁ ଖାରଜ କରିଦେଇଛନ୍ତି। ମା'ଙ୍କ ଦେହ ଖରାପ ଥିବା କହି ମିଲା ପ୍ରତିଯୋଗିତା ଛାଡ଼ିଥିବା କହିଛନ୍ତି।

ଗତ ୭ ତାରିଖରେ ହାଇଦରାବାଦରେ ପହଞ୍ଚି ଥିବା ମିଲା ୧୬ରେ ପ୍ରତିଯୋଗିତା ଛାଡ଼ି ବ୍ରିଟେନ ଫେରି ଯାଇଥିଲେ। ମିସ୍ ୱାର୍ଲ୍ଡରେ ପ୍ରଥମ ଥର ପାଇଁ ଇଂଲଣ୍ଡର ପ୍ରତିନିଧିତ୍ୱ କରୁଥିବା ପ୍ରତିଯୋଗୀ ଅଚାନକ ବଦଳି ଯାଇଥିଲେ। ମିଲାଙ୍କ ସ୍ଥାନରେ ମିସ୍ ଇଂଲଣ୍ଡ ରନର୍ସ ଅପ୍ ସାମିଲ ହୋଇଥିଲେ। ତେବେ ମିଲା ଅଭିଯୋଗ କରିଥିଲେ ଯେ ପ୍ରତିଯୋଗିତାରେ ଅଧିକ ବୟସର ପୁରୁଷଙ୍କ ସହ ସମୟ ବିତାଇବାକୁ, ଭାବ ବଢ଼ାଇବାକୁ କୁହାଯାଇଥିଲା। ଏଥିପାଇଁ ସବୁ ପ୍ରତିଯୋଗୀଙ୍କୁ ଦିନ ଯାକ ମେକ୍‌ଅପ୍‌ରେ ରହିବାକୁ ପଡୁଥିଲା। ଜଳଖିଆ କରିବା ସମୟରେ ବି ଗାଉନ ପିନ୍ଧିବାକୁ କୁହାଯାଉଥିଲା। ପ୍ରତି ଟେବୁଲରେ ୬ ଜଣ ଅତିଥି ଏବଂ ୨ ଜଣ ଯୁବତୀଙ୍କୁ ବସା ଯାଉଥିଲା। ଅତିଥିଙ୍କୁ ଖୁସି କରିବାକୁ ଝିଅଙ୍କୁ କୁହାଯାଉଥିଲା। ଏହା ଦେଖି ବହୁତ ଖରାପ ଲାଗିଥିଲା। ଏପରି କରି ତାଙ୍କୁ ବେଶ୍ୟା ଭଳି ଅନୁଭବ ହେଉଥିଲା। ଏଠାରେ ଖରାପ ଲାଗିବା ଭଳି ଆଲୋଚନା ହେଉଥିଲା। ଭାଗ ନେଇଥିବା ୧୦୯ ଯୁବତୀଙ୍କୁ ମାଦ୍ଦା କହି ଗାଳି କରାଯାଇଥିଲା। ମାଙ୍କଡ଼ ଭଳି ବ୍ୟବହାର କରାଯାଉଥିଲା। ତେଣୁ ଏହାକୁ ବରଦାସ୍ତ କରିପାରିଲି ନାହିଁ ବୋଲି ମିଲା କହିଥିଲେ। ଅନ୍ୟପକ୍ଷରେ ତେଲଙ୍ଗାନା ସରକାର ଏହି ମାମଲାର ତଦନ୍ତ ନିର୍ଦ୍ଦେଶ ଦେଇଛନ୍ତି।

■ ଚିନ୍ତାରେ ପାକିସ୍ତାନ ସରକାର

# ଅସ୍ତିତ୍ୱ ପାଇଁ ଭାରତ ବିପଦ

ୱାଶିଂଟନ୍,୨୫।୫(ଏଜେନ୍ସି): ଭାରତକୁ ପାକିସ୍ତାନ ନିଜର ଅସ୍ତିତ୍ୱ ରକ୍ଷା ପାଇଁ ସବୁଠୁ ବଡ଼ ବିପଦ ବୋଲି ଚିନ୍ତା କରୁଛି। ଏଥିପାଇଁ ପାକିସ୍ତାନ କ୍ରମାଗତ ଭାବେ ନିଜର ସେନାର ଆଧୁନିକୀକରଣ କରିବା ସହିତ ନୂଆ ଅସ୍ତ୍ରଶସ୍ତ୍ର କ୍ରୟ ଏବଂ ପରମାଣୁ ଶକ୍ତି ବୃଦ୍ଧି କରିବାକୁ ଉଦ୍ୟମ କରିଆସୁଛି ବୋଲି ଆମେରିକା ପ୍ରତିରକ୍ଷା ବିଭାଗର ଗୁଇନ୍ଦା ଏଜେନ୍ସି ଦ୍ୱାରା ପ୍ରକାଶ କରାଯାଇଥିବା 'ୱାର୍ଲଡ ଥ୍ରେଟ୍ ଆସେସମେଣ୍ଟ ରିପୋର୍ଟ'ରେ କୁହାଯାଇଛି। ପାକିସ୍ତାନର ଅସ୍ତିତ୍ୱ ପାଇଁ ଭାରତ ବିପଦ ହୋଇ ରହିଆସିଛି। ତେଣୁ ପାକିସ୍ତାନ ନିଜର ପରମାଣୁ ଅସ୍ତ୍ରଶସ୍ତ୍ରର ଆଧୁନିକୀକରଣ, ପରମାଣୁ କମାଣ୍ଡ ସେଣ୍ଟରର ରକ୍ଷଣାବେକ୍ଷଣ ଏବଂ ସାମୂହିକ ବିଧ୍ୱଂସକାରୀ ଅସ୍ତ୍ର ମହଜୁଦ ରଖିବାକୁ ସର୍ବଦା ଗୁରୁତ୍ୱ ଦେଇଆସିଛି ବୋଲି ଏହି ରିପୋର୍ଟରେ କୁହାଯାଇଛି। ଅନ୍ୟପକ୍ଷରେ ପାକିସ୍ତାନ ପାଇଁ ଚୀନ ଭରସାଯୋଗ୍ୟ ହୋଇଛି। ପାକିସ୍ତାନ ଚୀନ୍ ଠାରୁ ମିଲିଟାରୀ ସହାୟତା ହାସଲ କରିବା ସହିତ ଏଠାରୁ ଅତ୍ୟାଧୁନିକ ଅସ୍ତ୍ରଶସ୍ତ୍ର କ୍ରୟ କରିବା ଏବଂ ଚୀନ୍ ସେନା ସହିତ ମିଳିତ ସମରାଭ୍ୟାସ କରିବାକୁ ଗୁରୁତ୍ୱ ଦେଇଛି ବୋଲି କୁହାଯାଇଛି। ଏପରିକି 'ଡବ୍ଲ୍ୟୁଏମଡି (ୱିପନସ୍ ଅଫ୍ ମାସ୍ ଡିଷ୍ଟ୍ରକ୍ସନ)' କ୍ରୟ କରିବାକୁ ମଧ ପାକିସ୍ତାନ ଚୀନ୍‌କୁ ଭରସା କରିଛି ବୋଲି ଏହି ରିପୋର୍ଟରେ କୁହାଯାଇଛି।

# 'ଯୁଦ୍ଧ ଲଗାଇ ଅର୍ଥ ଉପାର୍ଜନ କରୁଛି ଆମେରିକା'

ନୂଆଦିଲ୍ଲୀ,୨୫।୫(ଏଜେନ୍ସି): ପାକିସ୍ତାନ ପ୍ରତିରକ୍ଷା ମନ୍ତ୍ରୀ ଖୱାଜା ଆସିଫ ଆମେରିକା ବିରୋଧରେ ସଙ୍ଗୀନ ଅଭିଯୋଗ ଆଣିଛନ୍ତି। ଆମେରିକା ଅର୍ଥ ଉପାର୍ଜନ କରିବାକୁ ଦେଶ ଦେଶ ମଧ୍ୟରେ ଯୁଦ୍ଧ ଲଗାଇବାକୁ ପଛାଉ ନାହିଁ। ଦେଶ ଦେଶ ମଧ୍ୟରେ ଶତ୍ରୁତା ବଢାଇ ସେମାନଙ୍କୁ ଅସ୍ତ୍ରଶସ୍ତ୍ର ବିକ୍ରୟ କରିବାକୁ ରଣନୀତି ପ୍ରସ୍ତୁତ କରିବା ସହିତ ଅର୍ଥ ଉପାର୍ଜନ କରୁଛି ବୋଲି ସେ କହିଛନ୍ତି। ଆମେରିକା ବିରୋଧରେ ଖୱାଜା ଆସିଫଙ୍କ ଏଭଳି ରୋଚକ ମନ୍ତବ୍ୟର ଭିଡିଓ ସୋସିଆଲ ମିଡିଆରେ ଭାଇରାଲ ହେବାରେ ଲାଗିଛି।

# ବାଂଲାଦେଶକୁ ଆମେରିକା ହାତରେ ଟେକିଦେଇଛନ୍ତି ୟୁନୁସ୍ : ହାସିନା

ନୂଆଦିଲ୍ଲୀ,୨୫।୫(ଏଜେନ୍ସି): ବାଂଲାଦେଶ ଅନ୍ତରୀଣ ସରକାର ମୁଖ୍ୟ ମହମ୍ମଦ ୟୁନୁସ୍‌ଙ୍କୁ ନେଇ ଏବେ ରାଜନୈତିକ ଦୃଶ୍ୟପଟରେ ଭିନ୍ନ ସ୍ଥିତି ଦେଖିବାକୁ ମିଳିଛି। ଗୋଟିଏ ପଟେ ବାଂଲାଦେଶ ସେନା ମୁଖ୍ୟ ୱାକର ଜମାନ ୟୁନୁସ୍ ବିରୋଧୀ ହୋଇ ପଡ଼ିଥିଲା ବେଳେ ଅନ୍ୟପଟେ ନିର୍ବାଚନ ହେଉ ନଥିବାରୁ ବହୁ ରାଜନୈତିକ ଦଳ ୟୁନୁସ୍ଙ୍କ ଆଭିମୁଖ୍ୟକୁ ବିରୋଧ କରିବା ଆରମ୍ଭ କରିଛନ୍ତି। ଏହାମଧ୍ୟରେ ପୂର୍ବତନ ପ୍ରଧାନମନ୍ତ୍ରୀ ଶେଖ ହସିନା ୟୁନୁସଙ୍କୁ ନେଇ ବଡ଼ ଅଭିଯୋଗ ଆଣିଛନ୍ତି। ୟୁନୁସ ବାଂଲାଦେଶକୁ ଆମେରିକା ହାତରେ ବିକ୍ରି କରିଦେବାକୁ ଯୋଜନା କରିଛନ୍ତି ବୋଲି ହସିନା କହିଛନ୍ତି। ହସିନା ସୋସିଆଲ ମିଡିଆରେ ପୋଷ୍ଟ କରି କହିଛନ୍ତି ଯେ,



'ୟୁନୁସ୍ କଠୋରପନ୍ଥୀ ସଂଗଠନଗୁଡିକୁ ହାତ କରି କ୍ଷମତା ଦଖଲ କରିଛନ୍ତି। ଏପରିକି ଯେଉଁସବୁ ସଂଗଠନଗୁଡିକୁ ଆନ୍ତର୍ଜାତିକ ସ୍ତରରେ ନିଷିଦ୍ଧ କରାଯାଇଛି ସେମାନଙ୍କୁ ହାତ ବାରିସି କରି ୟୁନୁସ୍ ବାଂଲାଦେଶ କ୍ଷମତା ହାସଲ କରିବା ସହିତ ବର୍ତ୍ତମାନ ସେମାନଙ୍କ ଜରିଆରେ କାର୍ଯ୍ୟ କରୁଛନ୍ତି। ଏଥିପାଇଁ ସେ ବିଦେଶୀ ସହାୟତା ମଧ ପାଉଛନ୍ତି। ଯେଉଁ କଠୋରପନ୍ଥୀ ସଂଗଠନ ଠାରୁ ଆମେ ବାଂଲାଦେଶର ଲୋକଙ୍କୁ ସୁରକ୍ଷା ଦେଇ ଆସିଥିଲୁ ୟୁନୁସ୍ ବର୍ତ୍ତମାନ ସେସବୁ ଗୋଷ୍ଠୀଙ୍କ ସହ ମିଳିତ ଭାବେ କାର୍ଯ୍ୟ କରୁଛନ୍ତି। ଏଭଳି ସଂଗଠନର ବହୁ ନେତାଙ୍କୁ ଆମ ସରକାର ଗିରଫ କରିଥିଲା। କିନ୍ତୁ ୟୁନୁସ୍ ସରକାର ସେମାନଙ୍କୁ ପରବର୍ତ୍ତୀ ସମୟରେ ମୁକ୍ତ କରି ସେମାନଙ୍କୁ ହାତ ବାରିସି କରି ଶାସନ ଚଳାଇଛନ୍ତି ବୋଲି ସେ କହିଛନ୍ତି। ସେ ଆହୁରି କହିଛନ୍ତି ଯେ ବଙ୍ଗୀୟ ଜାତିର ମୁକ୍ତି ସଂଗ୍ରାମ ଏବଂ ସମ୍ବିଧାନକୁ ନେଇ ବାଂଲାଦେଶ ବହୁତ କିଛି ହାସଲ କରିଥିଲା। ହେଲେ ସେସବୁକୁ କ୍ଷୁଣ୍ଣ କରାଯାଇ ଏବେ କାର୍ଯ୍ୟ କରାଯାଉଛି। ୟୁନୁସ ଦେଶର ମୁଖ୍ୟ ପରାମର୍ଶଦାତା ପଦବୀରେ ରହିବାର କୌଣସି ଆଧାର ନାହିଁ ବୋଲି ହସିନା କହିଛନ୍ତି।

# କଣ୍ଡୋମ୍ ଲଗାଇ ସୁନା ଚାଲାଣ

ମୁରାଦାବାଦ, ୨୫।୫ (ଏଜେନ୍ସି): ଉତ୍ତର ପ୍ରଦେଶ ମୁରାଦାବାଦରୁ ଚାଞ୍ଚଲ୍ୟକର ମାମଲା ସାମ୍ନାକୁ ଆସିଛି। ଏନ୍‌କାଉଣ୍ଟର ପରେ ଦୁବାଇରୁ ସୁନା ଚୋରା ଚାଲାଣ କରୁଥିବା ଏକ ଗ୍ୟାଙ୍ଗର ୬ ସଦସ୍ୟଙ୍କୁ ଅପହରଣକାରୀଙ୍କ କବ୍‌ଜାରୁ ମୁକ୍ତ କରି ମୁରାଦାବାଦ ପୁଲିସ ଗିରଫ କରିଛି। ଯଦି ପୁଲିସ ପହଞ୍ଚିବାରେ ସାମାନ୍ୟ ବିଳମ୍ବ କରିଥାଆନ୍ତା ତେବେ ଜାଲ୍ ସୀମାଶୁଳ୍କ ଅଧିକାରୀ ହୋଇ ଆସିଥିବା ଅପହରଣକାରୀ ସୁନା ବାହାର କରିବା ପାଇଁ ଏହି ୬ ଜଣଙ୍କ ପେଟ ଚିରି ଦେଇଥାନ୍ତେ। ପୁଲିସ ୨ ଅପହରଣକାରୀଙ୍କୁ ଗୁଳି କରି ଧରିଥିଲା।

ମୁରାଦାବାଦ ଏସଏସ୍‌ପି ସତପାଲ ଅନ୍ତିଲ କହିଛନ୍ତି ଯେ ୪ ଚୋରା ଚାଲାଣକାରୀଙ୍କ ପେଟ ଏବଂ ଗୁପ୍ତାଙ୍ଗରୁ ୨୯ଟି ସୁନା କ୍ୟାପସୁଲ ଜବତ କରାଯାଇଛି। ଏମାନେ ଗୁପ୍ତାଙ୍ଗରେ କଣ୍ଡୋମ

**୬ ଜଣଙ୍କୁ ଗିରଫ କଲା ପୁଲିସ**

ଲଗାଇ ସୁନା ଚାଲାଣ କରୁଥିଲେ। ଜବତ ସୁନାର ଓଜନ ପ୍ରାୟ କେଜିଏ ହେବ। ଏହି ଗ୍ୟାଙ୍ଗରେ ସାମିଲ ଅନ୍ୟମାନଙ୍କୁ ମଧ ଟ୍ରେସ କରାଯାଉଛି। ସାଉଦିରୁ ସୁନା ଲୁଚାଇ ଆଣୁଥିବା ଏହି ଗ୍ୟାଙ୍ଗ ଦୀର୍ଘ ଦିନ ହେଲା ରାମପୁରର ଟାଣ୍ଡା ଅଞ୍ଚଳରେ ସକ୍ରିୟ ରହିଛି। ସୂଚନା ଅନୁଯାୟୀ ଗତ ୨୩ ତାରିଖରେ ଟାଣ୍ଡା ବାଦଲି ଅଞ୍ଚଳର ମହମ୍ମଦ ମୁତଲିବ, ଅଜହରୁଦ୍ଦିନ, ସାନେ ଆଲମ ଏବଂ ଜୁଲଫିକର ଅଲି ଦୁବାଇରୁ ମୁମ୍ବାଇ ବିମାନରେ ଆସିଥିଲେ। ପରେ ଏଠାରୁ ବିମାନରେ ଦିଲ୍ଲୀ ଯାଇଥିଲେ। ସେହିପରି ନାଭେଦ ଏବଂ ଜାହିଦ ଅଲ୍ଲୀ ସିଧା ଦୁବାଇରୁ ଦିଲ୍ଲୀରେ ପହଞ୍ଚି ଥିଲେ। ସମସ୍ତେ ଦିଲ୍ଲୀ ବିମାନବନ୍ଦରରେ ଏକାଠି ହୋଇଥିଲେ। ପୂର୍ବରୁ ଏମାନେ ସୁନା ଚୋରା ଚାଲାଣ କରୁଥିବାର ସୂଚନା କିଛି ଲୋକ ପାଇଥିଲେ। ସେମାନେ ଜାଲ୍ ଶୁଳ୍କ ଅଧିକାରୀ ଭାବେ ଏହି ୬ ଜଣଙ୍କୁ ଧରି ଅପହରଣ କରି ଜଙ୍ଗଲକୁ ନେଇଥିଲେ। ମାତ୍ର ସେଠାରେ ପୁଲିସ ପହଞ୍ଚି ଯାଇଥିଲା।



# ଦିଲ୍ଲୀରେ ପ୍ରବଳ ବର୍ଷା

ନୂଆଦିଲ୍ଲୀ,୨୫।୫(ଏଜେନ୍ସି): ଦିଲ୍ଲୀ ଏବଂ ଏନସିଆର ଅଞ୍ଚଳରେ ରବିବାର ପ୍ରବଳ ବର୍ଷା ସହିତ ଘଡ଼ଘଡ଼ି ଏବଂ ବଜ୍ରପାତ ସାଧାରଣ ଜନଜୀବନକୁ ଭାରି ମାତ୍ରାରେ ପ୍ରଭାବିତ କରିଛି। ପ୍ରବଳ ମାତ୍ରାରେ ଲଗାଣ ବର୍ଷା ଯୋଗୁଁ ଦିଲ୍ଲୀ ଏବଂ ଏନସିଆରର ବହୁ ଅଞ୍ଚଳ ଜଳମଗ୍ନ ହୋଇପଡ଼ିବାରୁ ଟ୍ରାଫିକ ସମସ୍ୟାକୁ ନେଇ ଜଟିଳ ପରିସ୍ଥିତି ସୃଷ୍ଟି ହୋଇଛି। ସେପଟେ ବର୍ଷା ଯୋଗୁଁ ଇନ୍ଦିରା ଗାନ୍ଧୀ ଆନ୍ତର୍ଜାତିକ ବିମାନ ବନ୍ଦରର

**ଏନ୍‌ସିଆର ସମେତ ବହୁ ଅଞ୍ଚଳ ଜଳମଗ୍ନ**

**ଖସିପଡ଼ିଲା ଆନ୍ତର୍ଜାତିକ ବିମାନ ବନ୍ଦର କାନୋପି**

ଟର୍ମିନାଲ-୧ର ଏକ କାନୋପି( ଟେନସାଇଲ ଫାବ୍ରିକ ଛାତ) ଖସି ପଡ଼ିବାରୁ ବିମାନ ବନ୍ଦର ସେବା ମଧ ପ୍ରଭାବିତ ହୋଇଛି। ଲଗାଣ ବର୍ଷା ଯୋଗୁଁ ବିମାନ ବନ୍ଦର ବାହାରେ ଲାଗିଥିବା କାନୋପିଗୁଡିକରେ ପାଣି ଜମା ହୋଇଯାଇଥିଲା। ଫଳରେ ଗୋଟିଏ କାନୋପି ଖସି ପଡ଼ିଥିବା କୁହାଯାଇଛି। ଅନ୍ୟପକ୍ଷରେ ବର୍ଷା ଏବଂ ବଜ୍ରପାତ ଯୋଗୁଁ ବହୁ ବିମାନ ଉଡାଣରେ ବିଳମ୍ବ ଘଟିଛି। ଯାହାକୁ ନେଇ ଯାତ୍ରୀମାନେ ଘଣ୍ଟା ଘଣ୍ଟା ଧରି ବସିରହିବାକୁ ବାଧ ହୋଇଥିଲେ ବୋଲି କୁହାଯାଇଛି। ଚଳିତ ବର୍ଷ ମୌସୁମୀର ପ୍ରବାହ ଶୀଘ୍ର ହେବା ସହିତ ମୌସୁମୀ କେରଳ ଉପକୂଳ ଛୁଇଁବା ପରେ ଆଗକୁ ଅଗ୍ରସର ହେବାରେ ଲାଗିଛି। ବର୍ତ୍ତମାନ ଏହା ମହାରାଷ୍ଟ୍ର ଏବଂ କର୍ଣ୍ଣାଟକର କିଛି ଭାଗ ଛୁଇଁସାରିଥିଲା ବେଳେ ଆଉ କିଛି ଘଣ୍ଟା ମଧ୍ୟରେ ମୌସୁମୀ ମୁମ୍ବାଇ ସମେତ ଗୋଆ, କର୍ଣ୍ଣାଟକ, ମିଜୋରାମ, ମଣିପୁର ଏବଂ ନାଗାଲାଣ୍ଡ ଛୁଇଁବ ବୋଲି ପାଣିପାଗ ବିଭାଗ ପକ୍ଷରୁ କୁହାଯାଇଛି। ଆଉ କିଛି ଘଣ୍ଟା ମଧ୍ୟରେ ମହାରାଷ୍ଟ୍ର ସମେତ କର୍ଣ୍ଣାଟକ, କେରଳ ଏବଂ ତାମିଲନାଡୁର ବିଭିନ୍ନ ଭାଗରେ ପ୍ରବଳ ବର୍ଷା ହେବାର ଆକଳନ କରାଯାଇଥିବାରୁ ଆଇଏମଡି ପକ୍ଷରୁ ସତର୍କତା ଜାରି କରାଯାଇଛି। ସେହିପରି ଉତ୍ତରାଖଣ୍ଡର ଉଚ୍ଚ ପାର୍ବତ୍ୟପୂର୍ଣ୍ଣ ଜିଲ୍ଲାଗୁଡିକରେ ପ୍ରବଳ ପବନ ସହିତ ଧୂଳିଝଡ଼ ଏବଂ ବର୍ଷା ସମ୍ଭାବନା ଥିବାରୁ ଏଠାରେ ମଧ ଲୋକଙ୍କୁ ସତର୍କ ରହିବାକୁ ପରାମର୍ଶ ଦିଆଯାଇଛି।

# ବିଏଲ୍‌ଏ ଆକ୍ରମଣରେ ୩୨ ପାକିସ୍ତାନୀ ଯବାନ ନିହତ

କ୍ୱେଟା,୨୫।୫(ଏଜେନ୍ସି): ପାକିସ୍ତାନ ସେନା ଉପରେ ବେଲୁଚିସ୍ତାନ ଲିବରେସନ ଆର୍ମି( ବିଏଲଏ)ର ସାନି ଆକ୍ରମଣ ଘଟଣାରେ ପାକିସ୍ତାନ ସେନାର ୩୨ ଯବାନ ନିହତ ହେବା ସହିତ ୩ ଗାଡି ଧ୍ୱଂସ ହୋଇଯାଇଛି। କରାଚି-କ୍ୱେଟା ଜାତୀୟ ରାଜପଥର ଖୁଜଦାରର ଜିରୋ ପଏଣ୍ଟ ନିକଟରେ ବିଏଲଏ ପକ୍ଷରୁ ଏଭଳି ଆକ୍ରମଣ କରାଯାଇଛି। ମିଳିଥିବା ସୂଚନା ଅନୁସାରେ ବହୁ ସଂଖ୍ୟକ ଯବାନଙ୍କୁ ନେଇ ପାକିସ୍ତାନ ସେନାର ଏକ ମୋଟର କେଡ୍ ଯାଉଥିଲା ବେଳେ ଏହି ସମୟରେ ବିଏଲଏ ପକ୍ଷରୁ 'ଇମ୍ପ୍ରୋଭାଇଜ୍ଡ ଏକ୍ସପ୍ଲୋସିଭ୍ ଡିଭାଇସ୍ 'ଦ୍ୱାରା ଆକ୍ରମଣ କରାଯାଇଥିଲା। ବିସ୍ଫୋରକ ଭର୍ତ୍ତି ଏକ କାର୍ ଏହି ମୋଟରକେଡ୍ ଉପରେ ମାଡ଼ ହେବା ଦ୍ୱାରା ପାକ୍ ସେନାର ୩ ଗାଡିରେ ବିସ୍ଫୋରଣ ଘଟି ସେଗୁଡିକ ଧ୍ୱଂସ ହୋଇଯାଇଥିଲା। ଏଥିରେ ଘଟଣାସ୍ଥଳରେ ୩୨ ଜଣ ଯବାନଙ୍କ ମୃତ୍ୟୁ ହୋଇଥିଲା ବେଳେ ୨୦ରୁ ଅଧିକ ଯବାନ ଗୁରୁତର ଆହତ ହୋଇଥିବା କୁହାଯାଇଛି। ନିକଟରେ ପାକ୍ ସେନା ଜଣେ ବରିଷ୍ଠ ବଲୁଚ ସାମ୍ବାଦିକଙ୍କୁ ହତ୍ୟା କରିଥିଲା। ଏହାର ପ୍ରତିଶୋଧ ନେବା ଉଦ୍ଦେଶ୍ୟରେ ବିଏଲଏ ଲଗାତାର ଭାବେ ପାକ୍ ସେନକୁ ଟାର୍ଗେଟ କରି ଆକ୍ରମଣ ଚଳାଇଛି।

# ୟୁକ୍ରେନ୍ ଉପରେ ସବୁଠୁ ବଡ଼ ଡ୍ରୋନ ଆକ୍ରମଣ

କିଭ୍,୨୫।୫(ଏଜେନ୍ସି): ୟୁକ୍ରେନର କିଭ୍ ସମେତ ଅନ୍ୟ ପ୍ରମୁଖ ସହର ଉପରେ ରୁଷ ଗତକାଲି ଆରମ୍ଭ କରିଥିବା ଆକ୍ରମଣକୁ ଆହୁରି ତୀବ୍ର କରିଛି। ଶନିବାର ବିଳମ୍ବିତ ରାତିରେ ରୁଷ ପକ୍ଷରୁ ୩୦୦ରୁ ଅଧିକ ଡ୍ରୋନ ଏବଂ କ୍ଷେପଣାସ୍ତ୍ର ମାଡ଼ କରାଯାଇଛି। ଯାହାକି ବର୍ତ୍ତମାନ ସୁଦ୍ଧା ୟୁକ୍ରେନ ଉପରେ ସବୁଠୁ ବଡ଼ ଡ୍ରୋନ ଆକ୍ରମଣ ବୋଲି କୁହାଯାଇଛି। ଏହି

**୩୦୦ରୁ ଅଧିକ ଡ୍ରୋନ୍ ଓ କ୍ଷେପଣାସ୍ତ୍ର ମାଡ଼; ୩୬ ମୃତ**



ଆକ୍ରମଣରେ ତିନି ଶିଶୁଙ୍କ ସମେତ ୩୬ ଜଣଙ୍କ ମୃତ୍ୟୁ ହୋଇଥିଲା ବେଳେ ଶତାଧିକ ଲୋକ ଆହତ ହୋଇଥିବା ୟୁକ୍ରେନ ଆଭ୍ୟନ୍ତରୀଣ ମନ୍ତ୍ରାଳୟ ପକ୍ଷରୁ କୁହାଯାଇଛି। ରୁଷ ଅତ୍ୟନ୍ତ ଅମାନବୀୟ ଭାବେ ୟୁକ୍ରେନର ଜନବସତି ଉପରେ ଯେଭଳି ଆକ୍ରମଣ ଚଳାଇଛି ତାହାକୁ ତୁରନ୍ତ ରୋକାଯିବା ଦରକାର ବୋଲି ୟୁକ୍ରେନ ରାଷ୍ଟ୍ରପତି ଜେଲେଁସ୍କି କହିଛନ୍ତି। ଯୁଦ୍ଧ ବନ୍ଦ ପାଇଁ ବିଭିନ୍ନ ସ୍ତରରେ ଆଲୋଚନା ଚାଲିଥିବା ସତ୍ତ୍ୱେ ରୁଷ ଆକ୍ରମଣ ବନ୍ଦ କରୁନାହିଁ। ତେବେ ଆମେରିକାର ନିରବତା ରୁଷକୁ ଆକ୍ରମଣ ପାଇଁ ଖୋରାକ୍ ଯୋଗାଉଛି ବୋଲି ଜେଲେଁସ୍କି କହିଛନ୍ତି।

# ବୁଡ଼ିଯାଇଥିବା ଜାହାଜରୁ ଲିକ୍ ହେଉଛି ପ୍ରଚୁର ତେଲ

ତିରୁଅନନ୍ତପୁରମ୍,୨୫।୫(ଏଜେନ୍ସି): ଆରବ ସାଗର ମଧ୍ୟରେ କେରଳ ଉପକୂଳରେ ଗତକାଲି ବୁଡିବାକୁ ଆରମ୍ଭ କରିଥିବା ଲାଇବେରିଆ ପଣ୍ୟବାହୀ ଜାହାଜ ରବିବାର



ସମ୍ପୂର୍ଣ୍ଣ ବୁଡି ଯାଇଛି। ଏହାଦ୍ୱାରା ଏହି ଜାହାଜରେ ରହିଥିବା କିଛି ବିପଦପୂର୍ଣ୍ଣ କଣ୍ଟେନର ସମେତ ଏଥିରୁ ବିପୁଳ ପରିମାଣରେ ନିର୍ଗତ ହେଉଥିବା ତୈଳ ପରିବେଶ ପାଇଁ ବିପଦ ସୃଷ୍ଟି କରିଛି। ଏହାକୁ ଦୃଷ୍ଟିରେ ରଖି କେରଳ ସରକାରଙ୍କ ପକ୍ଷରୁ ସତର୍କତା ଜାରି କରାଯାଇଛି। ଏହି ଜାହାଜରେ ରହିଥିବା କ୍ୟାଲସିୟମ କାର୍ବାଇଡ୍ ବିପୁଳ ପରିମାଣରେ ସମୁଦ୍ର ଜଳରେ ମିଶିଯାଇଥିବାରୁ ଏହା ସାମୁଦ୍ରିକ ଜୀବସତ୍ତା ପାଇଁ ମଧ ବିପଦ ସୃଷ୍ଟି କରିପାରେ।

KALINGA INSTITUTE OF INDUSTRIAL TECHNOLOGY (KIIT)
Deemed to be University
(Established U/S 3 of UGC Act 1956), Bhubaneswar, Odisha, India

15th nirf
Among Indian Universities Ranked by NIRF, Govt. of India

A++ Grade
Accredited by NAAC

Tier 1 NBA
Re-accredited by NBA All Engineering Programs for 6 Years

KIITEE 2025
PHASE - 2
APPLY ONLINE
through KIIT Websites
www.kiitee.ac.in / www.kiit.ac.in
Last Date to Apply 4th June 2025 | No Examination Fee (Computer-Based Test)
KIITEE 2025 Online Test (Phase -2) starts from
8th June to 12th June 2025

Special Consultative Status by the UN-ECOSOC
ABET (US) Accreditation
THE 601-800 University Ranking 2024 World University Rankings
IET Accredited Programme The Institute of Engineering and Technology

ACADEMIC PROGRAMMES AVAILABLE

UG (3 years/4 years)/Integrated (5 years) Programmes [All 4 years Programmes are with Honors/Research]

B.Tech Programmes
- Civil
- Construction Technology
- Electrical
- Electrical & Computer Science
- Mechanical
- Mechanical (Automobile)
- Aerospace
- Mechatronics
- Electronics & Telecommunication
- Electronics & Computer Science
- Electronics & Electrical
- Electronics (VLSI Design & Technology)
- Chemical
- Computer Science & Engineering (CSE)
- CSE (Artificial Intelligence & Machine Learning)
- CSE (Artificial Intelligence)
- CSE (Cyber Security)
- CSE (Data Science)
- CSE (Internet of Things & Cyber Security including Block Chain Technology)
- CSE (Internet of Things)
- Information Technology
- Computer Science & System
- Computer Science & Communication

UG Programmes in other Disciplines
- B.Design (Automobile/ Graphic/Product)
- B.Design (Fashion / Textile)
- B.Tech & M.Tech Biotechnology (5yrs)
- B.Tech (Lateral Entry)
- B.Arch
- BCA
- BBA
- B.Sc (Hospitality & Tourism)
- Bachelor of Film & Television Production
- Bachelor of Communication & Journalism
- Bachelor of Physical Education & Sports
- BA Economics
- BA Sociology
- BA English
- BA Psychology
- BA French
- BA Spanish
- BA Japanese
- BA German
- B.Com
- B.Sc (Economics & Data Analytics)
- B.Sc Computer Science
- B.Sc Nursing
- B.Pharma
- D.Pharma
- BA LLB/BBA LLB/B.Sc LLB (Hons) 5yrs

PG (1 year/2 years)/Integrated (5 years) Programmes
- M.Tech
- LLM (1yr)
- MCA
- M.Sc Biotechnology
- M.Sc Applied Microbiology
- M.Arch
- MBA
- MBA in Rural Management
- MBA in Agribusiness Management
- MBA-IEV (Innovation, Entrepreneurship and Venture Development)
- Master of Communication & Journalism
- Master in Urban & Regional Planning
- Master in Yoga & Naturopathy
- Master of Hospital Administration
- Master of Public Health
- MA in Fashion Management
- M. Design (Interior)
- M.Sc Computer Science
- MA Economics
- MA Sociology
- MA English
- MA Psychology
- Master in Public Policy
- M.Com
- M.Sc Physics
- M.Sc Chemistry
- M.Sc Mathematics & Data Science
- Master in Library & Information Sciences
- Master in Physical Education & Sports
- M.Sc Nursing
- Integrated M.Tech & Ph.D
- Ph.D

CAMPUS PLACEMENT 2024 HIGHLIGHTS
700+ Companies
5585+ Job Offers
₹53 LPA Highest Salary Offered
₹8.50 LPA Average CTC
1500+ Paid Internships
1000+ Students with multiple job offers

Director, Admissions : Admission Cell, Koel Campus, Po- KIIT, Bhubaneswar-751024, Odisha, India, Ph: 8080 735 735, Fax : 0674 - 2741465, Email: admission@kiit.ac.in, Website: www.kiitee.ac.in

KIIT (Deemed to be University) has only one permanent campus in Bhubaneswar, Odisha. It has no other campus / off campus anywhere else in the country and globe.



ସକାଳ
THE SAKALA
PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI
◆VOLUME- 42 ◆ISSUE-327 ◆BHUBANESWAR ◆MONDAY ◆26 MAY 2025 ◆PAGE-12 ◆₹ 6.00
◆ବର୍ଷ-୪୨ ◆ସଂଖ୍ୟା-୩୨୭ ◆ଭୁବନେଶ୍ୱର ◆ସୋମବାର ◆୨୬ ମେ ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦


# ଭାଙ୍ଗିବ ଗରିବଙ୍କ ଘର ସ୍ୱପ୍ନ

## ରାଜ୍ୟକୁ 'ଆବାସ' ଅନୁଦାନ ୩୪୮୫ କୋଟି ହ୍ରାସ

■ **ଭୁବନେଶ୍ୱର, ୨୫।୫ (ସମିସ):** ରାଜ୍ୟରେ କେହି ଜଣେ ବି ଲୋକ କଚ୍ଚା ଘରେ ରହିବେ ନାହିଁ ଓ ବର୍ଷକ ମଧ୍ୟରେ ସବୁ କଚ୍ଚାଘର ପକ୍କା କରାଯିବ ବୋଲି ନିର୍ବାଚନ ସମୟରେ ବିଜେପି ନେତାମାନେ ଦେଇଥିବା ପ୍ରତିଶ୍ରୁତି ଏବେ ପ୍ରତାରଣାରେ ପରିଣତ ହୋଇଛି। ରାଜ୍ୟର ଲକ୍ଷଲକ୍ଷ ଗରିବ ଲୋକଙ୍କ ମୁଣ୍ଡ ଉପରେ ଛାତ ନାହିଁ; ଫନି ପ୍ରଭାବିତ ଉପକୂଳ ଓଡ଼ିଶାର ହଜାର ହଜାର ପରିବାର ଏବେ ବି ପକ୍କା ଘରପାଇଁ ଆଶା ବାନ୍ଧି ବସିଛନ୍ତି। ଏହି ସମୟରେ ଡ଼ବଲ ଇଞ୍ଜିନ୍ ସରକାର ଓଡ଼ିଶାବାସୀଙ୍କୁ କରିଥିବା ପ୍ରତାରଣାର ଆଉ ଏକ ଛବି ପଦାକୁ ଆସିଛି। ଡ଼ବଲ ଇଞ୍ଜିନ୍ ସରକାର ରାଜ୍ୟ ପାଇଁ ଡ଼ବଲ ଅନୁଦାନ ଆଣିବା ପରିବର୍ତ୍ତେ ଡବଲ ପ୍ରତାରଣା ଦେଇଥିବା ଅଭିଯୋଗ ହୋଇଛି। ବିଶେଷକରି ଗ୍ରାମୀଣ ଓ ସହରାଞ୍ଚଳ ଗୃହ ନିର୍ମାଣ କ୍ଷେତ୍ରରେ ଓଡ଼ିଶାବାସୀ ସମ୍ପୂର୍ଣ୍ଣ ପ୍ରତାରିତ ହୋଇଛନ୍ତି। ତତ୍‌କାଳୀନ ନବୀନ ପଟ୍ଟନାୟକଙ୍କ ସରକାର ସମୟରେ ଓଡ଼ିଶା କେନ୍ଦ୍ରରୁ ଯେତିକି ଅନୁଦାନ ପାଇଥିଲା, ଏବେ ବିଜେପି ସରକାର ତାହାର ଏକ ଚତୁର୍ଥାଂଶରୁ କମ୍ ଅନୁଦାନ ଆଣିବାକୁ ସକ୍ଷମ ହୋଇଛନ୍ତି। ଗୋଟିଏ ବର୍ଷରେ ରାଜ୍ୟ ସରକାର କେବଳ 'ଆବାସ' ଯୋଜନାରେ ୩୪୮୫ କୋଟି ଟଙ୍କା କମ୍ ଅନୁଦାନ ପାଇଛି।

ସୂତ୍ରରୁ ମିଳିଥିବା ସୂଚନା ଅନୁସାରେ ପ୍ରଧାନମନ୍ତ୍ରୀ ଆବାସ ଯୋଜନା ରାଜ୍ୟର ଗରିବ ଲୋକମାନଙ୍କୁ ଘର ଯୋଗାଇ ଦିଆଯାଇଥାଏ। ଏଥିପାଇଁ କେନ୍ଦ୍ର ସରକାରଙ୍କ ଅନୁଦାନ ଯୋଗାଇ ଦିଅନ୍ତି ଓ ରାଜ୍ୟ ସରକାର ନିଜ ଅଂଶ ପ୍ରଦାନ କରି ଲୋକଙ୍କୁ ଘର ପ୍ରଦାନ କରିଥାଆନ୍ତି। ତତ୍‌କାଳୀନ ନବୀନ ପଟ୍ଟନାୟକଙ୍କ ସରକାର ସମୟରେ ୨୦୨୩-୨୪ ଆର୍ଥିକ ବର୍ଷରେ ଓଡ଼ିଶା ▶ପୃଷ୍ଠା-୭

PMAY-G

- ୨୦୨୩-୨୪ରେ ମିଳିଥିଲା ୪୩୧୦ କୋଟି ଟଙ୍କା
- ୨୦୨୪-୨୫ରେ ମିଳିଛି ମାତ୍ର ୮୨୫ କୋଟି ଟଙ୍କା
- ଗରିବଙ୍କ ଘର ପାଇଁ ସରକାରଙ୍କ ପାଖରେ ନାହିଁ ପାଣ୍ଠି

---

**ବାଲେଶ୍ୱରରେ ଲଜ୍ଜା।**

## ସାତ ଦିନରେ ୨ ଦୁଷ୍କର୍ମ

- ଦୁଷ୍କର୍ମ ପରେ ଜଣେ ନାବାଳିକାଙ୍କୁ ହତ୍ୟା
- ମାନସିକ ଭିନ୍ନକ୍ଷମ ନାବାଳିକାକୁ ଦୁଷ୍କର୍ମ
- ବିବାହିତାଙ୍କୁ ମାଡ଼ ସହ ଦୁଷ୍କର୍ମ ଉଦ୍ୟମ

■ **ବାଲେଶ୍ୱର(ଉତ୍ତର)/ଜଳେଶ୍ୱର ବ୍ଲକ, ୨୫।୫ (ସମିସ):** ରାଜ୍ୟରେ ଶାସନ ବ୍ୟବସ୍ଥା ହୁଗୁଳିଛି। ବିଭିନ୍ନ ସ୍ଥାନରେ ହତ୍ୟା, ଧର୍ଷଣ, ଚୋରି, ରାହଜାନି ବୃଦ୍ଧି ପାଉଥିବା ଦେଖିବାକୁ ମିଳୁଛି। ଗୋଟିଏ ସପ୍ତାହ ମଧ୍ୟରେ ଭୋଗରାଇ ଏବଂ ଜଳେଶ୍ୱର ଅଞ୍ଚଳରେ ଦୁଇ ନାବାଳିକା ସହ ଜଣେ ବିବାହିତ ମହିଳାଙ୍କ ଦୁଷ୍କର୍ମ ଘଟଣା ଏବେ ରାଜ୍ୟରେ ଆଲୋଡ଼ନ ସୃଷ୍ଟି କରିଛି ।

ଜଳେଶ୍ୱର ବ୍ଲକ୍ ଶ୍ୟାମନଗର ଅଞ୍ଚଳରେ ଜନୈକା ମାନସିକ ବିକୃତ ୧୪ ବର୍ଷର ନାବାଳିକା ଗତ ଶୁକ୍ରବାର ▶ପୃଷ୍ଠା-୭

## ଟ୍ରେନ୍ ଧକ୍କାରେ ୨ ଶ୍ରମିକ ମୃତ

■ **ଯଖପୁରା, ୨୫।୫ (ସମିସ):** ଯାଜପୁର ଜିଲ୍ଲା ଯଖପୁରା ରେଳ ଡିଭିଜନରେ ରେଳ କେବୁଲ ଲାଇନ୍ ବିଛାଉଥିବା ବେଳେ କେନ୍ଦୁଡିପ ଲେବୁଲକ୍ରସିଂ ନିକଟରେ ପଛ ପଟୁ ଟ୍ରେନ ଧକ୍କା ଦେବାରୁ ଦୁଇ ଜଣ ଶ୍ରମିକଙ୍କର ମୃତ୍ୟୁ ଘଟିଛି। ମୃତ ଶ୍ରମିକ ଦୁଇ ଜଣଙ୍କ ଘର ପଶ୍ଚିମବଙ୍ଗ ରାଜ୍ୟ ପଶ୍ଚିମ ମେଦିନାପୁର ଜିଲ୍ଲା କୁନାରପୁର ଗ୍ରାମରେ। ଦୁଇ ମୃତ ଶ୍ରମିକ ହେଲେ ଲାଲୁ ଦିଗାର (୪୫) ଓ ସାଖର ଦିଗାର (୩୫) ବୋଲି ଜଣାପଡିଛି। ୧୦ରୁ ୧୨ ଜଣ ▶ପୃଷ୍ଠା-୭


ସାଇକୃପା କଲେଜ ରାଜ୍ୟ ସ୍ତରରେ ଏକ ସ୍ୱତନ୍ତ୍ର
ଦଶମରେ କମ୍ ନମ୍ବର ରଖି ଯୁକ୍ତ ୨ ବିଜ୍ଞାନରେ ୯୦% ଉର୍ଦ୍ଧ୍ୱ ନମ୍ବର ରଖିଥିବା ୮ ପରୀକ୍ଷାର୍ଥୀ







CHSE RESULT -2025
1ST DIVISION -109/129
ABOVE 90% - 08Nos.
ABOVE 500 - 27Nos.
ABOVE 80% - 42Nos.




100 Marks in MATH-18, CHEM-11, PHY- 09
ENG 97 Mark- 3nos







ଦଶମରେ କମ୍ ନମ୍ବର ରଖି ଯୁକ୍ତ ୨ ବିଜ୍ଞାନରେ ୯୦% ଉର୍ଦ୍ଧ୍ୱ ନମ୍ବର ରଖିଥିବା ଛାତ୍ରଛାତ୍ରୀ

| Roll No. | Applicant Name | +2 % | 10th % |
|---|---|---|---|
| 350DB004 | SUBHASHREE BISWAL | 95.17 % | 84 % |
| 350DB008 | PRIYANKA PRIYA. BISWAL | 94.17 % | 82.5 % |
| 350DB002 | PADMINI MAHARANA | 92.33 % | 87.5 % |
| 350DB054 | AMRUTANSHU ROUT | 92.17 % | 76 % |
| 350DB005 | AKASH SAHU | 91 % | 84 % |
| 350DB080 | MUKESH OJHA | 91 % | 63.83 % |
| 350DB011 | SHUBHAM HATI | 90.5 % | 81.67 % |
| 350DB016 | ANSHUMAN SAHOO | 90.17 % | 80 % |
| 350DB091 | GYANAMANGALAM | 87.83 % | 71 % |
| 350DB015 | MONALISHA SAHOO | 86.83 % | 72 % |
| 350DB089 | LARENS SAHU | 85.33 % | 71 % |
| 350DB012 | SOUMYADEEP BEHERA | 85.17 % | 73.5 % |
| 350DB120 | JIBANTOSH MUDULI | 85 % | 68.83 % |
| 350DB060 | RUDRA NARAYAN RAJ | 84.67 % | 70.14 % |
| 350DB024 | BIKASH RANA | 84.33 % | 71.12 % |
| 350DB007 | MAHENDRA SAMAL | 83.5 % | 72.72 % |
| 350DB030 | SAGAR BEHERA | 83.33 % | 71.68 % |
| 350DB074 | BARSARANI SAHOO | 83.33 % | 73.84 % |

NEET, JEE-MAIN
by experts form KOTA

AT.: DHENKANAL / M- 9437799193, 9437027391,8917381641

# କୋଟିଏ ଟଙ୍କା ଆତ୍ମସାତ୍ ମାମଲା; ଜେଲ୍ ଗଲେ ପିଇଓ

ରଙ୍ଗେଇଲୁଣ୍ଡା, ୨୫।୫(ସମିସ)



ରଙ୍ଗେଇଲୁଣ୍ଡା ବ୍ଲକ ଅନ୍ତର୍ଗତ କେଲୁଆପୁଲୀ ପଞ୍ଚାୟତର ପିଇଓଙ୍କୁ ୧କୋଟି ୩୭ ଲକ୍ଷରୁ ଊର୍ଦ୍ଧ୍ୱ ଟଙ୍କା ହେରଫେର କରିଥିବା ଅଭିଯୋଗରେ ରବିବାର ପୁଲିସ ଗିରଫ କରି କୋର୍ଟଚାଲାଣ କରିଛି। ଗିରଫ ଅଭିଯୁକ୍ତ ହେଲେ ଗଙ୍ଗାପୁର ଗ୍ରାମ ସମୀର କୁମାର ମିଶ୍ର(୨୯)। ଅଭିଯୁକ୍ତ ଠାରୁ ଦୁଇଟି ମୋବାଇଲ ଓ ଏଟିଏମ୍ କାର୍ଡ ପୁଲିସ ଜବତ କରିଛି। ରଙ୍ଗେଇଲୁଣ୍ଡା ବ୍ଲକ ଅଧିନସ୍ଥ କେଲୁଆପଲ୍ଲୀ ପଞ୍ଚାୟତରେ ଗତ ୨୦୧୯ରୁ ସମୀର ମିଶ୍ର ପିଇଓ ଭାବେ କାର୍ଯ୍ୟ କରି ଆସୁଥିଲେ। ଗତ କିଛିମାସ ମଧ୍ୟରେ ସମୀରଙ୍କର ଦୁଇ ଦୁଇ ଥର ବଦଳି ହୋଇଥିଲେ ମଧ୍ୟ କାର୍ଯ୍ୟଭାର ଅନ୍ୟ ପିଇଓଙ୍କୁ ହସ୍ତାନ୍ତର କରୁନଥିଲେ। ଫଳରେ ତାଙ୍କ ଉପରେ ସନ୍ଦେହ ବଢ଼ିଥିଲା। ୨୦୨୩-୨୪ ଆର୍ଥିକ ବର୍ଷ ଅଡିଟ ସମୟରେ ବ୍ୟାଙ୍କ ଖାତା ଦେଖାଇଥିଲେ। ଉକ୍ତ ଖାତା ପ୍ରସ୍ତୁତ କରି ନୂତନ ପିଇଓ ସୁଶାନ୍ତ କୁମାର ପଟ୍ଟନାୟକ ଦେଇଥିଲେ। ସନ୍ଦେହ ହେବା ପରେ ସୁଶାନ୍ତ ବ୍ୟାଙ୍କ ବାଲାନ୍ସ ଯାଞ୍ଚ କରିଥିଲେ। କିନ୍ତୁ ବାଲାନ୍ସ କମ୍ ରହିଥିଲା। ଏନେଇ ବିଡ଼ିଓ ବିଶ୍ୱଜିତ ରାୟଙ୍କୁ ଅବଗତ କରିଥିଲେ। ବିଡିଓ ତଦନ୍ତ କରିବା ପରେ ଗତ ଏକ ବର୍ଷରେ ଏକ କୋଟି ୩୭ ଲକ୍ଷ ଟଙ୍କା ହେରଫେର ଓ ଆତ୍ମସାତ ହୋଇଥିବା ନେଇ ଜାଣିବାକୁ ପାଇଥିଲେ। ଏନେଇ ଗୋଳନ୍ଥରା ବିଡ଼ିଓ ବିଶ୍ୱଜିତ ରାୟ ଥାନାରେ ଲିଖିତ ଅଭିଯୋଗ କରିଥିଲେ। ପୁଲିସ ପିଇଓ ଓ ସରପଞ୍ଚ ନାଁରେ ଏକ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଥିଲା। ଶନିବାର ପୁଲିସ ବ୍ଲକ ପରିସରରୁ ସମୀରଙ୍କୁ ଉଠାଇ ନେଇ ଥାନାରେ ଜେରା କରିଥିଲେ। ରାତିରେ ବ୍ରହ୍ମପୁର ଏସ୍‌ପି ଡ. ସର୍ବଣା ବିବେକ ଏମ ପହଞ୍ଚି ସମୀରଙ୍କୁ ପଚରା ଉଚରା କରିଥିଲେ। ଗତ ଏକ ବର୍ଷ ମଧ୍ୟରେ ପଞ୍ଚାୟତ ପାଣ୍ଠି କ୍ୟାସ୍ ବୁକ୍‌ରୁ ୭୬ ଲକ୍ଷ ୬୩ ହଜାର ୮ ଶହ ୯୯ ଟଙ୍କା, ପଞ୍ଚଦଶ ଅର୍ଥ କମିଶନ କ୍ୟାସ୍ ବୁକ୍‌ରୁ ୪୦ ଲକ୍ଷ ୮୪ ହଜାର ୫ଶହ ୩୭ ଟଙ୍କା ଓ ପଞ୍ଚମ ରାଜ୍ୟ ଅର୍ଥ କମିଶନ କ୍ୟାସ୍ ବୁକ୍‌ରୁ ୧୯ ଲକ୍ଷ ୯୪ ହାଜର ୨ ଶହ ୩୫ ଟଙ୍କା ସେଲ୍‌ଫ ଚେକ୍‌ରେ ସରପଞ୍ଚଙ୍କ ଦସ୍ତଖତ ଥାଇ ତୁଲୁ ସ୍ଥିତ ୟୁନିୟନ୍ ବ୍ୟାଙ୍କ ଅଫ୍ ଇଣ୍ଡିଆରୁ ଟଙ୍କା ଉଠେଇଥିବା ପୁଲିସ ଜାଣିବାକୁ ପାଇଛି। ରବିବାର କେଲୁଆପୁଲ୍ଲୀ କାର୍ଯ୍ୟାଳୟରୁ ଗୋଳନ୍ଥରା ଥାନା ଅଧିକାରୀ ବିବେକାନନ୍ଦ ସ୍ୱାଇଁ, ତଦନ୍ତକାରି ଅଧିକାରୀ ସିଲୁ ଧଳ ଓ ପୁଲିସ କର୍ମଚାରୀ ଚଢ଼ଉ କରି ତିନୋଟି କ୍ୟାସ୍ ବୁକ୍, ଦୁଇଟି ବ୍ୟାଙ୍କ ଖାତା, ବ୍ୟାଙ୍କ ଷ୍ଟେଟମେଣ୍ଟ ଓ ଅନ୍ୟ କାଗଜପତ୍ର ଜବତ କରିଛି। ରବିବାର ପୁଲିସ ସମୀରଙ୍କୁ କୋର୍ଟଚାଲାଣ କରିଛି। ତେବେ ଦରକାର ପଡ଼ିଲେ ରିମାଣ୍ଡରେ ଆଣି ଅଧିକ ପଚରା ଉଚରା କରାଯିବ ବୋଲି ବ୍ରହ୍ମପୁର ଏସ୍‌ପି ଡ. ସର୍ବଣା ବିବେକ ଏମ କହିଛନ୍ତି।

# ଧାର ଟଙ୍କା ମାଗିବାକୁ ଯାଇଥିବା ଯୁବକଙ୍କ ସନ୍ଦେହଜନକ ମୃତ୍ୟୁ

**● ମହିଳାଙ୍କ ଘରୁ ଝୁଲନ୍ତା ମୃତଦେହ ଉଦ୍ଧାର**
**● ହତ୍ୟା ଅଭିଯୋଗ ଆଣିଲେ ଭାଇ**

**ଧରାକୋଟ, ୨୫।୫(ସମିସ):** ଧରାକୋଟ ଥାନା ଅଞ୍ଚଳର ଜଣେ ମହିଳାଙ୍କ ଘରୁ ଗତ ଶନିବାର ସନ୍ଧ୍ୟାରେ ଝୁଲନ୍ତା ଅବସ୍ଥାରେ ଜଣେଯୁବକଙ୍କ ମୃତଦେହ ପୁଲିସ ଉଦ୍ଧାର କରିଛି। ମୃତକ ହେଲେ କବିସୂର୍ଯ୍ୟନଗର ଥାନା ଅନ୍ତର୍ଗତ ବାଲିଆସରା ଗ୍ରାମର ସୀମାଞ୍ଚଳ ପୋଲାଇ(୨୬)। ମୃତ ସୀମାଞ୍ଚଳଙ୍କ ଭାଇ ନିରଞ୍ଜନ ପୋଲାଇ ଧରାକୋଟ ଥାନାରେ ଦେଇଥିବା ଏତଲା ଅନୁଯାୟୀ ତାଙ୍କ ଭାଇ ସୀମାଞ୍ଚଳ ଗତ ଶନିବାର ଦିନ ଧାର ଟଙ୍କା ମାଗିବା ପାଇଁ ପୋଡ଼ାପଲି ଯାଉଛି କହି ଘରୁ ବାହାରି ଆସିଥିଲେ। ସନ୍ଧ୍ୟାରେ ଉକ୍ତ ଗାଁର ଜନୈକ ମହିଳା ତାଙ୍କୁ ଫୋନ କରି ତାଙ୍କ ଭାଇ ଆତ୍ମହତ୍ୟା କରିଥିବା ଜଣାଇଥିଲେ। ହେଲେ ନିରଞ୍ଜନଙ୍କ ଅଭିଯୋଗ ହେଲା ତାଙ୍କ ଭାଇକୁ ଷଡ଼ଯନ୍ତ୍ର କରି ହତ୍ୟା କରାଯାଇଛି। ପୁଲିସ ଶବ ଜବତ କରିବା ସହ ଏକ ଅପମୃତ୍ୟୁ ମାମଲା ରୁଜୁ କରି ବ୍ୟବଚ୍ଛେଦ ପାଇଁ ପଠାଇଛି। ଏଠାରେ ପ୍ରଶ୍ନ ଉଠୁଛି ସମ୍ପୃକ୍ତ ମହିଳାଙ୍କ ସହ ସୀମାଞ୍ଚଳଙ୍କ ସମ୍ପର୍କ କଣ? ସୀମାଞ୍ଚଳଙ୍କ ଠାରୁ ସେ ଟଙ୍କା ଧାର ଆଣିଥିଲେ କାହିଁକି? ସୀମାଞ୍ଚଳଙ୍କ ସହ ତାଙ୍କର ସୁସମ୍ପର୍କ ସୃଷ୍ଟି ହେଲା କିପରି? ରହସ୍ୟ ମଧ୍ୟରେ ରହିଥିବା ଏହି ଘଟଣା ବ୍ୟବଚ୍ଛେଦ ରିପୋର୍ଟ ଓ ପୁଲିସର ଉପଯୁକ୍ତ ତଦନ୍ତ ପରେ ଖୁଲାସା ହେବ ବୋଲି ପୁଲିସ କହିଛି।

## ସାପ କାମୁଡ଼ାରେ ଜଣେ ମୃତ

**ଭଞ୍ଜନଗର, ୨୫।୫(ସମିସ):** ଭିନ୍ନଭିନ୍ନ ଦୁଇଟି ସ୍ଥାନରେ ସାପ କାମୁଡ଼ାରେ ଜଣକର ମୃତ୍ୟୁ ହୋଇଥିବା ବେଳେ, ଜଣେ ଗୁରୁତର ଅବସ୍ଥାରେ ଚିକିତ୍ସାଧୀନ ରହିଛନ୍ତି। ଭଞ୍ଜନଗର ଥାନା ଅନ୍ତର୍ଗତ ବାଇବାଲି ନିକଟସ୍ଥ ନାରିଙ୍ଗିପଲ୍ଲୀ ଗାଁର ନଟିଆ ପ୍ରଧାନଙ୍କ ୯ ବର୍ଷର ଝିଅ ତେଜସ୍ୱିନୀ ଘରେ ଶୋଇଥିବା ବେଳେ ବିଷଧର ସାପ କାମୁଡ଼ାରେ ଗୁରୁତର ହୋଇଥିଲେ। ତାଙ୍କୁ ଭଞ୍ଜନଗର ମେଡିକାଲରେ ଭର୍ତ୍ତି କରାଯାଇଥିବା ବେଳେ ଚିକିତ୍ସାଧୀନ ଅବସ୍ଥାରେ ମୃତ୍ୟୁ ଘଟିଛି। ଏନେଇ ପୁଲିସ ଏକ ମାମଲା ରୁଜୁ କରି ଘଟଣାର ତଦନ୍ତ କରୁଛି। ସେହିଭଳି ତାରାସିଙ୍ଗି ଥାନା ଅନ୍ତର୍ଗତ ବେରୁହାଁବାଡି ଗ୍ରାମର ସନ୍ତୋଷ ନାୟକଙ୍କ ଝିଅ ସୁଜାତା ନାୟକ ସାପ କାମୁଡାରେ ଗୁରୁତର ହୋଇପଡ଼ିଥିଲେ। ତାଙ୍କୁ ଭଞ୍ଜନଗର ମେଡିକାଲରେ ଭର୍ତ୍ତି କରାଯାଇଥିବା ବେଳେ ଅବସ୍ଥା ଗୁରୁତର ହେବାରୁ ବ୍ରହ୍ମପୁର ସ୍ଥାନାନ୍ତର କରାଯାଇଛି।

## ଓଲଟିଲା ଗ୍ୟାସ୍ ସିଲିଣ୍ଡର ବୋଝେଇ ଗାଡ଼ି

**କୁକୁଡାଖଣ୍ଡି, ୨୫।୫(ସମିସ):** ସଦର ଥାନା ଅନ୍ତର୍ଗତ ରତ୍ନପୁର ନିକଟସ୍ଥ ଲକ୍ଷ୍ମୀ ନୃସିଂହ ମନ୍ଦିର ନିକଟରେ ଭାରସାମ୍ୟ ହରାଇ ଓଲଟି ପଡ଼ିଛି ଏକ ଗ୍ୟାସ୍ ସିଲିଣ୍ଡର ବୋଝେଇ ଗାଡ଼ି। ଏହି ଦୁର୍ଘଟଣାରେ କୌଣସି ବ୍ୟକ୍ତିଙ୍କ କ୍ଷୟକ୍ଷତି ହୋଇନଥିବା ଜଣାପଡ଼ିଛି। ରବିବାର ସକାଳେ ଏହି ଗ୍ୟାସ୍ ସିଲିଣ୍ଡର୍ ଗାଡ଼ିଟି ଦୁର୍ବନ୍ଧ ଗ୍ରାମରୁ ବ୍ରହ୍ମପୁର ଅଭିମୁଖେ ଯାଉଥିଲା। ୫୯ ନମ୍ବର ଜାତୀୟ ରାଜପଥ ନିକଟସ୍ଥ ଲକ୍ଷ୍ମୀନୃସିଂହ ମନ୍ଦିର ନିକଟରେ ଗାଡିଟିର ଚକ ପମ୍ପଚର୍ ହୋଇଯିବାରୁ ଭାରସାମ୍ୟ ହରାଇ ଓଲଟି ପଡ଼ିଥିଲା। ଫଳରେ ଗ୍ୟାସ୍ ସିଲିଣ୍ଡର୍ ଗୁଡ଼ିକ ରାସ୍ତାରେ ପଡ଼ି ଯାଇଥିଲା। ଏହା ଦେଖି ସ୍ଥାନୀୟ ଲୋକେ ପହଞ୍ଚି ଟାଙ୍କି ଗୁଡ଼ିକ ହଟାଇବା ପରେ ଯାତାୟାତ ସ୍ୱାଭାବିକ ହୋଇଥିଲା।

## ବିଭାଗ ପାଇଁ ଉଦାହରଣ ବଡ଼ଗଡ଼ ବନାଞ୍ଚଳ



**ସୋରଡ଼ା, ୨୫।୫(ସମିସ):** ଦକ୍ଷିଣ ଘୁମୁସର ବନଖଣ୍ଡର ବଡ଼ଗଡ଼ ରେଞ୍ଜ ବିଭାଗ ବହୁମୂଲ୍ୟ ବନଜାତ ଦ୍ରବ୍ୟ ଦେଇ ନିଆରା ଉଦାହରଣ ସୃଷ୍ଟି କରିଛି। ଯାହା ବର୍ଷ ବର୍ଷ ଧରି ରାଜ୍ୟର କାଠ ଚୋରା ଚାଲାଣକାରୀଙ୍କ ଭୂସ୍ୱର୍ଗ ପାଲଟିଥିଲା ଆଜି ସେଥିରେ ପରିବର୍ତ୍ତନ ହୋଇ ସମାଜର ମୁଖ୍ୟ ସ୍ରୋତରେ ଅଞ୍ଚଳବାସୀଙ୍କୁ ସାମିଲ କରାଇବାରେ ନିରନ୍ତର ପ୍ରୟାସ ଜାରି ରଖିଛନ୍ତି ଏଠାକାର ବନାଞ୍ଚଳ ଅଧିକାରୀ ଅଞ୍ଜନ କୁମାର ନାୟକ। ବନଜାତ ଦ୍ରବ୍ୟ ସହିତ ବିକ୍ରିରେ ସ୍ୱୟଂ ସହାୟକ ଗୋଷ୍ଠୀର ମହିଳାମାନଙ୍କୁ ବନସୁରକ୍ଷା ନିମିତ୍ତ ସଚେତନ କରାଇବା ସହ ଅଧିକରୁ ଅଧିକା କିପରି ଗ୍ରାମାଞ୍ଚଳ ମାନଙ୍କରେ ତୃଣମୂଳସ୍ତରରେ ଲୋକଙ୍କୁ ସ୍ୱାବଲମ୍ବୀ କରାଯାଇପାରିବ ସେଥିପ୍ରତି ନିରନ୍ତର ଉଦ୍ୟମ ଜାରି ରଖି ପ୍ରୋତ୍ସାହନ ଯୋଗାଇ ଦେଉଛନ୍ତି। ବନବିଭାଗ ତରଫରୁ ପ୍ରତ୍ୟେକ ଗ୍ରାମାଞ୍ଚଳମାନଙ୍କରେ ବନ ସଂରକ୍ଷଣ ସମିତି ଗ୍ରୁପ୍ ଗଠନ କରି ସେଥିରେ ଲୋକଙ୍କୁ ସାମାଜିକ ଏବଂ ଆର୍ଥିକ ସହାୟତା ପ୍ରଦାନ କରାଇବା ସହ ଗ୍ରାମାଞ୍ଚଳରେ ମହିଳା ମାନଙ୍କୁ ବନବିଭାଗ ତତଫରୁ ଲୋନ୍ ମଧ୍ୟ ଯୋଗାଇଦିଆଯାଇଛି। ଏହି ରେଞ୍ଜର ରାଇପଦାର ରାଧାକୃଷ୍ଣ, କାଦଗୁଡ଼ାର ରଘୁନାଥ, ମା ଶୁଲିଆ, ମା' ସନ୍ତୋଷୀ, ଖାରିଗୁଡାର ମା' ଘୁଙ୍ଗି, ମା' ଦୁର୍ଗା, ସାପୁଆର ସାଇବାବା, ଅମ୍ବିଳିଆମ୍ବର ମା' ପାଟଖଣ୍ଡା, କେ. ଢଉଗାଁର ମା ବୃନ୍ଦାବତୀ ଆଦି ମହିଳା ଗୋଷ୍ଠୀ ସଦସ୍ୟେ ସଫଳତା ପାଇଛନ୍ତି। ନୂଆଁ ଜଙ୍ଗଲର ପରିଚୟ ଦେବା ସହିତ ଜଙ୍ଗଲରେ ବନ୍ୟା ପ୍ରାଣୀଙ୍କ ପାଇଁ ପାନୀୟ ଜଳ ବ୍ୟବସ୍ଥା ଓ ଫଳ ଗଛ ରୋପଣ, ନୂଆଁ ଗଛ ସୃଷ୍ଟି ଆଦି ପଦକ୍ଷେପ ନିହାତି ପ୍ରଶଂସନୀୟ। ଏହିଭଳି କାର୍ଯ୍ୟକ୍ରମ ଦ୍ୱାରା ଅତି କମ ସମୟରେ ଅଞ୍ଚଳକୁ ନିଆରା ପରିଚୟ ଦେଇଥିବା ନେଇ ସାଧାରଣରେ ଚର୍ଚ୍ଚା ହେଉଛି।

# ମା' ରୁଦ୍ରକାଳୀ ଓ ବ୍ରାହ୍ମଣୀ ଦେବୀ ମନ୍ଦିରକୁ ଗଲା ସାବିତ୍ରୀ ଯୋଗାଡ଼





**ବେଲଗୁଣ୍ଠା, ୨୫।୫(ସମିସ):** ସଂସ୍କୃତି ସମ୍ପନ୍ନ ବେଲଗୁଣ୍ଠା ସହରରେ ସାବିତ୍ରୀ ବ୍ରତ ପାଇଁ ବିଭିନ୍ନ ଅନୁଷ୍ଠାନ ତରଫରୁ ମା' ବ୍ରାହ୍ମଣୀ ଦେବୀ ଓ ଖଦାଳ ସାହି ରୁଦ୍ରକାଳୀ ମନ୍ଦିରକୁ ସାବିତ୍ରୀ ଯୋଗାଡ଼ ପ୍ରଦାନ କରାଯାଇଛି। ମା' ବ୍ରାହ୍ମଣୀ ଦେବୀ ଯାତ୍ରା ଅବସରରେ ସହର ସମ୍ପୂର୍ଣ୍ଣ ଉତ୍ସବମୁଖର ଥିବାବେଳେ ଆଜିର କାର୍ଯ୍ୟକ୍ରମ ଉତ୍ସବର ଆଧ୍ୟାତ୍ମିକ ମାହୋଲକୁ ଦ୍ୱିଗୁଣିତ କରିଛି। ଆଜି ସନ୍ଧ୍ୟା ୫ ଟାରେ ବଣିକ ସଂଘ ସଭାପତି ଚିନ୍ନ ସନ୍ନତ କୁମାର ସୁବୁଦ୍ଧିଙ୍କ ତରଫରୁ ଖଦାଳସାହି ମା' ରୁଦ୍ରକାଳୀ ମନ୍ଦିରରେ ସାବିତ୍ରୀ ଭାର ପ୍ରଦାନ କରାଯାଇଛି। ମନ୍ଦିର ପରିଚାଳନା କମିଟି ସଭାପତି ଜିତେନ୍ଦ୍ର ସୁବୁଦ୍ଧି, ଦଣ୍ଡଯାତ୍ରା ପରିଚାଳନା କମିଟି ସଭାପତି ଲିଙ୍ଗରାଜ ପାତ୍ର, ସମ୍ପାଦକ ବାଳକୃଷ୍ଣ ପାତ୍ର, ସହ ସମ୍ପାଦକ ତଥା ବଣିକ ସଂଘ ସଭାପତି ସନ୍ନତ କୁମାର ସୁବୁଦ୍ଧି, ଉପଦେଷ୍ଟା ଭି. ଦେବୀ ପ୍ରସାଦ ପାତ୍ର, ଯୁବ ସଂଗଠକ ତଥା ହାଇକୋର୍ଟ ଆଇନଜୀବୀ ଓମ୍ ପ୍ରକାଶ ସାହୁ, କାଉନସିଲର ଦିବ୍ୟ ରଞ୍ଜନ ଦାଶ, ଭବାନୀ ପଣ୍ଡା, ସନ୍ତୋଷ କୁମାର ମହାନ୍ତି, ଜଗନ୍ନାଥ ନାଇକ, ସୁରେଶ ଚୌଧୁରୀ, ସୁଶାନ୍ତ କୁମାର ବେହେରା, ପ୍ରେସ୍ କ୍ଲବ ଉପସଭାପତି ପ୍ରଭାତ କୁମାର ସାହୁ ପ୍ରମୁଖ ଏକ ଶୋଭାଯାତ୍ରାରେ ବାହାରି ମନ୍ଦିରରେ ପହଞ୍ଚି ମା' ରୁଦ୍ର କାଳୀଙ୍କୁ ଏକ ଆଧ୍ୟାତ୍ମିକ ପରିବେଶରେ ସାବିତ୍ରୀ ଯୋଗାଡ଼ ଅର୍ପଣ କରିଥିଲେ। କାର୍ଯ୍ୟକ୍ରମରେ ବହୁ ମହିଳା ସାମିଲ ଥିଲେ। ସେହିଭଳି ୨୦୧୦ ମସିହା ଦଶମ ଶ୍ରେଣୀ ବ୍ୟାଚ୍ ତରଫରୁ ମଧ୍ୟ ସାବିତ୍ରୀ ଭାର ମା' ବ୍ରାହ୍ମଣ ଦେବୀଙ୍କ ଅସ୍ଥାୟୀ ପୀଠରେ ଅର୍ପଣ କରାଯାଇଥିଲା।

## ସେନାକର୍ମଚାରୀଙ୍କୁ ଆକ୍ରମଣ ଅଭିଯୋଗରେ ୨ ଗିରଫ

**ବ୍ରହ୍ମପୁର, ୨୫।୫(ସମିସ):** ଜଣେ ସେନାକର୍ମଚାରୀଙ୍କୁ ଆକ୍ରମଣ ଅଭିଯୋଗରେ ଗୋପଳପୁର ପୁଲିସ ଦୁଇ ଭାଇଙ୍କୁ ଗିରଫ କରି କୋର୍ଟ ଚାଲାଣ କରିଛି। ସେମାନେ ହେଲେ ସାନକୁଶସ୍ଥଳୀ ଗ୍ରାମର ସରୋଜ ମହାରଣା ଓ ତାଙ୍କ ସାନ ଭାଇ ସନ୍ତୋଷ ମହାରଣା। ଗତକାଲି ଅପରାହ୍ନ ସାଢେ ୨ଟାରେ ସାନକୁଶସ୍ଥଳୀ ଠାକୁରାଣୀ ମନ୍ଦିର ସାହିର ଆର୍ମିରେ କାର୍ଯ୍ୟରତ ରମାକାନ୍ତ ସାହୁ ତାଙ୍କ ସାଙ୍ଗ ସଞ୍ଜୟ ଡାକୁଆ ନିଜ ଘର ସମ୍ମୁଖରେ ଛିଡ଼ା ହୋଇ କଥାବାର୍ତ୍ତା ହେଉଥିବା ବେଳେ ଘର ସମ୍ମୁଖରେ ରହୁଥିବା ସରୋଜ ଓ ତାଙ୍କ ସାନ ଭାଇ ସନ୍ତୋଷ ଆସି ଗାଳିଗୁଲଜ କରି ଦୁଇଟି ଠେଙ୍ଗାରେ ମାଡ଼ ମାରିଥିଲେ। ଯଦ୍ୱାରା ସଞ୍ଜୟଙ୍କ ପିଠିରେ ଆଘାତ ଲାଗିବାରୁ ଅଚେତ ହୋଇ ପଡ଼ିଯାଇଥିଲେ। ତାହାସହ ରମାକାନ୍ତଙ୍କ ବାମ ହାତ ଓ ମୁଣ୍ଡ ପଛପଟ ଫାଟି ଯାଇଥିଲା। ଏ ନେଇ ଥାନାରେ ଅଭିଯୋଗ ପରେ ପୁଲିସ ଏକ ମାମଲା ରୁଜୁ କରି ଅଭିଯୁକ୍ତ ଦୁଇ ଭାଇଙ୍କୁ ଆଜି ଗିରଫ କରିବା ସହ ଆକ୍ରମଣ କରିଥିବା ଦୁଇଟି ଠେଙ୍ଗା ଜବତ କରିଛି।

## ବରିଷ୍ଠ ନାଗରିକ ମଞ୍ଚର ଗ୍ରୀଷ୍ମକାଳୀନ ସମାବେଶ



**ଛତ୍ରପୁର, ୨୫।୫(ସମିସ):** ଛତ୍ରପୁର ବ୍ଲକ ଅନ୍ତର୍ଗତ କେରାଣ୍ଡିତୋଳା ନାରାୟଣପୁର ବରିଷ୍ଠ ନାଗରିକ ମଞ୍ଚର ଗ୍ରୀଷ୍ମ ସମାବେଶ ସ୍ଥାନୀୟ ପାଣି ପଞ୍ଚାୟତ ସମ୍ମିଳନୀ ଗୃହରେ ସଭାପତି ନରହରି ପ୍ରଧାନଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଯାଇଛି। ସମ୍ପାଦକ ଗଗନ ବିହାରୀ ସାହୁ ମଞ୍ଚ କାର୍ଯ୍ୟକ୍ରମର ବିବରଣୀ ଓ କୋଷାଧକ୍ଷ ପ୍ରକାଶ ଚନ୍ଦ୍ର ପାଣିଗ୍ରାହୀ ଆର୍ଥିକ ବିବରଣୀ ପ୍ରଦାନ କରିବା ପରେ ସଭାପତି ସମସ୍ତ ସଦସ୍ୟଙ୍କୁ ସ୍ୱାଗତ କରି ମଞ୍ଚର ଗଠନ ପର ଠାରୁ ସଭ୍ୟମାନେ ସମସ୍ତ କାର୍ଯ୍ୟକ୍ରମରେ ସହଯୋଗ କରି ଆସିଥିବାରୁ କୃତଜ୍ଞତା ଜଣାଇଥିଲେ। ଉପଦେଷ୍ଟା କୋରା ମହାରଣା ବରିଷ୍ଠ ନାଗରିକମାନେ ଚାପଗ୍ରସ୍ତ ନ ହୋଇ ନିଜର ପୁଅ-ଝିଅଙ୍କ ସହ ସହମତ ହୋଇ ଅବଶିଷ୍ଟ ଜୀବନ ଅତିବାହିତ କରିବାକୁ ପରାମର୍ଶ ଦେଇଥିଲେ। ସମାବେଶରେ ଟାଙ୍ଗଣାପଲ୍ଲୀ ସରପଞ୍ଚ ବି. ସୁଦାମ ଅତିଥି ରୂପେ ଯୋଗଦେଇ ବରିଷ୍ଠ ନଗରିକ ମଞ୍ଚର ବିଭିନ୍ନ ଜନହିତକର କାର୍ଯ୍ୟକ୍ରମର ପ୍ରଶଂସା କରିଥିଲେ। ସମିତିସଭ୍ୟା ପ୍ରତିନିଧି ଅମରେଶ୍ୱର ସାହୁ ଅନ୍ୟତମ ଅତିଥି ରୂପେ ଯୋଗଦେଇ ମଞ୍ଚର କାର୍ଯ୍ୟକ୍ରମକୁ ପ୍ରଶଂସା କରିଥିଲେ। ବିଶିଷ୍ଟ ଅତିଥି ଭାବେ ଉଦ୍ୟୋଗପତି ଶୁଭେନ୍ଦୁ କୁମାର ସାହୁ ଯୋଗ ଦେଇଥିଲେ। ମଞ୍ଚର ସଂଯୋଜକ ଅବସରପ୍ରାପ୍ତ ପ୍ରଧାନଶିକ୍ଷକ କାମରାଜୁ ମହାରଣା ସଭ୍ୟମାନଙ୍କ ମଧ୍ୟରେ ଭାଇଚାରା ରକ୍ଷା କରି ଶୃଙ୍ଖଳିତ ଏବଂ ଶାନ୍ତିମୟ ଜୀବନ ଯାପନ କରିବାକୁ ପରାମର୍ଶ ଦେଇ ରାମାୟଣର ଭାଇ ଭାଇ ସମ୍ପର୍କର ଉଦାହରଣ ସହ ଭାଇ ଭାଇ ମଧ୍ୟରେ ଉପଯୁକ୍ତ ସମ୍ପର୍କ ସ୍ଥାପନ କରି ଚାଲିବା ପାଇଁ ପରାମର୍ଶ ଦେଇଥିଲେ। ଅନ୍ୟମାନଙ୍କ ମଧ୍ୟରେ ବିଶ୍ୱନାଥ ପ୍ରଧାନ, କୃଷ୍ଣଚନ୍ଦ୍ର ପ୍ରଧାନ, ଲକ୍ଷ୍ମଣ ସାହୁ, ଗୋପାଳ ଚନ୍ଦ୍ର ମହାରଣା, ଅଜୟ କୁମାର ପାଣିଗ୍ରାହୀ, ମୋହନ ପ୍ରଧାନ, ନଟବର ପ୍ରଧାନ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

## ୧୨୨ତମ ମନ୍ କୀ ବାତ୍ କାର୍ଯ୍ୟକ୍ରମ



**କୁକୁଡାଖଣ୍ଡି, ୨୫।୫(ସମିସ):** କୁକୁଡାଖଣ୍ଡି ବ୍ଲକ ଅନ୍ତର୍ଗତ ରୋହିଗାଁ ଅଧିନସ୍ଥ ନଳିହାଡ ଗ୍ରାମରେ ମନ୍ କୀ ବାତ୍ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଦିଗପହଣ୍ଡି ବିଧାୟକ ଡଃ ସିଦ୍ଧାନ୍ତ ମହାପାତ୍ରଙ୍କ ନିର୍ଦ୍ଦେଶନା ଓ ବିଜେପି କର୍ମୀ ସନାତନ ସଂଗ୍ରାମ ସିଂଙ୍କ ନେତୃତ୍ୱରେ ଏହା ଅନୁଷ୍ଠିତ ହୋଇଯାଇଛି। ନଳିହାଡ ଗ୍ରାମର କୋଠଘର ଠାରେ ଆଭାସୀ ମାଧ୍ୟମରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ମନ୍ କି ବାତ୍ କାର୍ଯ୍ୟକ୍ରମ ଶୁଣିଥିଲେ। କାର୍ଯ୍ୟକ୍ରମରେ ମଣ୍ଡଳ ସଭାପତି ଲଳିତ ମୋହନ ବିଷୋୟୀ, ୭୬ ନମ୍ବର ବୁଥ୍ ସଭାପତି ଲିଲି ସଂଗ୍ରାମ ସିଂ, ଯୁବନେତା ଫକୀର ଚରଣ ବେହେରା, ସୀମାଞ୍ଚଳ ଦାସ, ପବିତ୍ର ସ୍ୱାଇଁ, ନିରଞ୍ଜନ ସ୍ୱାଇଁ, ଉଦୟ ଲେଙ୍କା, ସବିତା ବିଷୋୟୀ, ଜୟ ବିଷୋୟୀ ସହ ବହୁ ବିଜେପି କର୍ମୀ ଉପସ୍ଥିତ ଥିଲେ।

## କରଚୁଲିରେ ତ୍ରିରଙ୍ଗା ଶୋଭାଯାତ୍ରା

**ବୁଗୁଡ଼ା, ୨୫।୫(ସମିସ):** 'ଅପରେସନ ସିନ୍ଦୂର'ରେ ସାମିଲ ହୋଇଥିବା ଯବାନଙ୍କ ସମ୍ମାନାର୍ଥେ ବୁଗୁଡା ବ୍ଲକ ଅନ୍ତର୍ଗତ କରଚୁଲି ପଞ୍ଚାୟତରେ ବାଇକ ଦ୍ୱାରା ଏକ ତ୍ରିରଙ୍ଗା ଶୋଭାଯାତ୍ରା ଅନୁଷ୍ଠିତ ହୋଇଯାଇଛି। କରଚୁଲିରୁ ଶୁଭାରମ୍ଭ ହୋଇଥିବା ଏହି ଶୋଭାଯାତ୍ରାରେ କରଚୁଲି ମଣ୍ଡଳ ଭାଜପାର ପ୍ରଭାରୀ ଦିଲ୍ଲୀପ କୁମାର ପ୍ରଧାନ, ସମିତି ସଭ୍ୟ ଶ୍ରୀହର୍ଷ ପ୍ରଧାନ, ପୂର୍ବତନ ସରପଞ୍ଚ ଧୋବା ପ୍ରଧାନଙ୍କ ନେତୃତ୍ୱରେ ଶତାଧିକ ଯୁବକ କରଚୁଲି ପଞ୍ଚାୟତ ଅନ୍ତର୍ଗତ ପଥରବଣି, ଜେକ, ହରିଡାଚିରା, କରଚୁଲି ପଡ଼ିଆଭଙ୍ଗା, କୁମୁଟିଘାଇ, କଣ୍ଟାବଣି, ଝାଡପଡ଼ା, ସିଙ୍ଗିପୁର, କିରିଆମ୍ବା, ନୂଆଁପଲ୍ଲି ଆଦି ଗ୍ରାମରେ ଭ୍ରମଣ କରିଥିଲେ। ଏଥିରେ ବିଜେପି କର୍ମୀ ଓ କର୍ମକର୍ତ୍ତାଙ୍କ ସମେତ ପୂର୍ଣ୍ଣଚନ୍ଦ୍ର ପଟ୍ଟନାୟକ, କୃଷ୍ଣଚନ୍ଦ୍ର ଡାକୁଆ ଓ ପଞ୍ଚାୟତବାସୀ ଅଂଶଗ୍ରହଣ କରିଥିଲେ।



# ଫଳ ବଜାରରେ ନିଆଁ; ଶାଢ଼ି ଦର ଆକାଶଛୁଆଁ



**ଆଜି ସାବିତ୍ରୀ ବ୍ରତ**

**ରମ୍ଭା, ୨୫।୫(ସମିସ):** ରାତି ପାହିଲେ ସାବିତ୍ରୀ ବ୍ରତ, ଚଳଚଞ୍ଚଳ ହୋଇଉଠିଛି ଗାଁରୁ ସହର। ଏଥିପାଇଁ ଲୋଡ଼ା ବିଭିନ୍ନ ପ୍ରକାରର ଫଳମୂଳ ସହ ଶାଢ଼ି। ଉପବାସ ରହି ମହିଳାମାନେ ପୂଜାର୍ଚ୍ଚନା କରିବା ସହ ଫଳ ଆହାର କରି ସ୍ୱାମୀଙ୍କର ଦୀର୍ଘାୟୁ କାମନା କରିବେ। ବ୍ରତ ପାଇଁ ଆବଶ୍ୟକ ସମସ୍ତ ସାମଗ୍ରୀର ଅହେତୁକ ମୂଲ୍ୟ ବୃଦ୍ଧି ଚିନ୍ତାରେ ପକାଇଛି ସତ୍ୟବାନଙ୍କୁ। ଦୋକାନୀ ମାନଙ୍କର କାଉଣ୍ଟର ନିକଟରେ ଅସମ୍ଭବ ଭିଡ଼ ଯୋଗୁଁ କିଣାକିଣି ପାଇଁ ବହୁ ହଟହଟାର ସମ୍ମୁଖୀନ ହେବାକୁ ପଡ଼ିଛି ଦମ୍ପତିଙ୍କୁ। ମା, ମାଉସୀ, ଭଉଣୀ ମାନେ ନୂତନ ବସ୍ତ୍ର କିଣିବା ପାଇଁ ଦୋକାନ ଅଭିମୁଖେ ଯାଉଥିବା ବେଳେ ମହାଜନୀ ମାନଙ୍କର ଭଳିକି ଭଳି ଡ୍ରେସ, ଲୁଗା, ମ୍ୟାଟେରିଆଲ କିଣିବା ପାଇଁ ଲାଇନ୍ ଲଗାଇବାକୁ ପଡୁଛି। ଗ୍ରାହକଙ୍କ ବିଭିନ୍ନ ଆବଶ୍ୟକ ତାକୁ ଦେଖି ଦେଶୀ ଫଳ ଦୋକାନୀ ମାନେ ତଥା ଆମ୍ବ, ପଣସ, ନଡିଆ, ତାଳ, ଡାଳିମ୍ବ, ଲିଚୁ, କଦଳୀ, ସପୁରୀର ବାସ୍ନାରେ ମହକୁଛି ପୁରା ବଜାର। କିଏ ଝିଅ ଘରକୁ ଭାର ପଠାଉଛି ତ କିଏ ବୋହୂ ପାଇଁ ନେଉଛନ୍ତି ଶାଢି, ଶଙ୍ଖା, ସିନ୍ଦୁର, ଅଳତା। ଦର ଆକାଶଛୁଆଁ ହୋଇଥିଲେ ମଧ୍ୟ ବର୍ଷକରେ ଦିନେ ପୂଜା ହେଉଥିବାରୁ ଦରକୁ କେତେକ ଖାତିର ନକରି ପୁଳା ପୁଳା ଫଳମୂଳ କିଣି ନେଉଥିବାବେଳେ ମଧ୍ୟବିତ ପରିବାରର ବ୍ୟକ୍ତିଙ୍କ ପକେଟ୍‌କୁ ଏହା ବାଧୁଛି।

# ସହାୟତା ଲାଗି ପରିବାରର ନିବେଦନ

**ରକ୍ତ କର୍କଟ ସହ ଯୁଝି ହେଉଛନ୍ତି ଶିବୁ**

କୋଦଳା, ୨୫।୫(ସମିସ)



୩ ହାତର ଘର। ଘରେ ଦୁଇ ଝିଅ ଓ ଏକମାତ୍ର ପୁଅ ଶିବୁ। ଭାରୀ ଅଲିଅଳରେ ପୁଅକୁ ବଢ଼େଇ ଥିଲେ ବାପା ଭୀମସେନ ସେଠୀ ଓ ମାଆ ଚନ୍ଦ୍ରମା ସେଠୀ। ବେଗୁନିଆପଡ଼ା ବ୍ଲକ ଅନ୍ତର୍ଗତ ବୁରୁଝରୀ ପଞ୍ଚାୟତର ପି. ନୂଆଗାଁ ଗ୍ରାମର ରାଧାକୃଷ୍ଣ ମନ୍ଦିର ସାହିରେ ତାଙ୍କ ଘର। ନିଜ ଗ୍ରାମ ବଡ଼ ଖଇରଖମା ପଞ୍ଚାୟତ ଅନ୍ତର୍ଗତ ଶ୍ରଦ୍ଧାପୁର ଗ୍ରାମରୁ ଆସି ଏହି ଗ୍ରାମରେ ଦୀର୍ଘଦିନ ହେବ ରହି ଆସୁଛନ୍ତି ଭୀମସେନଙ୍କ ପରିବାର। ଶିବୁ ସ୍ଥାନୀୟ ବଲ୍ଲଭ ନାୟକ ଉଚ୍ଚ ବିଦ୍ୟାଳୟରେ ପାଠ ପଢୁଥିଲେ। ୨୦୨୩ରେ ଅଷ୍ଟମ ଶ୍ରେଣୀରେ ପାଠ ପଢୁଥିବା ବେଳେ ହଠାତ ଶିବୁଙ୍କୁ ଜ୍ୱର ହେବା ପରେ ଦୀର୍ଘଦିନ ଧରି ଆଉ ଛାଡ଼ିନଥିଲା। ପରେ ତାଙ୍କ ପରୀକ୍ଷା ନିରୀକ୍ଷା କରିବା ପରେ ତାଙ୍କ ଶରୀରରେ ରକ୍ତ କର୍କଟର ସନ୍ଧାନ ମିଳିଥିଲା। ଏହା ଶୁଣି ବାପା ଓ ମା'ଙ୍କ ପାଦ ତଳୁ ମାଟି ଖସିଯାଇଥିଲା। ଆଖିରୁ ଆଉ ଲୁହ ଶୁଖିନଥିଲା। ପରେ ତାର ଚିକିତ୍ସା କରାଇଥିଲେ। ଘରେ ଜମିଜମା କିଛି ନଥିବା ବେଳେ ଧାର କରଜ କରି ଆଜି ପର୍ଯ୍ୟନ୍ତ ଚିକିତ୍ସା କରୁଛନ୍ତି। ଚିକିତ୍ସା ପାଇଁ ସ୍ୱାସ୍ଥ୍ୟ କାର୍ଡରେ ଯାହା କିଛି ଅର୍ଥ ଥିଲା ତାହା ସରିଯାଇଛି। ବୋନ୍ ମ୍ୟାରୋ ପାଇଁ ଗୋଟିଏ ଲେଖାଏଁ ଇଞ୍ଜେକ୍ସନର ଦାମ ୧୮ ହଜାର ଟଙ୍କା ଓ ଟେଷ୍ଟ ପାଇଁ ୧୧ହଜାର ୫ଶହ ଟଙ୍କା ସହ କେମୋ ଦେବାରେ ବହୁତ ସାରା ଖର୍ଚ୍ଚ ହେଉଥିବା ବେଳେ ଅର୍ଥ ଅଭାବରୁ ଗତ ୨୦ ତାରିଖରେ ଆଉ ଟେଷ୍ଟିଂ ପାଇଁ ଯାଇପାରିନାହାନ୍ତି। କେମୋ ନେବା ପରେ ଶିବୁଙ୍କ ପେଟ ଭିତରେ ଖାଦ୍ୟ ନଳୀ ଶୁଖିଯିବା ଯୋଗୁଁ ସେ ଆଉ ଖାଦ୍ୟ ଖାଇପାରୁନାହାନ୍ତି। ଭୁବନେଶ୍ୱର ଏମ୍ସରେ ଚିକିତ୍ସା ଚାଲୁ ରହିଥିବା ବେଳେ ଏବେ କିଛିଦିନ ହେଲା ଘରକୁ ଆସିଛନ୍ତି ଶିବୁ। ବର୍ତ୍ତମାନ ତାଙ୍କ ସାଙ୍ଗମାନେ ୧୦ମ ଶ୍ରେଣୀରେ ପଢୁଥିବା ବେଳେ ସେମାନେ ଶିବୁ ଆଉ ଟିଉସନ ନଯିବା ଦେଖି ଗୁମୁରି ଗୁମୁରି କାନ୍ଦୁଛନ୍ତି। ତାଙ୍କୁ ଦେଖି ବାପା ଓ ମା'ଙ୍କ ଆଖିରୁ ଲୁହ ଶୁଖୁନି। ତାଙ୍କର ପାଠ ପଢ଼ିବା ସହ ସାଙ୍ଗ ମାନଙ୍କ ସହ ଖେଳିବାକୁ ବହୁତ ଇଚ୍ଛା ଥିଲେ ବି ଆଉ ସାହସ ପାଉନି ବୋଲି ଶିବୁ ବାଷ୍ପରୁଦ୍ଧ କଣ୍ଠରେ କହିଛନ୍ତି। ଗୋଟିଏ ଝିଅକୁ ବାପା ବାହାଦେବା ପରେ ଆଉ ଗୋଟିଏ ଝିଅ ଘରେ ଅଛି। ଏପଟେ ବାପାଙ୍କର ରୋଜଗାର କିଛି ନାହିଁ। ଧାର କରଜ କରି ବର୍ତ୍ତମାନ ଚିନ୍ତାରେ ପରିବାର। ଗୋଟିଏ ପଟେ ପୁଅର ଜୀବନ ଆଉ ଗୋଟିଏ ପଟେ ଅଭାବ ସାଙ୍ଗକୁ ରୋଜଗାର ନାହିଁ। ଏଭଳି ସ୍ଥିତିରେ ସରକାର କିମ୍ବା କୌଣସି ସ୍ୱେଚ୍ଛାସେବୀ ଅନୁଷ୍ଠାନ ତଥା ସହୃଦୟ ବ୍ୟକ୍ତିଙ୍କ ସାହାଯ୍ୟକୁ ଅପେକ୍ଷା କରି ବସିଛନ୍ତି ବାପା। ସେପଟେ ସମସ୍ତେ ସାହାଯ୍ୟର ହାତ ବଢ଼ାଇଲେ ନିଜ ଜୀବନ ପୁଣି ଫେରି ପାଇବେ ବୋଲି ଶିବୁ କାନ୍ଦିକାନ୍ଦି କହିଛନ୍ତି।

## ଆୟୁର୍ବେଦ ଚିକିତ୍ସାର ଆବଶ୍ୟକତାକୁ ନେଇ ଆଲୋଚନା

ବ୍ରହ୍ମପୁର,୨୫।୫(ସମିସ): ଧନ୍ୱନ୍ତରୀ ଆୟୁର୍ବେଦ ଭବନ ପରିସରରେ ଆୟୁର୍ବେଦ ଚିକିତ୍ସା ସମ୍ପର୍କିତ ଆଲୋଚନା ଅନୁଷ୍ଠିତ ହୋଇଯାଇଛି। ଭବନର ମୁଖ୍ୟ ବିଭୁ ପ୍ରସାଦ ଜେନାଙ୍କ ତତ୍ତ୍ୱାବଧାନରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ କର୍ପୋରେଟର ପ୍ରଶାନ୍ତ କୁମାର ପଟ୍ଟନାୟକ, ସମ୍ମାନିତ ଅତିଥି ଭାବେ କର୍ପୋରେଟର ସୁରେନ୍ଦ୍ର ମହାରଣା ଓ ସାମ୍ବାଦିକ ସୁଦୀପ କୁମାର୍ ସାହୁ ପ୍ରମୁଖ ଯୋଗଦେଇ ବର୍ତ୍ତମାନ ସମୟରେ ଆୟୁର୍ବେଦ ଚିକିତ୍ସାର ଜରୁରୀ ସମ୍ପର୍କରେ ନିଜର ମତ ଉପସ୍ଥାପନ କରିଥିଲେ। ରୋଗର ଚିକିତ୍ସା ପାଇଁ ଆୟୁର୍ବେଦ ମେଡ଼ିସିନ୍ ଉପରେ ବହୁ ନିର୍ଭର ବୋଲି ମତ ପ୍ରକାଶ ପାଇଥିଲା। ଶେଷରେ ସମାଜସେବିକା ସୁଜ୍ଞାନୀ ଦେବୀ ଧନ୍ୟବାଦ୍ ଅର୍ପଣ କରିଥିଲେ।

## ବୁଲୁଛନ୍ତି ଲାଞ୍ଜିପଲ୍ଲୀ ତାରାଦେବୀ ଠାକୁରାଣୀ ଯାତ୍ରା

ବ୍ରହ୍ମପୁର,୨୫।୫(ସମିସ): ଲାଞ୍ଜିପଲ୍ଲୀର ଅଧିଷ୍ଠାତ୍ରୀ ଦେବୀ ପ୍ରସିଦ୍ଧ ମା' ତାରାଦେବୀଙ୍କ ଠାକୁରାଣୀ ଯାତ୍ରା ୭ମ ଦିନାରେ ପହଞ୍ଚିଛି। ଯାତ୍ରାର ଆରମ୍ଭର କିଛି ଦିନ ପରେ ମା'ଙ୍କ ଲାଞ୍ଜିପଲ୍ଲୀର ବିଭିନ୍ନ ଅଞ୍ଚଳ ପରିକ୍ରମା କରିଥିବା ବେଳେ ଏହି ସମୟରେ କିଛି ସାହିରେ କଳାକୁଞ୍ଜ ଉନ୍ମୋଚିତ ହୋଇଛି। ସେହିପରି ରବିବାର ଅସ୍ଥାୟୀ ମଣ୍ଡପରେ ମା'ଙ୍କ ପୂଜାଅର୍ଚ୍ଚନା ପରେ ଘଟ ଖଳା ସାହି, ବାପୁଜୀ ନଗର, ଶ୍ମଶାନଘାଟ ରୋଡ଼, ଗୌଡ଼ ସାହି(କେଶବ ନଗର), କେଶବ ନଗର ୪ର୍ଥ ଓ ୩ୟ ଲାଇନ, ତଳ ଦଣ୍ଡାସୀ ସାହି, ପୂର୍ବ ଆଡୁଆ ସାହି ଓ ବ୍ରାହ୍ମଣ ସାହି ଦେଇ ପରିକ୍ରମା କରି ଅସ୍ଥାୟୀ ମଣ୍ଡପକୁ ପ୍ରତ୍ୟାବର୍ତ୍ତନ କରିଥିଲା। ମା'ଙ୍କ ଆଗମନକୁ ଦୃଷ୍ଟିରେ ରଖି ଏକାଧିକ ସହିରେ କଳାକୁଞ୍ଜ ଉନ୍ମୋଚିତ ହୋଇଥିଲା। ଅନ୍ୟପକ୍ଷରେ ଅସ୍ଥାୟୀ ମଣ୍ଡପରେ ମା'ଙ୍କ ଦର୍ଶନ ନିମନ୍ତେ ଶ୍ରଦ୍ଧାଳୁଙ୍କ ଭିଡ଼ ଜମୁଥିବା ଦେଖିବାକୁ ମିଳିଛି। ପ୍ରତି ଦିନ ଭୋରୁ ପ୍ରଭାତ ଆଳତୀ, ବାଳଭୋଗ, ହୋମ ଚଣ୍ଡିପାଠ କରାଯିବା ସହ ମଧ୍ୟାହ୍ନରେ ଅନ୍ନଭୋଗ ଓ ସନ୍ଧ୍ୟାରେ ୧୦୮ ଆଳତୀ ଅନୁଷ୍ଠିତ ହୋଉଛି। ଦିନକୁ ଦିନ ଯାତ୍ର ସମୟସୀମା ଷେଶ ହେବାକୁ ଯାଉଥିବା ମେଳେ ଶ୍ରଦ୍ଧାଳୁଙ୍କ ଭିଡ଼ ବଢ଼ିବାରେ ଲାଗିଛି।

## ମନ୍ କି ବାତ୍‌ରେ ହର୍ଷବର୍ଦ୍ଧନଙ୍କୁ ମୋଦୀଙ୍କ ପ୍ରଶଂସା

ବ୍ରହ୍ମପୁର,୨୫।୫(ସମିସ): ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ମନ କି ବାତ କାର୍ଯ୍ୟକ୍ରମରେ ବ୍ରହ୍ମପୁର ଶାନ୍ତି ନଗରର ଭାରତ୍ତୋଳକ ହର୍ଷବର୍ଦ୍ଧନ ସାହୁଙ୍କୁ ଭୂୟସୀ ପ୍ରଶଂସା କରିଛନ୍ତି। ହର୍ଷବର୍ଦ୍ଧନ ଭାରତ୍ତୋଳନ ପ୍ରତିଯୋଗିତାରେ ଗୋଟିଏ ପରେ ଗୋଟିଏ ସଫଳତା ପାଇଥିବା ଯୋଗୁଁ ଭାରତ ତାଙ୍କ ପାଇଁ ଗର୍ବ ବୋଲି ପ୍ରଧାନମନ୍ତ୍ରୀ କହିଛନ୍ତି। ହର୍ଷବର୍ଦ୍ଧନ ବ୍ରହ୍ମପୁର ସମେତ ସାରା ଓଡ଼ିଶା ପାଇଁ ଗର୍ବ ଆଣିଛନ୍ତି। ପ୍ରଥମେ ଜାତୀୟ ସ୍ତରୀୟ ଓ ବର୍ତ୍ତମାନ ଖେଲୋ ଇଣ୍ଡିଆରେ ସଫଳତା ପାଇଥିଲେ। ଏଥିପାଇଁ ସେ କୋଚ ଜିତେନ୍ଦ୍ର ସାହୁ ଓ ଅର୍ଜୁନ ଆୱାଡର୍ କେ.ରବି କୁମାରଙ୍କୁ ହର୍ଷବର୍ଦ୍ଧନ ଧନ୍ୟବାଦ ଦେଇଛନ୍ତି। ଆଗାମୀ ଦିନରେ ଭାରତ ଏବଂ ଓଡ଼ିଶା ସରକାର ସହାୟତାର ହାତ ବଢାଇଲେ ଆହୁରି ଭଲ ଖେଳିବି ବୋଲି ହର୍ଷବର୍ଦ୍ଧନ କହିଛନ୍ତି। ପିଲାଟି ଦିନରୁ ଭାରତ୍ତୋଳନ ପ୍ରତି ହର୍ଷବର୍ଦ୍ଧନଙ୍କ ଆଗ୍ରହ ରହିଥିଲା। ଏଥିପାଇଁ ପଞ୍ଚମ ଶ୍ରେଣୀରୁ ହିଁ ଭାରତ୍ତୋଳନ ଅଭ୍ୟାସ ଜାରି ରଖିଥିଲେ। ଭାରତ୍ତୋଳନ ପ୍ରତି ହର୍ଷବର୍ଦ୍ଧନଙ୍କ ଆଗ୍ରହ ଅଧିକ ଥିବା ଯୋଗୁଁ ପାଠ ପଢା ସହ ସେ ଭାରତ୍ତୋଳନ ଅଭ୍ୟାସ ଜାରି ରଖିଥିଲେ। ହର୍ଷବର୍ଦ୍ଧନଙ୍କ ବାପା ଜଣେ ଖୁଚୁରା ବ୍ୟବସାୟୀ ହୋଇଥିବା ବେଳେ ବହୁ କଷ୍ଟର ସହ ପାଠପଢ଼ାଇ ଭାରତ୍ତୋଳନ ପାଇଁ ଶିକ୍ଷା ପ୍ରଦାନ କରିଥିବା ସେ କହିଛନ୍ତି। ବର୍ତ୍ତମାନ ହର୍ଷବର୍ଦ୍ଧନ ସାରା ଦେଶରେ ନାମ କରିଥିବା ଯୋଗୁଁ ଏଭଳି ପୁଅଙ୍କ ପାଇଁ ପରିବା ପକ୍ଷରୁ ଗର୍ବ କରାଯାଇଛି। ହର୍ଷବର୍ଦ୍ଧନ ୨୦୨୨ମସିହାରେ ଶଙ୍କର ଫିଜିକାଲ କ୍ଲବରେ ନାମ ଲେଖାଇଥିଲେ। ସେ ପ୍ରଥମେ ଜିଲ୍ଲାସ୍ତରୀୟ ପ୍ରତିଯୋଗିତା ଭାଗ ନେଇ ରାଜ୍ୟ ଓ ପରବର୍ତ୍ତୀ ସମୟରେ ଜାତୀୟ ସ୍ତରୀୟ ପ୍ରତିଯୋଗିତାରେ ଭାଗ ନେଇ ସବୁଠି ପୁରସ୍କାର ପାଇଥିଲେ। ବର୍ତ୍ତମାନ ବିହାରର ଚାଲିଥିବା ଖେଲୋ ଇଣ୍ଡିଆରେ ୪୯କେଜି ବର୍ଗରେ ହର୍ଷବର୍ଦ୍ଧନ ସ୍ୱର୍ଣ୍ଣ ପଦକ ହାସଲ କରିଛନ୍ତି। ଏହାସହ ପୂର୍ବରୁ ୪୯କେଜି ବର୍ଗରେ ରହିଥିବା ଝାଡ଼ଖଣ୍ଡର ଜଣେ ପ୍ରତିଯୋଗୀ ୨୦୨ର୍‌ୟାଙ୍କ ରଖିଥିବା ବେଳେ ତାଙ୍କ ରେଙ୍କକୁ କାଟି ୨୦୩ ରେଙ୍କ ରଖିଛନ୍ତି ହର୍ଷବର୍ଦ୍ଧନ। ପ୍ରଧାନମନ୍ତ୍ରୀଙ୍କ ଠାରୁ ଏଭଳି ପ୍ରଶଂସା ପାଇବା ପରେ ଖୁସି ପ୍ରକାଶ କରିବା ସହ ଭାରତ ଏବଂ ଓଡ଼ିଶା ସରକାର ସହାୟତାର ହାତ ବଢାଇଲେ ଆଗକୁ ଆହୁରି ଯିବାର ଲକ୍ଷ୍ୟ ଥିବା ହର୍ଷବର୍ଦ୍ଧନ । କେବଳ ହର୍ଷବର୍ଦ୍ଧନ ନୁହେଁ ବରଂ ତାଙ୍କ ପରିବାର, କୋଚ, କ୍ରୀଡ଼ାପ୍ରେମୀ ମାନଙ୍କ ମଧ୍ୟରେ ଖୁସିର ଲହରୀ ଖେଳିଯାଇଛି।

# ପାରଳା ମହାରାଜା କୃଷ୍ଣଚନ୍ଦ୍ର ଗଜପତିଙ୍କୁ ଏମ୍‌କେସିଜିରେ ଅସମ୍ମାନ

ବ୍ରହ୍ମପୁର,୨୫।୫(ସମିସ)

ରବିବାର ଛୁଟି ଦିନ ଯୋଗୁ ଯେ ଆମେ ଆମର ମହାପୁରୁଷଙ୍କୁ ଭୁଲିଯିବା ଏହା ଆଦୌ ଗ୍ରହଣୀୟ ନୁହେଁ। ତେବେ ବିଭିନ୍ନ ସମୟରେ ଏଭଳି ଘଟଣା ଘଟିବାର ନଜିର ରହିଛି। ଯାହା ପ୍ରତ୍ୟେକ ଥର ଅର୍ଥାତ୍ ସେ ଜନ୍ମତିଥି ହେଉ ଅଥବା ଶ୍ରାଦ୍ଧବାର୍ଷିକୀ ବାରମ୍ବାର ଏଭଳି ଘଟଣା ଘଟିବାର ନଜିର ରହିଛି ଏମକେସିଜି ମେଡିକାଲ କଲେଜରେ। ସ୍ୱତନ୍ତ୍ର ଓଡିଶା ଗଠନ ମୁଖ୍ୟ ବିନ୍ଧାଣୀ ତଥା ପାରଳା ମହାରାଜା ଶ୍ରୀକୃଷ୍ଣଚନ୍ଦ୍ର ଗଜପତି ଯାହାଙ୍କ ନାମରେ ଏମକେସିଜି ମେଡିକାଲ କଲେଜ ଓ ହସ୍ପିଟାଲ ନାମିତ ହୋଇଛି ସେଠାରେ ତାଙ୍କ ପ୍ରତି ଅସମ୍ମାନ ପ୍ରଦର୍ଶନକୁ ନେଇ ବିଭିନ୍ନ ମହଲରେ ନିନ୍ଦା କରାଯାଇଛି।

ପ୍ରକାଶ ଯେ' ୧୯୭୪ ମଇ ୨୫ତାରିଖରେ ପାରଳା ମହାରାଜା କୃଷ୍ଣଚନ୍ଦ୍ର ଗଜପତିଙ୍କର ଦେହାନ୍ତ ହୋଇଥିଲା। ଏହି ପୂଣ୍ୟତିଥିରେ ସମଗ୍ର ରାଜ୍ୟରେ ମହାରାଜାଙ୍କର ୫୧ତମ ଶ୍ରାଦ୍ଧଦିବସ ପାଳନ କରାଯାଇଛି। ହେଲେ ଦୁଃଖ ଓ ପରିତାପର ବିଷୟ ହେଉଛି ଖୋଦ୍ ମହାରାଜାଙ୍କ ଉଦ୍ୟମ ଓ ସହାୟତାରେ ବ୍ରହ୍ମପୁର ଠାରେ ପ୍ରତିଷ୍ଠା ହୋଇ ନାମକରଣ ହୋଇଥିବା ଏମ୍‌କେସିଜି (ମହାରାଜା କୃଷ୍ଣଚନ୍ଦ୍ର ଗଜପତି) ମେଡିକାଲ କଲେଜରେ ତାଙ୍କର ପୂଣ୍ୟତିଥିରେ ନିୟମିତ ଭାବେ ଅସମ୍ମାନ ଓ ଅବହେଳା ପ୍ରଦର୍ଶନ କରାଯାଉଥିବା ଅଭିଯୋଗ ହୋଇଛି। ପୂର୍ବରୁ ଏଭଳି ଅନେକ ଘଟଣା ଘଟିଥିବା ବେଳେ ରବିବାର ମହାରାଜାଙ୍କର ଶ୍ରାଦ୍ଧଦିବସରେ ମଧ୍ୟ ଅନୁରୁପ ଅବହେଳା କରାଯାଇଛି। ରବିବାର ତାଙ୍କ ୫୧ତମ ଶ୍ରାଦ୍ଧଦିବସ ଅବସରରେ ସହରର ବହୁ ସଙ୍ଗଠନ ଏମକେସିଜି ମେଡିକାଲ କଲେଜ ସମ୍ମୁଖରେ ଥିବା ମହାରାଜାଙ୍କ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରି ସ୍ମୃତିଚାରଣ ପାଇଁ ଆସିଥିବା ବେଳେ ସମସ୍ତଙ୍କୁ ନିରାଶ ହେବାକୁ ପଡିଛି। କାରଣ ମେଡିକାଲ କ୍ୟାମ୍ପସ ସବୁଠି ଖୋଲାମେଲା ରହିଥିବା ବେଳେ 'ହାତୀ ଚାଲିଯାଉଥିବା ବେଳେ ପିମ୍ପୁଡିକୁ ଜାବୁଡି ଧରିବା' ନ୍ୟାୟରେ ମେଡିକାଲ କର୍ତ୍ତୃପକ୍ଷ ମହାରାଜାଙ୍କ ପ୍ରତିମୂର୍ତ୍ତିକୁ ଯିବା ରାସ୍ତାରେ ଗେଟ କରି ସେଥିରେ ତାଲା ପକାଇ ରଖିଛନ୍ତି। ଫଳରେ ମହାରାଜାଙ୍କ ଶ୍ରାଦ୍ଧଦିବସ ଭଳି ତିଥିରେ ରବିବାର ଛୁଟିଦିନ କାରଣରୁ ଉକ୍ତ ଗେଟରୁ ତାଲା ଖୋଲିବା ତ ଦୂରର କଥା ମେଡିକାଲ କର୍ତ୍ତୃପକ୍ଷଙ୍କ ପକ୍ଷରୁ ନିର୍ଦ୍ଧାରିତ ସମୟରେ ମଧ୍ୟ ପ୍ରତିମୂର୍ତ୍ତିରେ ପୁଷ୍ପମାଲ୍ୟ ଅର୍ପଣ କରାଯାଇନଥିବା ଜଣାପଡିଛି। ପ୍ରତିମୂର୍ତ୍ତି ସ୍ଥଳକୁ ଯିବା ପାଇଁ ଉଦ୍ଦିଷ୍ଟ ଗେଟରେ ତାଲା ପଡିଥିବା କାରଣରୁ ଏହି ଅବସରରେ ସେଠାରେ ଶ୍ରଦ୍ଧାଞ୍ଜଳି ଜ୍ଞାପନ କରିବାକୁ ଆସିଥିବା ବହୁ ସଙ୍ଗଠନକୁ ନିରାଶ ହେବାକୁ ପଡିଥିଲା। ଗତବର୍ଷ ମଧ୍ୟ ମହାରାଜାଙ୍କ ଜନ୍ମତିଥିରେ ଏକା ପରିସ୍ଥିତି ସୃଷ୍ଟି ହୋଇଥିବା ଅଭିଯୋଗ ହୋଇଛି। ଏହି ଅବସରରେ ସହରର ଅଗ୍ରଣୀ ସ୍ୱେଚ୍ଛାସେବୀ ସଙ୍ଗଠନ ଟିମ କ୍ଲିନ ସିଟି, ଗଜପତି ନାଗରିକ ସଂଘ ଓ ବ୍ରହ୍ମପୁର ହସ କ୍ଲବ ଭଳି ଏକାଧିକ ସଙ୍ଗଠନ ମହାରାଜାଙ୍କ ପ୍ରତିମୂର୍ତ୍ତିରେ ପୁଷ୍ପମାଲ୍ୟ ଅର୍ପଣ କରିବାର ସୁଯୋଗରୁ ବଞ୍ଚିତ ହୋଇଥିଲେ। ଫଳରେ ବାଧ୍ୟ ହୋଇ ଏହି ସଙ୍ଗଠନମାନଙ୍କ ପକ୍ଷରୁ ପ୍ରତିମୂର୍ତ୍ତି ତଳେ ଥିବା ବ୍ୟାରିକେଡ଼ରେ ଫୁଲମାଳ ଲଟକାଇ ଦିଆଯାଇ ସ୍ମୃତିଚାରଣ କରାଯାଇଥିବା ଦେଖିବାକୁ ମିଳିଥିଲା। ଅପରପକ୍ଷେ ଅନ୍ୟାନ୍ୟ ସଙ୍ଗଠନ ପକ୍ଷରୁ ଗେଟରେ ତାଲା ପଡିଥିବାରୁ ଉକ୍ତ ଗେଟକୁ ଡେଇଁ ମହାରାଜାଙ୍କ ପ୍ରତିମୂର୍ତ୍ତି ଉପରେ ପୁଷ୍ପମାଲ୍ୟ ଅର୍ପଣ କରାଯାଇଥିବା ଜଣାପଡିଛି। ଏନେଇ ଯଦିଓ ମେଡିକାଲ କର୍ତ୍ତୃପକ୍ଷଙ୍କର କୌଣସି ପ୍ରତିକ୍ରିୟା ମିଳିପାରି ନାହିଁ ତେବେ ଏଭଳି ଦାୟିତ୍ୱହିନତା ଓ ମହାପୁରୁଷଙ୍କ ପ୍ରତି କର୍ତ୍ତୃପକ୍ଷଙ୍କ ଅସମ୍ମାନକୁ ନେଇ ବିଭିନ୍ନ ମହଲରେ ତୀବ୍ର ନିନ୍ଦା କରାଯାଇଛି।

- ଶ୍ରାଦ୍ଧ ଦିବସରେ ପ୍ରତିମୂର୍ତ୍ତିକୁ ଯିବା ଫାଟକରେ ତାଲା ପକାଇ ବସିଛନ୍ତି କର୍ତ୍ତୃପକ୍ଷ
- ଶ୍ରଦ୍ଧାଞ୍ଜଳି ଦେବାକୁ ଆସି ନିରାଶ ହେଲେ ବିଭିନ୍ନ ସଂଗଠନ
- ରବିବାର ଛୁଟିଦିନ ଯୋଗୁ ପ୍ରଶାସନିକ ସ୍ତରରେ ଅବହେଳା ଅଭିଯୋଗ
- କାର୍ଯ୍ୟାନୁଷ୍ଠାନ ନେବ କିଏ?



# ମହାରାଜା କୃଷ୍ଣଚନ୍ଦ୍ର ଗଜପତିଙ୍କ ଶ୍ରାଦ୍ଧବାର୍ଷିକୀ





ବ୍ରହ୍ମପୁର,୨୫।୫(ସମିସ): ସର୍ଦ୍ଦାର ବଲ୍ଲଭ ଭାଇ ପଟେଲ ବହୁମୁଖୀ ସଂଘ ପକ୍ଷରୁ ମହାରାଜା କୃଷ୍ଣଚନ୍ଦ୍ର ଗଜପତିଙ୍କ ୫୧ତମ ଶ୍ରାଦ୍ଧ ବାର୍ଷିକୀ ପାଳିତ ହୋଇଛି। ଏମକେସିଜି ମେଡିକାଲ କଲେଜ କାର୍ଯ୍ୟାଳୟ ପରିସରରେ ଥିବା ଗଜପତିଙ୍କ ପ୍ରତିମୂର୍ତ୍ତିରେ ପୁଷ୍ପମାଲ୍ୟ ଅର୍ପଣ କରାଯାଇଥିଲା। କାର୍ଯ୍ୟକ୍ରମରେ ସଂଘର ସଭାପତି ରାମ କୁମାର ପାତ୍ର, ଅଶୋକ ନିମାଇ, ପ୍ରଭାତ ଷଡଙ୍ଗୀ, ବିଷ୍ଣୁ ପଣ୍ଡା, ଗଣେଶ ପାଣିଗ୍ରାହୀ, ସିମାଞ୍ଚଳ ପଣ୍ଡା, ଚନ୍ଦ୍ରଶେଖର ପାତ୍ର, ଦେବେନ୍ଦ୍ର ଗୁରଙ୍ଗ, ନୀଳମାଧବ ମିଶ୍ର ଓ ରାକେଶ ସାବତ ପ୍ରମୁଖ ଉପସ୍ଥିତ ଥିଲେ। ସେହିପରି ଗଞ୍ଜାମ ଜିଲ୍ଲା ପଛୁଆ ବର୍ଗ ବିକାଶ ମଞ୍ଚ ଓ ଶୌଣ୍ଡିକ ସମାଜ ପକ୍ଷରୁ ମଧ୍ୟ ମହାରାଜା କୃଷ୍ଣଚନ୍ଦ୍ର ଗଜପତି ନାରାୟଣ ଦେବଙ୍କ ୫୧ତମ ଶ୍ରାଦ୍ଧ ବାର୍ଷିକୀ ପାଳିତ ହୋଇଛି। ଏ ଅବସରରେ ସ୍ଥାନୀୟ ବିଜୟା ସେନିମା ହଲ ନିକଟରେ ଥିବା ମହାରାଜାଙ୍କ ପ୍ରତିମୂର୍ତ୍ତିରେ ପୁଷ୍ପ ମାଲ୍ୟାର୍ପଣ କରି ଶ୍ରଦ୍ଧାଞ୍ଜଳୀ ଅର୍ପଣ କରାଯାଇଥିଲା। କାର୍ଯ୍ୟକ୍ରମରେ ସଭାପତି ପ୍ରଭାକର ସାହୁ, ଭିଷ୍ମାଚାର୍ଯ୍ୟ ଚୌଧୁରୀ, ସୁଧିର କାନ୍ତ ସାହୁ, ବାସୁଦେବ ସାହୁକାର, ପ୍ରମୋଦ ମହାରଣା, ସୁରେଶ ଚନ୍ଦ୍ର ତ୍ରିପାଠୀ, ସୁଶାନ୍ତ କୁମାର ପାତ୍ର, ପ୍ରଭାସିନୀ ପାତ୍ର, ସବିତା ସାହୁକାର ଓ ଅରୁଣ କୁମାର ସାହୁ ପ୍ରମୁଖ ଯୋଗ ଦେଇଥିଲେ।

### ପ୍ଲଟ୍ ବିକ୍ରି ନାଁରେ ୩୫ ଲକ୍ଷ ଠକେଇ

# ପୂର୍ବତନ ନିର୍ବାହୀ ଯନ୍ତ୍ରୀ ଗିରଫ

ବ୍ରହ୍ମପୁର,୨୫।୫(ସମିସ): ପ୍ଲଟ ବିକ୍ରି ନାଁରେ ବ୍ରହ୍ମପୁରର ଏକାଧିକ ଲୋକଙ୍କ ଠାରୁ ୩୫ ଲକ୍ଷ ଟଙ୍କା ଠକେଇ କରିଥିବା ବ୍ରହ୍ମପୁର ମହାନଗର ନିଗମର ପୂର୍ବତନ ନିର୍ବାହୀ ଯନ୍ତ୍ରୀ ପି. ଶ୍ୟାମବାବୁ ପାତ୍ର(୫୮)ଙ୍କୁ ଟାଉନ ଥାନା ପୁଲିସ ଗିରଫ କରିଛି।

ପ୍ରକାଶଥାଉକି, ଭୁବନେଶ୍ୱର ଖଣ୍ଡଗିରିରେ ରହୁଥିବା ନୟାଗଡ ରାଜାବଗିଚାର ମୂଳବାସିନ୍ଦା ଶ୍ରୀ ପାତ୍ର ୨୦୧୭ ରୁ ୨୦୧୯ ଯାଏଁ ବ୍ରହ୍ମପୁର ମହାନଗର ନିଗମରେ ନିର୍ବାହୀ ଯନ୍ତ୍ରୀ ଭାବେ କାର୍ଯ୍ୟ କରୁଥିଲେ। ସେ ୨୦୧୯ରେ ଭିଆରଏସ୍ ନେଇଥିଲେ। ହେଲେ ବ୍ରହ୍ମପୁରରେ ଯନ୍ତ୍ରୀଭାବେ କାର୍ଯ୍ୟ କରୁଥିବା ବେଳେ ସେ ଏଠାରେ ପ୍ଲଟ ବ୍ୟବସାୟ ମଧ୍ୟ କରୁଥିଲେ। ୨୦୧୬ରେ ଗାନ୍ଧୀନଗର ଅଞ୍ଚଳର ମହତଳା ରଶ୍ମିତା ସାହୁ ଲୋଚପାଡା ଅଞ୍ଚଳରେ ୬ଟି ପ୍ଲଟ କିଣିବାକୁ ଶ୍ରୀ ପାତ୍ରଙ୍କ ସହ ଯୋଗାଯୋଗ କରିଥିଲେ। ଏହି ୬ଟି ପ୍ଲଟ ପାଇଁ ମୋଟ ୭୧ ଲକ୍ଷ ଟଙ୍କା ନେଣଦେଣ ପାଇଁ ଶ୍ରୀ ପାତ୍ର ଓ ରଶ୍ମୀତାଙ୍କ ମଧ୍ୟରେ ଚୁକ୍ତିନାମା ହୋଇଥିଲା। ପ୍ଲଟ କିଣିବା ପାଇଁ ଅଗ୍ରୀମ ଟଙ୍କା ବାବଦକୁ ରଶ୍ମୀତା ବିଭିନ୍ନ ପର୍ଯ୍ୟାୟରେ ଶ୍ରୀ ପାତ୍ରଙ୍କୁ ୨୫ ଲକ୍ଷ ଟଙ୍କା ଦେଇଥିଲେ। ହେଲେ ଅନେକ ମାସ ପରେ ମଧ୍ୟ ଶ୍ରୀ ପାତ୍ର ପ୍ଲଟ ବିକ୍ରି କରିନଥିଲେ କିମ୍ବା ରଶ୍ମିତାଙ୍କ ନାମରେ ପଞ୍ଜୀକରଣ କରାଇ ନଥିଲେ। ରଶ୍ମିତା ଓ ତାଙ୍କ ସ୍ୱାମୀ ସୁମନ୍ତ ଏ ବିଷୟରେ ଶ୍ରୀ ପାତ୍ରଙ୍କୁ ପଚାରବାରେ ସେ ଉଭୟଙ୍କୁ ଗାଳିଗୁଲଜ କରିବା ସହ ଧମକ ଦେଇଥିଲେ। ହେଲେ ଥାନାରେ ଅଭିଯୋଗ କରିବେ ବୋଲି ଏହି ଦମ୍ପତି ଜଣାଇବା ପରେ ୨୦୨୧ରେ ଶ୍ରୀ ପାତ୍ର ୧୫ ଲକ୍ଷ ଟଙ୍କା ଫେରାଇ ଦେଇଥିଲେ। ହେଲେ ଅଗ୍ରୀମ ଟଙ୍କାରୁ ଆଉ ୧୦ ଲକ୍ଷ ରଶ୍ମୀତା ପାଇବାକୁ ଥିଲା। ହେଲେ ଶ୍ରୀ ପାତ୍ର ଟଙ୍କା ଫେରସ୍ତ କରିବାର ନାଁ ଧରିନଥିଲେ। ରଶ୍ମିତା ଓ ତାଙ୍କ ସ୍ୱାମୀ ବାରମ୍ବାର ଟଙ୍କା ମାଗିବାକୁ ଯିବାରୁ ଶ୍ରୀ ପାତ୍ର ନାନାପ୍ରକାର ଧମକ ଦେବା ସହ ଟଙ୍କା ଫେରାଇବେ ନାହିଁ ବୋଲି ମନା କରି ଦେଇଥିଲେ। ଯାହାକୁ ନେଇ ରଶ୍ମିତାଙ୍କ ସ୍ୱାମୀ ଟାଉନ ଥାନାରେ ଅଭିଯୋଗ କରିଥିଲେ। ସେହିପରି ଅଷ୍ଟ୍ରେଲିଆରେ ରହୁଥିବା ବ୍ରହ୍ମପୁରର ସନ୍ତୋଷ କୁମାର ମୁନିଙ୍କୁ ଗୋସାଇଁନୂଆଗାଁ ଅଞ୍ଚଳରେ ଏକ ପ୍ଲଟ ଦେବାକୁ କହି ୨୫ ଲକ୍ଷ ଟଙ୍କା ନେଇଥିଲେ। ହେଲେ ପରବର୍ତ୍ତୀ ସମୟରେ ପ୍ଲଟ ପଞ୍ଜିକରଣ କରାଇନଥିଲେ କିମ୍ବା ଟଙ୍କା ଫେରସ୍ତ କରିନଥିଲେ। ଠକେଇର ଶିକାର ହୋଇଥିବା ଜାଣିବା ପରେ ଶ୍ରୀ ମୁନି ଗୋସାଇଁନୂଆଗାଁ ଥାନାକୁ ଯାଇ ଶ୍ରୀ ପାତ୍ରଙ୍କ ବିରୋଧରେ ଅଭିଯୋଗ କରିଥିଲେ। ଉଭୟଙ୍କ ଅଭିଯୋଗକୁ ଭିତ୍ତି କରି ପୁଲିସ ଶ୍ରୀ ପାତ୍ରଙ୍କ ନାଁରେ ୨ ଟି ମାମଲା ରୁଜୁ କରିବା ସହ ତଦନ୍ତ ଜାରି ରଖିଥିଲା। ଶ୍ରୀ ପାତ୍ର ଉଭୟଙ୍କ ଠାରୁ ଟଙ୍କା ନେଇ ପ୍ଲଟ ବିକ୍ରି କରିନଥିବା ସ୍ପଷ୍ଟ ହେବା ପରେ ଆଜି ତାଙ୍କୁ ଗିରଫ କରି କୋର୍ଟ ଚାଲାଣ କରାଯାଇଥିବା ବ୍ରହ୍ମପୁର ଏସପି ଡା. ସର୍ବଣା ବିବେକ ଏମ କହିଛନ୍ତି। ପାତ୍ରଙ୍କ ଦ୍ୱାରା ଯଦି ଆଉ କିଏ ଠକେଇର ଶିକାର ହୋଇଛନ୍ତି ତେବେ ସେମାନେ ନିକଟସ୍ଥ ପୁଲିସ ଥାନାରେ ଅଭିଯୋଗ କରିବାକୁ ଏସପି ଜଣାଇଛନ୍ତି।

# ମୌସୁମୀ ପୂର୍ବରୁ ବିଭିନ୍ନ ୱାର୍ଡର ସ୍ଥିତି ପରଖିଲେ ମେୟର ଓ ଟିମ୍



ବ୍ରହ୍ମପୁର,୨୫।୫(ସମିସ): ବ୍ରହ୍ମପୁର ମହାନଗର ନିଗମ ପକ୍ଷରୁ ମେୟର ସଂଘମିତ୍ରା ଦଳେଇଙ୍କ ଅଧ୍ୟକ୍ଷତାରେ ତଥା କମିଶନର ଭବାନୀ ପ୍ରସାଦ ମିଶ୍ରଙ୍କ ଉପସ୍ଥିତିରେ ପ୍ରାକ ମୌସୁମୀ ପ୍ରସ୍ତୁତି ନେଇ ସମୀକ୍ଷା ବୈଠକ ଅନୁଷ୍ଠିତ ହୋଇଯାଇଛି। ବୈଠକରେ ବିଭିନ୍ନ ଆଗୁଆ ତଥା ସତର୍କତାମୂଳକ ପଦକ୍ଷେପକୁ ଯୁଦ୍ଧକାଳୀନ ଭିତ୍ତିରେ ଗ୍ରହଣ କରିବାକୁ ଗୁରୁତ୍ୱ ଦିଆଯାଇଥିଲା। ଏହି କ୍ରମେ ମେୟର ସଂଘମିତ୍ରା ଦଳେଇ ଓ ବରିଷ୍ଠ ଅଧିକାରୀଙ୍କୁ ନେଇ ଏକ ସ୍ୱତନ୍ତ୍ର ଟିମ ବିଭିନ୍ନ ୱାର୍ଡରେ ସ୍ଥାନୀୟ କର୍ପୋରେଟରଙ୍କ ଉପସ୍ଥିତିରେ ସ୍ଥିତି ଅନୁଧ୍ୟାନ କରୁଛନ୍ତି। ରବିବାର ନିଗମର ୪୧ ଓ ୨ନମ୍ବର ୱାର୍ଡକୁ ଗସ୍ତରେ ଯାଇ ବିଏମସିର ଏହି ଟିମ ବିଭିନ୍ନ ଅଞ୍ଚଳ ପରିଦର୍ଶନ କରିଥିଲେ। ଅଞ୍ଚଳବାସୀଙ୍କ ଠାରୁ ବର୍ଷା ଜନିତ ହେଉଥିବା ସେମାନଙ୍କର ସମସ୍ୟାକୁ ଜାଣିବାକୁ ଚେଷ୍ଟା କରିଥିଲେ। ପ୍ରଥମେ ମେୟର ଓ ଟିମ ୪୧ନମ୍ବର ୱାର୍ଡ ଅନ୍ତର୍ଗତ ଜୟପ୍ରକାଶ ନଗର ଅଞ୍ଚଳ ପରିଦର୍ଶନ କରିଥିଲେ। ଗସ୍ତ କାଳରେ ଡେପୁଟି ମେୟର ବିବେକ ରେଡି, ସ୍ଥାନୀୟ କର୍ପୋରେଟର ମଳୟ ବିଷୋୟୀ, ସିଟି ଇଞ୍ଜିନିୟର ମନୋଜ କୁମାର ପାତ୍ର ଓ ନିର୍ବାହୀଯନ୍ତ୍ରୀ ସୁଶାନ୍ତ କୁମାର ଡୁଙ୍ଗଡୁଙ୍ଗଙ୍କ ସମେତ ସମ୍ପୃକ୍ତ ଅଞ୍ଚଳ ଦାୟିତ୍ୱରେ ଥିବା କନିଷ୍ଠ ଯନ୍ତ୍ରୀ ଗଣେଷ ପାତ୍ର ଓ ଅଞ୍ଚଳବାସୀ ସାମିଲ ହୋଇଥିଲେ। ସାଧାରଣତଃ ଜୟପ୍ରକାଶ ନଗରରେ ସାମାନ୍ୟ ବର୍ଷା ହେଲେ ଆଣ୍ଠୁଏ ପାଣି ରହିବା ଏକ ନିତିଦିନିଆ ଘଟଣା। ଏହାର କାରଣ ଅନେକ ହୋଇଥିଲେ ହେଁ ଏହି ଅଞ୍ଚଳରେ ଘର ସମ୍ମୁଖରେ ରାସ୍ତା ନଥିବା, ରାସ୍ତାକୁ ଜବରଦଖଲ କରି ଅବରୋଧ କରିବା ଓ ନାଳକୁ ଅବରୋଧ କରି ଗୃହନିର୍ମାଣ କରିବା ଆଦି କାରଣ ଅନ୍ୟତମ। ଯାହା ମେୟର ଓ ଟିମ ପରିଦର୍ଶନ ବେଳେ ସ୍ପଷ୍ଟ ହୋଇଥିଲା। ଏହାକୁ ଦୃଷ୍ଟିରେ ରଖି ସମସ୍ୟାର ସ୍ଥାୟୀ ପ୍ରତିକାର ପାଇଁ ପ୍ରଥମେ ସର୍ଭେ କରାଯାଇ ଜବରଦଖଲ ସ୍ଥାନ ଚିହ୍ନଟ କରାଯାଇ ପ୍ରତ୍ୟେକ ସାହିରେ ଉଭୟ ପାଶ୍ୱର୍ରେ ନାଳ ନିର୍ମାଣ କରାଯିବା ଉପରେ ମେୟର ଗୁରୁତ୍ୱ ଦେଇଛନ୍ତି। ସେହିଭଳି ଏହି ଅଞ୍ଚଳରେ ବିଭିନ୍ନ ସ୍ଥାନରେ ଥିବା ମୁକୁଳା ଡ୍ରେନକୁ ଚିହ୍ନଟ କରି ତୁରନ୍ତ ଗ୍ରୀଲ ବାଡ ପକାଇବାକୁ ମେୟର ନିର୍ଦ୍ଦେଶ ଦେଇଥିଲେ। ପରେ ମେୟର ଓ ଟିମ ବିଏମସିର ୨ନମ୍ବର ୱାର୍ଡ ଅନ୍ତର୍ଗତ ଲକ୍ଷ୍ମୀନୃସିଂହ ନଗର ଓ ଆଖପାଖ ଅଞ୍ଚଳ ବୁଲି ସେଠାକାର ବିଭିନ୍ନ ସମସ୍ୟା ଓ ତାହାର ସ୍ଥାୟୀ ପ୍ରତିକାର ନେଇ ସ୍ଥାନୀୟ କର୍ପୋରେଟର ଆପ୍ପା ରାଓ ଓ ଯୁବନେତା ଅସିତ କୁମାର ସାବତ ଓ ଅନ୍ୟମାନଙ୍କ ସହିତ ଆଲୋଚନା କରିଥିଲେ। ବର୍ଷା ଆଗମନ ପୂର୍ବରୁ ସହରର ବିଭିନ୍ନ ୱାର୍ଡ ପରିଦର୍ଶନ କରି ସେଗୁଡିକର ସମାଧାନ ଦିଗରେ ଏହି ଗସ୍ତର ଲକ୍ଷ୍ୟ ରହିଥିବା କହିଛନ୍ତି ମେୟର ସଂଘମିତ୍ରା ଦଳେଇ। ସେପଟେ ନିଜେ ମେୟର ସ୍ଥାନୀୟ କର୍ପୋରେଟର ଓ ଅଞ୍ଚଳବାସୀଙ୍କ ସହିତ ଆଲୋଚନା କରି ବିଭିନ୍ନ ସମସ୍ୟାର ସ୍ଥାୟୀ ପ୍ରତିକାର ପାଇଁ ଅନ ଦ ସ୍ପଷ୍ଟ ନିଷ୍ପତ୍ତି ନେଇ ତୁରନ୍ତ କାର୍ଯ୍ୟକାରୀ କରିବାକୁ ନିର୍ଦ୍ଦେଶ ଦେଉଥିବାରୁ ଏଭଳି ପଦକ୍ଷେପକୁ ବିଭିନ୍ନ ମହଲରେ ସ୍ୱାଗତ କରାଯାଇଛି।

- ୪୧ ଓ ୨ନଂ. ୱାର୍ଡରେ ଜଳବନ୍ଦୀ ସମସ୍ୟାର ସମାଧାନ ପାଇଁ ଜବରଦଖଲ ଉଚ୍ଛେଦ ଜରୁରୀ
- ମୁକୁଳା ଡ୍ରେନ ତଥା ସମ୍ବେଦନଶୀଳ ସ୍ଥାନ ଚିହ୍ନଟ କରି ତୁରନ୍ତ ପଦକ୍ଷେପ ନେବାକୁ ନିର୍ଦ୍ଦେଶ




# ନୀଳକଣ୍ଠ ନଗର ସରସ୍ୱତୀ ବିଦ୍ୟାମନ୍ଦିର ୧୦ମ ଛାତ୍ରଛାତ୍ରୀଙ୍କୁ ସମ୍ବର୍ଦ୍ଧନା




ବ୍ରହ୍ମପୁର,୨୫।୫(ସମିସ): ସ୍ଥାନୀୟ ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିର, ନୀଳକଣ୍ଠ ନଗର ପରିସରରେ ପରିଚାଳନା ସମିତିର ସଭାପତି ଡଃ. ଜୀବାନନ୍ଦ ତ୍ରିପାଠୀଙ୍କ ଅଧ୍ୟକ୍ଷତାରେ ୧୦ମ ଶ୍ରେଣୀ ଛାତ୍ରଛାତ୍ରୀଙ୍କର ସମ୍ବର୍ଦ୍ଧନା ଉତ୍ସବ ଅନୁଷ୍ଠିତ ହୋଇଯାଇଛି। କାର୍ଯ୍ୟକ୍ରମ ପ୍ରାରମ୍ଭରେ ବିଦ୍ୟାଳୟର ଅଧ୍ୟକ୍ଷ ଏସ୍. ମୋହନ ରାଓ ଅତିଥିମାନଙ୍କ ପରିଚୟ ପ୍ରଦାନ କରିଥିଲେ। ବିଦ୍ୟାଳୟର ଶୈକ୍ଷିକ ପ୍ରଶାସକ ଉମାଧବ ମହାନ୍ତି କାର୍ଯ୍ୟକ୍ରମର ଉଦ୍ଦେଶ୍ୟ ଜ୍ଞାପନ କରିଥିବା ସଙ୍ଗେ ସଙ୍ଗେ ପରିଚାଳନା ସମିତିର ସମ୍ପାଦକ ନାରାୟଣ ପଣ୍ଡା ସ୍ୱାଗତ ଭାଷଣ ପ୍ରଦାନ କରିଥିଲେ। କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥିଭାବେ ବ୍ରହ୍ମପୁର ବିଧାୟକ କେ. ଅନୀଲ କୁମାର ଯୋଗ ଦେଇଥିବା ବେଳେ ସମ୍ମାନିତ ଅତିଥି ଭାବେ ଚିକିଟି ବିଧାୟକ ମନୋରଞ୍ଜନ ଦ୍ୟାନ ସାମନ୍ତରା, ଭାରତୀୟ ଜନତା ପାର୍ଟି ଜିଲ୍ଲା ସଭାପତି ସରୋଜ ସାବତ ଯୋଗ ଦେଇଥିଲେ। ଏ ଅବସରରେ ମୁଖ୍ୟବକ୍ତା ଡଃ. ଶାନ୍ତନୁ କୁମାର ରଥ ଛାତ୍ରଛାତ୍ରୀମାନଙ୍କୁ ଜ୍ଞାନର ଚରମ ଲକ୍ଷ୍ୟ ଚରିତ୍ର ନିର୍ମାଣ ଏବଂ ଶୃଙ୍ଖଳିତ ଜୀବନକୁ ଗ୍ରହଣ କରିବା ସଙ୍ଗେ ସଙ୍ଗେ ନିଜର ଆତ୍ମବିଶ୍ୱାସ, ଅଧ୍ୟବ୍ୟସାୟ, ଅଭିନିବେଶ, ଆତ୍ମସମ୍ମାନ ଓ ରାଷ୍ଟ୍ରର ଉନ୍ନତିରେ ଅବଦାନ ସକାଶେ ସାଧନ କରିବା ପାଇଁ ଉପଦେଶ ଦେଇଥିଲେ। ମୁଖ୍ୟ ଅତିଥି ଶ୍ରୀ ଅନୀଲ ନିଜ ଅଭିଭାଷଣ ମାଧ୍ୟମରେ ଛାତ୍ରଛାତ୍ରୀମାନଙ୍କୁ ଭବିଷ୍ୟତରେ ଏହି ସଫଳତା ବଜାୟ ରଖିବାକୁ ଉପଦେଶ ଦେଇଥିଲେ। ସମ୍ମାନିତ ଅତିଥି ଶ୍ରୀ ସମାନ୍ତରା ସାର ଭାରତ ବର୍ଷରେ ଏହି ଅନୁଷ୍ଠାନର ସୁନାମ ରହିଛି ବୋଲି ବ୍ୟକ୍ତ କରିଥିଲେ। କାର୍ଯ୍ୟକ୍ରମର ଅନ୍ୟତମ ସମ୍ମାନିତ ଅତିଥି ଶ୍ରୀ ସରୋଜ ସାବତ ଶିଶୁ ମାନଙ୍କୁ ଦେଶକୁ ଭଲପାଇବା ନିମନ୍ତେ ପ୍ରେରଣା ଦେଇଥିଲେ। ଚଳିତ ଶିକ୍ଷାବର୍ଷ ୧୦ମ ଶ୍ରେଣୀ ବୋର୍ଡ ପରୀକ୍ଷାରେ ରାଜ୍ୟସ୍ତରରେ ୩ୟ ର୍‌ୟାଙ୍କ୍ ରଖିଥିବା ସୁଶ୍ରୀ ଅର୍ପିତା ଆଚାର୍ଯ୍ୟ, ଶ୍ରୀମାନ୍ ଆଶୁତୋଷ ସେଠୀ ଏବଂ ୬ଷ୍ଠ ର୍‌ୟାଙ୍କ୍ ରଖିଥିବା ଛାତ୍ର ଶ୍ରୀମାନ୍ ପ୍ରତ୍ୟୁଷ କୁମାର ନାୟକ ଓ ୭ମ ର୍‌ୟାଙ୍କ୍ ରଖିଥିବା ଶ୍ରୀମାନ୍ ପ୍ରିୟରଂଜନ ପଣ୍ଡା ଏବଂ ସେମାନଙ୍କ ଅଭିଭାବକମାନଙ୍କୁ ମାନପତ୍ର ଦେଇ ସମ୍ବର୍ଦ୍ଧିତ କରାଯାଇଥିଲା। ପ୍ରଥମ ଦଶଟି ସ୍ଥାନରେ ରହିଥିବା ମୋଟ ୧୭ ଜଣ ଛାତ୍ରଛାତ୍ରୀ ସୁଶ୍ରୀ ଅର୍ପିତା ଆଚାର୍ଯ୍ୟ, ଆଶୁତୋଷ ସେଠୀ, ପ୍ରତୁଷ୍ୟ କୁମାର ନାୟକ, ପ୍ରିୟରଂଜନ ପଣ୍ଡା, ଆକାଂକ୍ଷା ଜେନା, ବିଶ୍ୱଜିତ୍ ପାତ୍ର, ପ୍ରୀତିରାଣୀ ଭୂୟାଁ, ଆୟୁଷ କାନ୍ତ ରଥ, ରାକେଶ କୁମାର ସେଠୀ, ଆଶୁତୋଷ ପାତ୍ର, ପ୍ରଜାପତି ସାହୁ, ସୌମ୍ୟରଂଜନ ପାଣିଗ୍ରାହୀ, ଶୁଭମ୍ ସାହୁ, ଶୁଭଂକର ଦାସ, ଶୁଭ୍ରଜିତ୍ ପୁଷ୍ଟି, ବିଶ୍ୱରଂଜନ ସାମନ୍ତରାୟ, ପ୍ରତୀକ୍ଷା ମହାରଣା ଏବଂ ସେମାନଙ୍କ ଅଭିଭାବକମାନଙ୍କୁ ସମ୍ବର୍ଦ୍ଧିତ କରାଯାଇଥିବା ସଙ୍ଗେ ସଙ୍ଗେ ମୋଟ ୭୬ ଜଣ ଏ ୱାନ୍ ଗ୍ରେଡ୍‌ରେ ଉତ୍ତୀର୍ଣ୍ଣ ହୋଇଥିବା ସମସ୍ତ ଛାତ୍ରଛାତ୍ରୀଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ପରବର୍ତ୍ତୀ ପର୍ଯ୍ୟାୟରେ ପରିଚାଳନା ସମିତିର ସଭାପତି ଡଃ. ଜୀବାନନ୍ଦ ତ୍ରିପାଠୀ ନିଜର ବହୁ ମୂଲ୍ୟ ଅଭିଭାଷଣ ସହ ଶିଶୁମାନଙ୍କୁ ଶପଥ ପାଠ କରାଇଥିଲେ। କାର୍ଯ୍ୟକ୍ରମରେ ଅନ୍ୟ ଅତିଥିମାନଙ୍କ ମଧ୍ୟରେ ଡିଗ୍ରୀ ବିଦ୍ୟାମନ୍ଦିରର ଡିନ୍ ଡ. ବିବେକାନନ୍ଦ ପଣ୍ଡା, +୩ ଅଧ୍ୟକ୍ଷ ଡଃ. ସୁବ୍ରତ କୁମାର ପାଣିଗ୍ରାହୀ, ଶିଶୁ ମନ୍ଦିର ପ୍ରଧାନାଚାର୍ଯ୍ୟ ସୁରେଶ କୁମାର ଆଚାର୍ଯ୍ୟ, ଉପଦେଷ୍ଟା ଧର୍ମରାଜ ସାହୁ, ନରସିଂହ ଚୌଧୁରୀ, ଡା. ପ୍ରସନ୍ନ କର, କେ. ଭେଙ୍କେଟ୍ ରାଓ, ଦୀଲିପ ପ୍ରଧାନ, ଶରତ ଚନ୍ଦ୍ର ମୁନୀ, ପ୍ରସାଦ କୁମାର ଦାଶ, ପ୍ରଧାନାଚାର୍ଯ୍ୟ ନାରାୟଣ ପଣ୍ଡା, ଡଃ. ଶ୍ୱେତାଙ୍କ ଦାଶ, ପି. ରାମାରାଓ ସୁବୁଦ୍ଧି, ପ୍ରକାଶ ଚନ୍ଦ୍ର ପାତ୍ର ଓ ବସନ୍ତ କୁମାର ସାହୁ ପ୍ରମୁଖ ଉପସ୍ଥିତ ଥିଲେ। ପରିଶେଷରେ ବିଦ୍ୟା ମନ୍ଦିରର ସହ ପ୍ରଧାନାଚାର୍ଯ୍ୟ ଜଟେଶ୍ୱର କର ଉପସ୍ଥିତ ଅତିଥି ଓ ଅଭିଭାବକଙ୍କୁ ଧନ୍ୟବାଦ ଅର୍ପଣ କରିଥିଲେ।

# ସମ୍ପାଦକୀୟ



'ଅ' ଠାରୁ 'କ୍ଷ' ଅକ୍ଷର ମାଆ ମୁହଁ ପରି ଦିଶେ,
ମାତୃଭାଷାର ପ୍ରତିଟି ଶବ୍ଦ ସ୍ୱର୍ଗରୁ ଭାସି ଆସେ।
-ରାମକୃଷ୍ଣ ନନ୍ଦ

ସକାଳ THE SAKALA

## କୃତଘ୍ନ ପଡ଼ୋଶୀ

ବାଂଲାଦେଶର କାମଚଳା ସରକାରର ମୁଖ୍ୟ ତଥା ନୋବେଲ୍ ପୁରସ୍କାରପ୍ରାପ୍ତ ଅର୍ଥନୀତିଜ୍ଞ ମହମ୍ମଦ ୟୁନୁସ୍‌ଙ୍କ ଇସ୍ତଫା ନେଇ ଦୁଇଦିନ ଧରି ଚର୍ଚ୍ଚା ହେବା ପରେ ସେଥିରେ ସାମୟିକ ପୂର୍ଣ୍ଣଛେଦ ପଡ଼ିଛି। 'ସାମୟିକ' ଉଲ୍ଲେଖ କରିବା ପଛର ଯୁକ୍ତି ହେଉଛି ଏବେ ବାଂଲାଦେଶ ଯେଉଁଭଳି ପରିବେଶ ଓ ଯେଉଁ ତତ୍ତ୍ୱମାନଙ୍କ ପ୍ରଚ୍ଛନ୍ନ ହସ୍ତକ୍ଷେପରେ ପରିଚାଳିତ ହେଉଛି ସେଥିରେ ଘଡ଼ିକେ ଘୋଡ଼ା ଛୁଟିବା ଅସ୍ୱାଭାବିକ ନୁହେଁ। ଇସ୍ତଫା ଦେବା ବିଷୟରେ ୟୁନୁସ୍ ସିଧାସଳଖ ଘୋଷଣା କରି ନଥିଲେ ହେଁ ସାମ୍ପ୍ରତିକ ପରିସ୍ଥିତି ଓ ଅସ୍ଥିର ପରିବେଶ ଭିତରେ କାମ କରିବା ସମ୍ଭବ ନୁହେଁ ବୋଲି ଛାତ୍ରସଂଗଠନ ନ୍ୟାଶନାଲ୍ ସିଟିଜେନ୍ ପାର୍ଟିକୁ ସମ୍ବୋଧିତ କରିବା ଅବସରରେ କହିଥିଲେ ଏବଂ ତତ୍‌ପରବର୍ତ୍ତୀ କ୍ୟାବିନେଟ୍ ବୈଠକକୁ ମଧ୍ୟ ବର୍ଜନ କରିଥିଲେ। ଏହାପରେ ସେ ଇସ୍ତଫା ଦେବାକୁ ଯାଉଥିବା ଚର୍ଚ୍ଚା ଜୋର ଧରିଥିଲା। ତେବେ ଶନିବାର ବସିଥିବା କ୍ୟାବିନେଟ୍ ବୈଠକ ପରେ ଏଭଳି ଚର୍ଚ୍ଚାକୁ କାମଚଳା ସରକାରର ଅନ୍ୟତମ ଉପଦେଷ୍ଟା ୱାହିଦୁଦ୍ଦିନ୍ ମହମ୍ମଦ୍ ଖଣ୍ଡନ କରିବା ସହିତ ୟୁନୁସ୍ କିମ୍ବା ଉପଦେଷ୍ଟାମାନେ ଇସ୍ତଫା ଦେବାର ପ୍ରଶ୍ନ ଉଠୁନାହିଁ ବୋଲି ସ୍ପଷ୍ଟୀକରଣ ଦେଇଛନ୍ତି। ଏହି ସୂଚନା ଭାରତ ପାଇଁ କିଛିଟା ଆଶ୍ୱସ୍ତି ସୃଷ୍ଟି କରିଛି। କାରଣ ଅସ୍ଥିର ପଡ଼ୋଶୀ ସବୁବେଳେ ଗୋଟିଏ ଦେଶର ସାର୍ବଭୌମତ୍ୱ ଓ ଅଖଣ୍ଡତା ପ୍ରତି ବିପଦ।

ତୀବ୍ର ଜନଆନ୍ଦୋଳନ ଓ ବିଦ୍ରୋହର ପୃଷ୍ଠଭୂମିରେ ତତ୍କାଳୀନ ପ୍ରଧାନମନ୍ତ୍ରୀ ଶେଖ୍ ହସିନାଙ୍କ ଦେଶାନ୍ତର ପରେ ବାଂଲାଦେଶରେ ସୃଷ୍ଟ ଅରାଜକତାକୁ ଦୂର କରିବାରେ ୟୁନୁସ୍‌ଙ୍କ ନେତୃତ୍ୱରେ ଗଠିତ କାମଚଳା ସରକାର ଏ ପର୍ଯ୍ୟନ୍ତ ଯେ ଆଶାନୁରୂପ ଅଗ୍ରଗତି ପରିପାରିନାହିଁ ତାହା ଜଣାପଡୁଛି। ବାଂଲାଦେଶରେ ଯାହା ଚାଲିଛି ତାହା ସେଠାକାର ଆଭ୍ୟନ୍ତରୀଣ ସମସ୍ୟା। କିନ୍ତୁ ଏହାର ଫାଇଦା ଆମେରିକା ଓ ଚୀନ୍ ନେବାକୁ ଯେ ଚାହିଁ ବସିଛନ୍ତି ଏହା ୟୁନୁସ୍ ବୋଧହୁଏ ବୁଝିପାରୁନାହାନ୍ତି କିମ୍ବା ତାଙ୍କ ଭଳି ବିଜ୍ଞ ବୁଦ୍ଧିଜୀବୀଙ୍କ ପକ୍ଷରେ ମୌଳବାଦୀ ରାଜନୀତିର ଜଟିଳ ଅଙ୍କ ବୁଝିବା ସହଜ ହେଉନାହିଁ। ଏକ ରାଜନୈତିକ ଅସ୍ଥିର ଦେଶର ଶାସନ ଭାର ହାତକୁ ନେଇଥିବା ଏକ ଅସ୍ଥାୟୀ ସରକାରର ଉଦ୍ୟମ ସେଠାକାର ଗଣତାନ୍ତ୍ରିକ ଶାସନ ବ୍ୟବସ୍ଥାର ପୁନଃପ୍ରତିଷ୍ଠା କରିବାର ପଥ ଉନ୍ମୋଚନ କରିବା ବଦଳରେ ବିଭିନ୍ନ ସମୟରେ ଭାରତ ବିରୋଧୀ ଆଭିମୁଖ୍ୟ ପୋଷଣ କରି ନିଜର କୃତଘ୍ନତାର ପରିଚୟ ଦେବାରେ ସୀମିତ ରହିଯାଇଛି।

ୟୁନୁସ୍ ଦାୟିତ୍ୱ ନେବା ପରଠାରୁ ତାଙ୍କ ନିୟନ୍ତ୍ରଣ ଓ ନେତୃତ୍ୱରେ ଶାସନକାର୍ଯ୍ୟ ପରି ଯେ ପରିଚାଳିତ ହେଉ ନାହିଁ ତାହା ବିଭିନ୍ନ ସମୟରେ ସେଠାକାର ନେତା ଓ ଅଧିକାରୀମାନେ ଦେଇଥିବା ମନ୍ତବ୍ୟରୁ ଆପାତତଃ ସ୍ପଷ୍ଟ ହେଉଛି। ଭାରତରେ ଅସ୍ଥିରତା ସୃଷ୍ଟି ପାଇଁ ପ୍ରଚ୍ଛନ୍ନ ଧମକ ହେଉ କିମ୍ବା ଚିକେନ୍ ନେକ୍ ଉପରେ ଆକ୍ରମଣ ଚେତାବନୀ ହେଉ କିମ୍ବା ଉତ୍ତର-ପୂର୍ବ ରାଜ୍ୟଗୁଡ଼ିକ ଭାରତର ମୂଳଭୂଖଣ୍ଡଠାରୁ ସ୍ୱାଧୀନ ଏବଂ ବଙ୍ଗୋପସାଗରରେ କେବଳ ଚୀନ୍‌ର ଅଧିକାର ରହିଛି ବୋଲି ୟୁନୁସ୍‌ଙ୍କ ବିବାଦୀୟ ମନ୍ତବ୍ୟ ହେଉ - ସେଥିରୁ ସେଠାକାର କାମଚଳା ସରକାରର ପିଲାଳିଆମୀ କେବଳ ଯାହା ପ୍ରମାଣିତ ହୋଇଛି। ଇସ୍‌ଲାମ୍ ମୌଳବାଦୀଙ୍କ ସଖିକଣ୍ଢେଇ ସାଜିଥିବା ବାଂଲାଦେଶର କାମଚଳା ସରକାରର ଏଭଳି ମନ୍ତବ୍ୟ ରାଜନୈତିକ ପ୍ରତିହିଂସାର ଏକ ନିରର୍ଥକ ପ୍ରତିଫଳନ କହିବା ଭୁଲ୍ ହେବ ନାହିଁ। ବାଂଲାଦେଶ ନିଜର ଅପକର୍ମ ଓ ଅଯୋଗ୍ୟତା ପାଇଁ ଭାରତକୁ ବିରୋଧ କରିବା ଔଷଧ ବିକଳରେ ଡାଟିଆ କାମୁଡ଼ିବା ସଙ୍ଗେ ସମାନ। ସେଠାକାର କତିପୟ ନେତାଙ୍କ ଭାରତ ବିରୋଧୀ ମନୋଭାବ ପଛରେ ମୁଷ୍ଟିମେୟ ଗୋଷ୍ଠୀର ହାତ ରହିଛି, ଯାହାକୁ ଚୀନ୍ ଓ ଆମେରିକା ପରୋକ୍ଷରେ ସମର୍ଥନ ଦେଇଆସୁଛନ୍ତି। ବିଶେଷକରି 'ଅପରେସନ୍ ସିନ୍ଦୂର'ର ଅପାର ସଫଳତା ପରେ ବାଂଲାଦେଶ ମୌଳବାଦୀଙ୍କ ଭାରତ ବିରୋଧୀ ଅସୂୟା ଆହୁରି ଉତ୍କଟ ହୋଇଛି।

ଜନ୍ମଦାତା ଭାରତକୁ ଗୋଇଠା ମାରି ଚୀନ୍ କୋଳରେ ବସିବାକୁ ବାଂଲାଦେଶ ଯଦି ଲାଳାୟିତ ତେବେ ସେଥିରେ କାହାର କିଛି କହିବାର ନାହିଁ। କିନ୍ତୁ ତାହାର ପରିଣତି ଯେ ପାକିସ୍ତାନ, ନେପାଳ ଓ ମାଳଦ୍ୱୀପ, ଶ୍ରୀଲଙ୍କା ପରି ହେବା ନିଶ୍ଚିତ ତାହା ୟୁନୁସ୍‌ଙ୍କ ପରି ବିଜ୍ଞ ବ୍ୟକ୍ତିଙ୍କୁ ବୁଝାଇବା ଚେଇଁ ଶୋଇଥିବା ବ୍ୟକ୍ତିକୁ ଉଠାଇବା ପ୍ରୟାସ ସମାନ। ଭାରତ ସବୁବେଳେ ନିଜର ପଡ଼ୋଶୀଙ୍କ ଉନ୍ନତି, ସ୍ଥିରତା ଓ ଶାନ୍ତି ପାଇଁ ସ୍ୱତନ୍ତ୍ର 'ନେବର ଫାଷ୍ଟ ପଲିସି'(ପଡ଼ୋଶୀ ପ୍ରଥମ) ନୀତି ଆପଣେଇ ଆସିଛି। ଏଥିରେ ବାଂଲାଦେଶ, ଭୁଟାନ, ନେପାଳ, ଶ୍ରୀଲଙ୍କା, ମାଳଦ୍ୱୀପ, ଆଫଗାନିସ୍ତାନ ଆଦି ଦେଶକୁ ଆର୍ଥିକ ସହାୟତା ସହିତ ବାଣିଜ୍ୟ କାରବାରରେ ଭାରତ ଅଗ୍ରାଧିକାର ଦେଉଛି। କୋହଳ ବାଣିଜ୍ୟ ନୀତି ଜରିଆରେ ସେସବୁ ଦେଶରୁ ବିଭିନ୍ନ ସାମଗ୍ରୀ ଆମଦାନୀ କରୁଛି। ସ୍ୱାଧୀନ ଓ ସାର୍ବଭୌମ ରାଷ୍ଟ୍ରଙ୍କ ସହିତ ସମ୍ପର୍କ ସ୍ଥାପନରେ ଯେଉଁ ମର୍ଯ୍ୟାଦା ଏବଂ ଶିଷ୍ଟାଚାର ରଖାଯିବା କଥା ଭାରତ ତାହାକୁ ଭୁଲିନାହିଁ। ଏହାସତ୍ତ୍ୱେ କିଏ ଯଦି ଭାରତର ପ୍ରଭାବ ଓ ପ୍ରତିଷ୍ଠାରେ ଈର୍ଷାନ୍ୱିତ ହୋଇ କୁତ୍ସାରଟନା କରିବ, ତାହା ସେମାନଙ୍କର ହୀନମନ୍ୟତା ବୋଲି କହିବାକୁ ପଡ଼ିବ। ଭାରତ କୌଣସି ପଡ଼ୋଶୀଙ୍କ ଆଭ୍ୟନ୍ତରୀଣ ରାଜନୀତିରେ ହସ୍ତକ୍ଷେପ କରେ ନାହିଁ। ଶ୍ରୀଲଙ୍କା, ମାଳଦ୍ୱୀପ ପରେ ବାଂଲାଦେଶ ତାହାର ଜ୍ୱଳନ୍ତ ଉଦାହରଣ। ସର୍ବୋପରି ବାଂଲାଦେଶକୁ ଏକ ନୂତନ ରାଷ୍ଟ୍ର ଭାବେ ଜନ୍ମନେବାର ଶ୍ରେୟ ଭାରତକୁ ଦିଆଯାଉଥିଲେ ମଧ୍ୟ ଭାରତ ଆମେରିକା ପରି ନିଜର ବଡ଼ଭାଇ ପଣିଆ ବାଂଲାଦେଶ ଉପରେ କେବେ ହେଲେ ଲଦି ଦେଇନାହିଁ କି ଚୀନ୍ ଭଳି ପ୍ରଭୁତ୍ୱ ବିସ୍ତାର ପାଇଁ ଉଦ୍ୟମ କରିନାହିଁ।

ବାଂଲାଦେଶରେ ସ୍ଥିର ସରକାର ରହୁ, ଭାରତ ଏହା ଚାହେଁ ଏବଂ ସେଠି ଯିଏ ବି କ୍ଷମତାକୁ ଆସିବ, ତା' ସହିତ ଭଲ ସମ୍ପର୍କ ରଖିବ। ଦୁଇଦେଶ ମଧ୍ୟରେ ଧାର୍ମିକ ଭିନ୍ନତା ସତ୍ତ୍ୱେ ଏକ ନିବିଡ଼ ସାଂସ୍କୃତିକ ସମ୍ପର୍କ ରହିଆସିଛି। ସେହି ସମ୍ପର୍କର ଦୃଢ଼ତା ଧର୍ମ ଓ ରାଷ୍ଟ୍ରଠାରୁ ଅଧିକ ମହତ୍ତ୍ୱର। କିନ୍ତୁ ସେଠାକାର ମୌଳବାଦୀ ନେତାଙ୍କୁ ଏହା ବୁଝାଇବାରେ ୟୁନୁସ୍ ଲଗାତାର ବିଫଳ ହୋଇଛନ୍ତି, ଯାହା ତାଙ୍କର ଇସ୍ତଫା ଦେବା ମାନସିକତାରେ ପ୍ରତିଫଳନ ଘଟିଛି। ଅପରପକ୍ଷରେ ଏହାର ଫାଇଦା ନେବାକୁ ଚୀନ୍ ଏବଂ ଏବେ ପାକିସ୍ତାନ ୟୁନୁସ୍ ସରକାର ପ୍ରତି ବନ୍ଧୁତ୍ୱର ହାତ ବଢ଼ାଉଛନ୍ତି। ୟୁନୁସ୍ ମଧ୍ୟ ଅପରିଣାଦର୍ଶୀ ଭାବେ ସାମରିକ ଓ ପ୍ରତିରକ୍ଷା ଦୃଷ୍ଟିରୁ ଗୁରୁତ୍ୱପୂର୍ଣ୍ଣ ବିଭିନ୍ନ ଭିତ୍ତିଭୂମି ବିକାଶ କାର୍ଯ୍ୟ ଚୀନ୍ ଓ ପାକିସ୍ତାନ ହାତକୁ ଟେକି ଦେବାରେ କୁଣ୍ଠା ପ୍ରକାଶ କରୁନାହାନ୍ତି। ଭାରତକୁ ପରାଭବ ଦେବା ଲକ୍ଷ୍ୟରେ ବାଂଲାଦେଶର ଚୀନ୍ ଓ ପାକିସ୍ତାନକୁ ଏଭଳି ଅକୁଣ୍ଠ ସମର୍ଥନ 'ସମର୍ପଣ' ମନୋଭାବରେ ପରିବର୍ତ୍ତନ ନ ହେଉ। ବାଂଲାଦେଶ ପୁଣି ପୂର୍ବ-ପାକିସ୍ତାନ ନାମ ଫେରି ପାଇବା ପୂର୍ବରୁ ୟୁନୁସ୍‌ଙ୍କ ଚେତନା ଉଦୟ ହେଉ।

# ଜଳସଙ୍କଟ ଓ ଆଭାସୀ ଜଳବାଣିଜ୍ୟ

**ବିଦ୍ୟାଧର ମହାରଣା**

ଭାରତରେ ବିଶ୍ୱର ମାତ୍ର ୩.୮୩% ମଧୁର ଜଳ ରହିଛି, ଯାହା ୧୪୫ କୋଟି ଲୋକଙ୍କ ପାଇଁ ଉଦ୍ଦିଷ୍ଟ। ସର୍ବନିମ୍ନ ଚାହିଦା ୧୭୦୦ ଘନମିଟର ହୋଇଥିବା ବେଳେ ସମ୍ପ୍ରତି ଭାରତରେ ମୁଣ୍ଡପିଛା ଜଳ ପରିମାଣ ୧୪୮୬ ଘନମିଟର। ତେଣୁ ଦେଶର ପ୍ରାୟ ୬୦ କୋଟି ଲୋକ ଜଳ କଷ୍ଟ ଅନୁଭବ କରୁଛନ୍ତି। ନିତି ଆୟୋଗ ରିପୋର୍ଟ ଅନୁସାରେ ୨୦୩୦ ବେଳକୁ ଆମର ଜଳ ଚାହିଦା ଦୁଇଗୁଣ ହେବ। ତେଣୁ ଏପରି ଜଳସଙ୍କଟର ମୁକାବିଲା କରିବା ପାଇଁ କେତେକ ରଣନୀତି ଆବଶ୍ୟକ। ବିଶେଷକରି ଦେଶର ଜଳସମ୍ପଦ ପରିଚାଳନା ଓ ଖାଦ୍ୟ ନିରାପତ୍ତା ପାଇଁ ଜାତୀୟ ନୀତି ପ୍ରଣୟନ କରିବା ବେଳେ 'ଜଳ ପଦଚିହ୍ନ' ଓ 'ଆଭାସୀ ଜଳ' ବାଣିଜ୍ୟ ବିଷୟରେ ଅନୁଶୀଳନ ଆବଶ୍ୟକ।

'ଆଭାସୀ ଜଳ' ବା 'ଭର୍ଚୁଆଲ ୱାଟର' କହିଲେ ଉତ୍ପାଦନଚକ୍ର ମଧ୍ୟରେ ଉତ୍ପାଦନ ପାଇଁ ବିନିଯୋଗ ହେଉଥିବା ଜଳ ପରିଣାମ ଏବଂ ଉତ୍ପାଦିତ ଦ୍ରବ୍ୟ ମଧ୍ୟରେ ଶେଷପର୍ଯ୍ୟନ୍ତ ରହୁଥିବା ଜଳକୁ ବୁଝାଯାଏ। ସାଧାରଣତଃ ଶସ୍ୟଗୁଡ଼ିକରେ ୧୫% ଜଳ ରହିଲା ବେଳେ ପନିପରିବାରେ ୮୫% ଓ ଫଳରେ ୭୫% ଜଳ ରହିଯାଏ। 'ଜଳ ପଦଚିହ୍ନ' ହେଉଛି ମୋଟ ବ୍ୟବହୃତ ଜଳ ପରିମାଣ, ଯାହାକୁ ଫସଲ ଜୀବନ କାଳରେ ବ୍ୟବହାର କରେ। ଏହି 'ଜଳ ପଦଚିହ୍ନ' ସବୁଜ, ନୀଳ ଓ ଧୂସର ହୋଇଥାଏ। ସବୁଜ ଜଳ ମାଟି ମଧ୍ୟରେ କିମ୍ବା ଜଙ୍ଗଲ ଗଛଲତା ଭିତରେ ଥାଏ। ନୀଳ ଜଳ ଆମେ ସମୁଦ୍ର, ହ୍ରଦ, ନଦୀ ଓ ବିଭିନ୍ନ ଜଳସ୍ରୋତରେ ଦେଖୁ, ଯାହାକୁ ଆମେ କୃଷି, ଶିଳ୍ପ ଓ ଘରୋଇ କାର୍ଯ୍ୟରେ ବ୍ୟବହାର କରୁ। ଯେଉଁ ଜଳ ଅପଶିଷ୍ଟ ହୋଇ ଦୂଷିତ ଜଳ ହିସାବରେ ନାଳ ନର୍ଦ୍ଦମାରେ ବହିଯାଏ ତାହାକୁ ଧୂସର ଜଳ କୁହଯାଏ।

ଜଳ ପଦଚିହ୍ନ କୃଷି ପଦ୍ଧତି, ଜଳ ବିନିଯୋଗ ଦକ୍ଷତା, ସ୍ଥାନୀୟ ଜଳବାୟୁ ଉପରେ ନିର୍ଭର କରେ। ଏହାବ୍ୟତୀତ ଆଭାସୀ ବା ଭର୍ଚୁଆଲ ଜଳ ବିଭିନ୍ନ ଖାଦ୍ୟ, ବସ୍ତ୍ର ଓ ଅନ୍ୟାନ୍ୟ ବସ୍ତୁରେ ଅଦୃଶ୍ୟ ଆକାରରେ ଥାଏ। ଆମେ ଖାଦ୍ୟ, ବସ୍ତ୍ର, ବିନିର୍ମାଣ ବା ମାନୁଫେକ୍‌ଚରିଂ କ୍ଷେତ୍ରରେ ପ୍ରତ୍ୟକ୍ଷ ଓ ଅପ୍ରତ୍ୟକ୍ଷ ଭାବରେ ବ୍ୟବହାର କରୁଥିବା ଜଳକୁ ଆଭାସୀ ବା ଭର୍ଚୁଆଲ ଜଳ ଭାବରେ ହିସାବ କରି ପାରିବା। ଆମ ଦେଶରେ ଚାଷ ହେଉଥିବା ଧାନଫସଲ ପାଇଁ ପ୍ରାୟ ୩୧୮୦୦ କୋଟି ଘନମିଟର ଜଳ ବ୍ୟବହାର ହେଉଛି, ଯାହାକି ଦେଶର ମୋଟ ଜଳ ସମ୍ପଦର ୧୬.୬୭ ପ୍ରତିଶତ। ବିଭିନ୍ନ ଦ୍ରବ୍ୟ ରପ୍ତାନୀରେ ବିଦେଶକୁ ପ୍ରାୟ ୩୨୦୦ କୋଟି ଘନମିଟର ଜଳ ରପ୍ତାନୀ ହେବା ସ୍ଥଳେ ଆମଦାନୀ ସାମାନ୍ୟ ହୋଇଥାଏ।

୧୯୯୦ ମସିହାରୁ ଏପରି ଆଭାସୀ ଜଳ ବିଷୟରେ ଆଲୋଚନା କରାଗଲା। ଉଦାହରଣ ସ୍ୱରୂପ, ଗୋଟିଏ ମକା (୫୦୦ ଗ୍ରାମ) ପାଇଁ ୪୫୦ ଲିଟର ପାଣି ଆବଶ୍ୟକ ଥିବା ବେଳେ ୩୦୦ ଗ୍ରାମ ମାଂସ ପାଇଁ ୪୫୦୦ ଲିଟର ପାଣି ଆବଶ୍ୟକ। ଏକ ଟନ୍ ଗହମ ଉତ୍ପାଦନ ପାଇଁ ୧୦୦୦-୧୩୦୦ ଘନମିଟର ଏବଂ ଚାଉଳ ଏକକିଲୋ ଉତ୍ପାଦନ ପାଇଁ ୩୪୦୦ ଲିଟର ଜଳ ଆବଶ୍ୟକ। ଗୋଟିଏ ପିଜା ପ୍ରସ୍ତୁତି ପାଇଁ ୧୨୬୦ ଲିଟର ଜଳ ଆବଶ୍ୟକ ଥିବା ବେଳେ ଗୋଟିଏ କାର୍ପାସ ଟି ଶାର୍ଟ ପାଇଁ ୨୭୦୦ ଲିଟର ପାଣି ବ୍ୟବହାର ହୋଇଥାଏ। ଦେଶ-ଦେଶ ମଧ୍ୟରେ ଯେଉଁ ଖାଦ୍ୟ ଓ ଅନ୍ୟ ଉତ୍ପାଦ ରପ୍ତାନୀ ଓ ଆମଦାନୀ କରାଯାଏ ତାହାକୁ 'ଆଭାସୀ ଜଳ ବାଣିଜ୍ୟ' ବା 'ଭର୍ଚୁଆଲ ୱାଟର ଟ୍ରେଡ୍' କୁହାଯାଏ। ଉଦାହରଣ ସ୍ୱରୂପ ଆମେ କୌଣସି ଦେଶକୁ ଏକ ଟନ୍ ଗହମ ରପ୍ତାନୀ କଲେ ଆମ ଦେଶର ୧୩୦୦ ଘନମିଟର ଆଭାସୀ ଜଳ ରପ୍ତାନୀ ଆକାରରେ ବିଦେଶକୁ ଚାଲିଗଲା। ଅନ୍ୟପକ୍ଷରେ ଆମେ ଯଦି ଏକ ଟନ ଗହମ ଆମଦାନୀ କଲେ ତାହାହେଲେ ଆମେ ୧୩୦୦ ଘନମିଟର ଜଳ ସଞ୍ଚୟ କଲେ। ସୁତରାଂ ଗୋଟିଏ ଦେଶ ଅନ୍ୟ ଏକ ଦେଶରୁ ଖାଦ୍ୟ, ବସ୍ତ୍ର ଓ ଅନ୍ୟାନ୍ୟ ଉପକରଣ ଆମଦାନୀ କରିବା ଅର୍ଥ ହେଉଛି ସେହି ଦ୍ରବ୍ୟ ପାଇଁ ଅନ୍ୟ ଦେଶ ଯେଉଁ ଜଳ ବ୍ୟବହାର କରିଛି ତାହା ସିଏ ଆମଦାନୀ କଲେ। ଏହାହିଁ ହେଉଛି ଆଭାସୀ ଜଳ ବାଣିଜ୍ୟ କାରବାର। ଯେଉଁ ଦେଶରେ ଜଳସଂକଟ ଅଧିକ ଥାଏ ସେହି ଦେଶ ଅନ୍ୟ ଦେଶରୁ ଖାଦ୍ୟ ଇତ୍ୟାଦି ଆମଦାନୀ କରିବାକୁ ପସନ୍ଦ କରିବେ। ଜାପାନ ବାହାର ଦେଶର ଖାଦ୍ୟ ଆମଦାନୀ କରି ନିଜ ଦେଶର ଜଳସଞ୍ଚୟ କରୁଛି।

ଏପରି ଆଭାସୀ ଜଳ ବାଣିଜ୍ୟ କାରବାରରେ କେତେକ ଫାଇଦା ମିଳିଥାଏ। ପ୍ରଥମରେ ଦେଶରେ ଜଳସଂକଟ ପରିସ୍ଥିତିର ମୁକାବିଲା କରିବା ପାଇଁ ଏହା ଏକ ଉତ୍ତମ ମାର୍ଗ। ଦ୍ୱିତୀୟରେ ଦେଶରେ ଖାଦ୍ୟ ନିରାପତ୍ତା ହାସଲ ପାଇଁ ଅଧିକ ଜଳ ବ୍ୟବହାର କରୁଥିବା ଖାଦ୍ୟ ଯଥା: ଚାଉଳ, ମାଂସ ଇତ୍ୟାଦି ଅନ୍ୟ ଦେଶରୁ ଆମଦାନୀ କଲେ ଖାଦ୍ୟ ନିରାପତ୍ତା ସହଜରେ ହାସଲ ହୋଇ ପାରିବ। ତୃତୀୟରେ ଜଳ ସଙ୍କଟ ପରିଚାଳନା ପାଇଁ କେତେକ ଦେଶ କମ୍ ଜଳ ଆବଶ୍ୟକ କରୁଥିବା ଦ୍ରବ୍ୟ ଉତ୍ପାଦନ କରିବାରେ ପାରଙ୍ଗମ ହେବା ଦ୍ୱାରା ଅର୍ଥନୈତିକ ପ୍ରଗତି ହାସଲ ହୋଇଥାଏ। ବିନିର୍ମାଣ କ୍ଷେତ୍ରରେ ବିଭିନ୍ନ ବସ୍ତୁ ତିଆରି କରାଯାଇ ବିଦେଶକୁ ରପ୍ତାନୀ କରାଯାଏ। ଏହି ଦ୍ରବ୍ୟଗୁଡ଼ିକ ମାଧ୍ୟମରେ ଆଭାସୀ ଜଳ ବିଦେଶକୁ ରପ୍ତାନୀ କରାଯାଏ। ଅନ୍ୟାନ୍ୟ ସେବା କ୍ଷେତ୍ରରେ (ପର୍ଯ୍ୟଟନ ଇତ୍ୟାଦି) ମଧ୍ୟ ବହୁଳ ଭାବରେ ଜଳ ବିନିଯୋଗ ହୁଏ। ପର୍ଯ୍ୟଟକମାନେ ଯେଉଁ ଦ୍ରବ୍ୟ ବ୍ୟବହାର କରନ୍ତି ସେଥିରେ ମଧ୍ୟ ବହୁ ପରିଣାମରେ ଆଭାସୀ ଜଳ ରହିଥାଏ।

ଆଭାସୀ ଜଳ ବାଣିଜ୍ୟରେ ସୀମିତ ଜଳସମ୍ପଦ ଥିବା ଅଞ୍ଚଳରେ ଜଳସଙ୍କଟ ଦେଖାଯାଏ। ବିଭିନ୍ନ ବସ୍ତୁ ନିର୍ମାଣ ବେଳେ ଯେଉଁ ଜଳ ବ୍ୟବହାର ହୁଏ ତାହା ପରିବେଶ ପ୍ରଦୂଷଣ କରିପାରେ ଏବଂ ଜଳସମ୍ପଦ ହ୍ରାସ କରିପାରେ। ଜଳସଙ୍କଟ ଅଞ୍ଚଳକୁ ପ୍ରଚୁର ଜଳସମ୍ପଦ ଥିବା ଅଞ୍ଚଳରୁ ଅଧିକ ଜଳ ଖର୍ଚ୍ଚ କରୁଥିବା ସମାଗ୍ରୀ ଆମଦାନୀ କରିବା ଫଳରେ ବିଭିନ୍ନ ଅଞ୍ଚଳରେ ଅର୍ଥନୈତିକ ବୈଷମ୍ୟ ଦେଖାଯିବା ସ୍ୱାଭାବିକ। ଭାରତ ଆମେରିକା, ସ୍ପେନ୍, ମାଲେସିଆ, ରୁଷିଆ, ଥାଇଲାଣ୍ଡ ଓ ଅଷ୍ଟ୍ରେଲିଆକୁ ଅନେକ ଦ୍ରବ୍ୟ ରପ୍ତାନୀ କରୁଥିବାରୁ ଆମ ଦେଶରୁ ବହୁ ପରିଣାମରେ ଜଳ ବିଦେଶକୁ ଚାଲିଯାଉଛି।

କହିବା ବାହୁଲ୍ୟ ଯେ ଆଭାସୀ ଜଳ ବାଣିଜ୍ୟ ଏକ ଜଟିଳ ବିଷୟ, ଯାହାର ଉଭୟ ସକାରାତ୍ମକ ଓ ନକାରାତ୍ମକ ପ୍ରଭାବ ରହୁଛି। ଦେଶର ଖାଦ୍ୟ ନିରାପତ୍ତା ହାସଲ ପାଇଁ ଜଳସମ୍ବଳ ପରିଚାଳନା ନିମନ୍ତେ ଏହାକୁ ଏକ ସାଧନ ହିସାବରେ ବ୍ୟବହାର କରାଯାଇ ପାରିବ। ପରିବେଶ ସମସ୍ୟା ଓ ଜଳସଙ୍କଟ ସମାଧାନ ପାଇଁ ଏହାକୁ ସତର୍କତାର ସହିତ ପରିଚାଳନା କରିବା ମଧ୍ୟ ଆବଶ୍ୟକ। ଆଭାସୀ ଜଳ ବାଣିଜ୍ୟ କ୍ଷେତ୍ରରେ କେତେକ ବ୍ୟକ୍ତିଗତ ପଦକ୍ଷେପ ମଧ୍ୟ ଆବଶ୍ୟକ। ଆମେ ସର୍ବଦା ନୂତନ ବସ୍ତ୍ର ପରିଧାନ ନକରି ପୁରୁଣା ବସ୍ତ୍ରକୁ ପରିଷ୍କାର କରି ପିନ୍ଧିପାରିବା। ଏହାଦ୍ୱାରା ବସ୍ତ୍ର ନିର୍ମାଣ ପାଇଁ ଆବଶ୍ୟକ ଜଳ ବ୍ୟବହାର ହ୍ରାସ ପାଇବ। ଅଧିକ ଜଳ ଆବଶ୍ୟକ କରୁଥିବା ଖାଦ୍ୟଶସ୍ୟ ବଦଳରେ ଆମେ ଅଧିକ ପନିପରିବା ଖାଇ ପାରିବା। ଘରେ କମ୍ ବିଜୁଳି ଶକ୍ତି ଆବଶ୍ୟକ କରୁଥିବା ଉପକରଣ ବ୍ୟବହାର କରିପାରିବା। କୌଣସି ତରଳ ପଦାର୍ଥକୁ ସାଇତି ରଖିବା ପାଇଁ ନୂଆ ବୋତଲ ପରିବର୍ତ୍ତେ ପୁରୁଣା ବୋତଲ ବ୍ୟବହାର କରି ପାରିବା। ରାସ୍ତାରେ ପରିବହନ ପାଇଁ ଗାଡ଼ି ବଦଳରେ ଯଥାସମ୍ଭବ ସାଇକେଲ କିମ୍ବା ସର୍ବସାଧାରଣ ଗାଡ଼ି ବ୍ୟବହାର କରିପାରିବା। ସୁତରାଂ ଆଭାସୀ ଜଳବାଣିଜ୍ୟର ବିଭିନ୍ନ ଦିଗ ଉପରେ ବିସ୍ତୃତ ଆଲୋଚନା ହେବା ଆବଶ୍ୟକ।

ଆଭାସୀ ଜଳ ସମସ୍ୟା ସମାଧାନ ପାଇଁ କେତେକ ପଦକ୍ଷେପ ନିଆ ଯାଇପାରେ। ଏଥିପାଇଁ ଜଳ ପରିଚାଳନାରେ ଉନ୍ନତି, ସେଚଜଳର ଦକ୍ଷତା ବୃଦ୍ଧି, ଅତ୍ୟଧିକ ଜଳ ଆବଶ୍ୟକ କରୁଥିବା ଫସଲ ପରିବର୍ତ୍ତନ ଏବଂ ଗୋଷ୍ଠୀ ଭିତ୍ତିକ କାର୍ଯ୍ୟକ୍ରମ ଅନ୍ତର୍ଭୁକ୍ତ। ପ୍ରଥମ ରଣନୀତି ହିସାବରେ ଜଳ ପରିଚାଳନା ଉନ୍ନତି ଓ ଭିତ୍ତିଭୂମି ବିକାଶ ପାଇଁ କୃଷି କ୍ଷେତ୍ରରେ ଜଳ ଅପଚୟ ହ୍ରାସ ଏବଂ ସିଞ୍ଚନ କିମ୍ବା ବୁନ୍ଦା ଜଳସେଚନ ପ୍ରଣାଳୀ ଅନୁସରଣ ଆବଶ୍ୟକ। ଦ୍ୱିତୀୟ ରଣନୀତି ହିସାବରେ ଜଳ ମହଜୁଦ ଓ ପୁନଃଭରଣା ପାଇଁ ନଦୀରେ ଜଳଭଣ୍ଡାର, ନଦୀ ବନ୍ଧ ଓ ବ୍ୟାରେଜ ନିର୍ମାଣ , ଭୂତଳ ଜଳପତ୍ତନ ବୃଦ୍ଧି ପାଇଁ ପୁନଃଭରଣ କରିବା ନିମନ୍ତେ ପଦକ୍ଷେପ ନେବା ଆବଶ୍ୟକ। ତୃତୀୟରେ ଜଳ ପୁନଃବିନିଯୋଗ ଓ ପୁନଃଚକ୍ରିକରଣ ନିମନ୍ତେ ଅପଶିଷ୍ଟ ଜଳକୁ ଉପଚାର କରି ଜଳସେଚନ କିମ୍ବା ଶିଳ୍ପକ୍ଷେତ୍ରରେ ବ୍ୟବହାର କରାଯାଇପାରିବ। ଚତୁର୍ଥତଃ, ଜଳବଣ୍ଟନ ପ୍ରଣାଳୀରେ ଜଳ ଯେପରି ପାଇପ୍ ରୁ ବାହାରି ନ ଯାଏ ସେଥିପ୍ରତି ଧ୍ୟାନ ଦେବାକୁ ହେବ। ପଞ୍ଚମରେ ବର୍ଷାଜଳ ଅମଳ ଓ ସଂରକ୍ଷଣ ପାଇଁ ଗୋଷ୍ଠୀଭିତ୍ତିକ ଜଳଅମଳ ଓ ସଂରକ୍ଷଣ ପ୍ରକଳ୍ପ ନିର୍ମାଣ, ଫାର୍ମ ପୋଖରୀ ଓ ଆଡ଼ିବନ୍ଧ ନିର୍ମାଣ କାର୍ଯ୍ୟକ୍ରମକୁ ବ୍ୟାପକ କରିବାକୁ ହେବ। କୃଷିକ୍ଷେତ୍ରରେ ଅଧିକ ଜଳ ଆବଶ୍ୟକ କରୁଥିବା ଧାନ, ଆଖୁ ଇତ୍ୟାଦି ଫସଲ ପରିବର୍ତ୍ତେ ଡାଲି ଫସଲ ଓ ତୈଳବୀଜ ଇତ୍ୟାଦି ଫସଲ ଚାଷକରିବା ଆବଶ୍ୟକ। ଏହା ସହିତ ଜଳବାୟୁ ସହନଶୀଳ କୃଷିପଦ୍ଧତି ହିସାବରେ ଫସଲ ଓ ବିହନ ପରିବର୍ତ୍ତନ, ସଠିକ୍ ପ୍ରଣାଳୀରେ ଜଳସେଚନ, ଜୈବିକକୃଷି, ସମ୍ମିଳିତ ପୋଷକ ଯୋଗାଣ, ଅଙ୍ଗାର ପୃଥକୀକରଣ ପାଇଁ କୃଷି ବନୀକରଣ ଇତ୍ୟାଦି କାର୍ଯ୍ୟକ୍ରମ ଗ୍ରହଣ ଆବଶ୍ୟକ। ସବୁଠାରୁ ଗୁରୁତ୍ୱପୂର୍ଣ୍ଣ ବିଷୟ ହେଉଛି ଶିଳ୍ପ, ନିର୍ମାଣ, ଗୃହ, ଅନୁଷ୍ଠାନ ଇତ୍ୟାଦି ସ୍ଥଳରେ ଜଳସଞ୍ଚୟ ପାଇଁ ନିର୍ଦ୍ଦିଷ୍ଟ ପଦକ୍ଷେପ ନେବା ଅତି ଜରୁରୀ। ଏଥିପାଇଁ ଗୋଷ୍ଠୀ ସମ୍ପ୍ରଦାୟକୁ ଶିକ୍ଷା ଓ ସଚେତନତା ଆବଶ୍ୟକ।

ଭୁବନେଶ୍ୱର, ମୋ: ୯୪୩୭୦୭୧୧୯୦

# ଭାରତର ଅମୋଘ ବାୟୁ ପ୍ରତିରକ୍ଷା କବଚ

**ନିକୁଞ୍ଜ ବିହାରୀ ସାହୁ**

ଅପରେସନ୍ ସିନ୍ଦୂରର ପ୍ରତିକ୍ରିୟାରେ ପାକିସ୍ତାନ ଭାରତୀୟ ସହର ଓ ସାମରିକ ଘାଟି ଉପରେ କ୍ଷେପଣାସ୍ତ୍ର, ରକେଟ ଓ ଡ୍ରୋନ୍ ଆକ୍ରମଣ କରିବାକୁ ଉଦ୍ୟମ କରିଥିଲା। ମାତ୍ର ଭାରତର ରୁଷିଆ ନିର୍ମିତ ଏସ୍୪୦୦ ଅମୋଘ ପ୍ରତିରକ୍ଷା ପ୍ରଣାଳୀ ସେସବୁକୁ ଆକାଶମାର୍ଗରେ ହିଁ ନଷ୍ଟ କରି ଭାରତର ଧନଜୀବନକୁ ସୁରକ୍ଷିତ ରଖିଥିଲା। ଏହାପରେ ଏସ୍୪୦୦କୁ ନେଇ ଭାରତ ଓ ଭାରତ ବାହାରେ ଅନେକ ଚର୍ଚ୍ଚା ହେଉଛି।

ଏସ୍୪୦୦ ମୁଖ୍ୟତଃ ବାୟୁ ପ୍ରତିରକ୍ଷା ପ୍ରଣାଳୀ, ଯାହା ଆକାଶମାର୍ଗରେ ଶତ୍ରୁ ପକ୍ଷରୁ ହେଉଥିବା ବାଲଷ୍ଟିକ କିମ୍ବା କ୍ରୁଜ୍ କ୍ଷେପଣାସ୍ତ୍ର, ଡ୍ରୋନ୍, ରକେଟ ଓ ଲଢୁଆ ବିମାନ ଆଦି ଜରିଆରେ ହେଉଥିବା ଆକ୍ରମଣକୁ ସଫଳତାର ସହ ପ୍ରତିହତ କରିଥାଏ। ଏହାର ମୂଳ ନାମ ଟ୍ରାୟମ୍ଫ। ଏହାର ବିକାଶ ନିମନ୍ତେ ୧୯୯୧ରେ ତତ୍କାଳୀନ ସୋଭିଏତ ରୁଷ୍ ସରକାର ସବୁଜ ସଙ୍କେତ ଦେଇଥିଲେ। କିନ୍ତୁ ସୋଭିଏତ୍ ସଂଘ ଭାଙ୍ଗିଯିବା ପରେ ଏହି କାର୍ଯ୍ୟକ୍ରମ ବନ୍ଦ ହୋଇଯାଇଥିଲା। ୧୯୯୩ ମସିହାରେ ରୁଷୀୟ ବାୟୁସେନା ଏହି ପ୍ରକଳ୍ପକୁ ପୁନଃକାର୍ଯ୍ୟକ୍ଷମ କରି ୧୯୯୯ ମସିହାରେ ସଫଳତାର ସହିତ ପରୀକ୍ଷଣ କରିଥିଲା ଏବଂ ୨୦୦୭ ମସିହାରେ ବାୟୁସେନାରେ ସାମିଲ୍ କରାଯାଇ ଯୁଦ୍ଧକ୍ଷେତ୍ରରେ ସଫଳତାର ସହ ପ୍ରୟୋଗ କରାଯାଇଥିଲା। ରୁଷିଆର ଏଲମାଜ୍ ସେଣ୍ଟ୍ରାଲ ଡିଜାଇନ୍ ବ୍ୟୁରୋ ଦ୍ୱାରା ବିକଶିତ ଏହି ପ୍ରତିରକ୍ଷା ପ୍ରଣାଳୀ ଭାରତ ବ୍ୟତୀତ ଚୀନ୍, ତୁର୍କୀ, ଆଲଜେରିଆ, ବେଲାରୁଷ ଓ ସିରିୟା ପାଖରେ ରହିଛି। ଏଭଳି ୫ଟି ପ୍ରଣାଳୀ ଯୋଗାଣ କରିବା ପାଇଁ ଭାରତ ଓ ରୁଷିଆ ମଧ୍ୟରେ ୨୦୧୮ ମସିହାରେ ୪୦,୦୦୦ କୋଟି ଟଙ୍କା ବିନିମୟରେ ଚୁକ୍ତି ହୋଇଥିଲା। ସେଥି ମଧ୍ୟରୁ ୩ଟି ପ୍ରଣାଳୀ ଯୋଗାଣ ହୋଇ ସାରିଥିଲା ବେଳେ ଆଉ ୨ଟିର ଯୋଗାଣ ରୁଷିଆ-ୟୁକ୍ରେନ୍ ଯୁଦ୍ଧ ପାଇଁ ବିଳମ୍ବ ଘଟିଛି।

ଏସ୍ ୪୦୦ ପ୍ରତିରକ୍ଷା ପ୍ରଣାଳୀର ସବୁଠାରୁ ବଡ଼ ବିଶେଷତ୍ୱ ହେଲା ଏହାର ଗତିଶୀଳତା। ସମଗ୍ର ପ୍ରଣାଳୀ ଏକ ଗତିଶୀଳ ଯାନ ଉପରେ ଅବସ୍ଥାପିତ ହୋଇ ଥିବାରୁ ଏହାକୁ ସହଜରେ ଲକ୍ଷ୍ୟସ୍ଥଳୀ ଅଭିମୁଖେ ପଠାଯାଇପାରିବ। ଏଥିରେ ଖଞ୍ଜା ଥିବା ରାଡାର ଏକସମୟରେ ୬୦୦ କି.ମି. ଦୂରରେ ଥିବା ଏବଂ ୧୭,୦୦୦ କି.ମି. ପ୍ରତି ଘଣ୍ଟା ବେଗରେ ଗତି କରୁଥିବା ଶତ୍ରୁପକ୍ଷର ଏକାଧିକ ବସ୍ତୁକୁ ଠାବ କରିପାରିବ ଏବଂ ନିର୍ଦ୍ଦେଶ ମିଳିବାର ମାତ୍ର ୫ ରୁ ୧୦ ମିନିଟ ମଧ୍ୟରେ କାର୍ଯ୍ୟକ୍ଷମ ହୋଇ ଏକସମୟରେ ଶତ୍ରୁପକ୍ଷର ୧୬୦ ଟି ବାୟୁବାହିତ ବସ୍ତୁକୁ ଠାବ କରିପାରେ। ଏକାସଙ୍ଗରେ ୩୬ଟି ବସ୍ତୁକୁ ଧ୍ୱଂସ କରିବା ପାଇଁ ୭୨ଟି ଅସ୍ତ୍ର ପ୍ରୟୋଗ କରିପାରେ। ଏସ୍୪୦୦ ପ୍ରତିରକ୍ଷା ପ୍ରଣାଳୀର ପ୍ରତିଟି ସ୍କ୍ୱାର୍ଡନରେ ୬ଟି ଲଞ୍ଚର, ଗୋଟିଏ ରାଡାର, ଗୋଟିଏ କମାଣ୍ଡ କେନ୍ଦ୍ର ଓ ୧୨୮ଟି ଅସ୍ତ୍ର ଥାଏ। ଏହାର ରାଡାର ବ୍ୟବସ୍ଥା ବହୁସ୍ତର ବିଶିଷ୍ଟ ଏବଂ ପ୍ରତ୍ୟେକ ସ୍ତର କିଛି ନିର୍ଦ୍ଦିଷ୍ଟ କାର୍ଯ୍ୟ କରିବା ପାଇଁ ଅଭିପ୍ରେତ। ପ୍ରଣାଳୀର ନିର୍ଦ୍ଦେଶ ବା କମାଣ୍ଡ କେନ୍ଦ୍ର ସମ୍ପୂର୍ଣ୍ଣ ରୂପେ ସ୍ୱୟଂଚାଳିତ, ଡିଜିଟାଲ ଭିତ୍ତିକ ଏବଂ ଯୋଗାଯୋଗ ବ୍ୟବସ୍ଥା କ୍ଷେତ୍ରରେ ଜାମ୍ ନିରୋଧୀ। ଏହା ପ୍ରଣାଳିର ମସ୍ତିଷ୍କ ସଦୃଶ। ଏହା ପକୃତ ସମୟରେ ରାଡାରରୁ ତଥ୍ୟ ସଂଗ୍ରହ ଓ ତଥ୍ୟ ପରିଚାଳନା, ଅସ୍ତ୍ର ପ୍ରୟୋଗ ନିମନ୍ତେ ନିର୍ଦ୍ଦେଶ ଜାରି ତଥା ଏକାଧିକ ଲଞ୍ଚର ମଧ୍ୟରେ ସମନ୍ୱୟତା ରକ୍ଷା କରିଥାଏ। ଏହି ବ୍ୟବସ୍ଥା ଏପରି ଭାବେ ପ୍ରସ୍ତୁତ କରାଯାଇଛି ଯେ, ଏହାର କୌଣସି ଗୋଟିଏ ବିଭାଗ କିଛି କାରଣରୁ କାର୍ଯ୍ୟ ନକଲେ ସୁଦ୍ଧା ସମୁଦାୟ କେନ୍ଦ୍ରର କାର୍ଯ୍ୟଦକ୍ଷତା ଅପରିବର୍ତ୍ତିତ ରହିଥାଏ।

ଏସ୍୪୦୦ ପ୍ରତିରକ୍ଷା ପ୍ରଣାଳୀରେ ଅଲଗା ଅଲଗା ମାର୍ଗଦୂରତାର ସମୁଦାୟ ୪ଟି କ୍ଷେପଣାସ୍ତ୍ର ସାମିଲ ଥାଏ। ଏହି କ୍ଷେପଣାସ୍ତ୍ରସବୁ ଆବଶ୍ୟକତା ଅନୁସାରେ ଅର୍ଥାତ ଆକ୍ରମଣକାରୀ ବସ୍ତୁର ଦୂରତା ଓ ଉଚ୍ଚତା ଅନୁସାରେ କାର୍ଯ୍ୟକାରୀ ହୋଇଥା'ନ୍ତି ଏବଂ ସେଗୁଡ଼ିକ ଅତ୍ୟଧିକ ଉଚ୍ଚତାରେ ଦ୍ରୁତ ଧାବମାନ ବାଲଷ୍ଟିକ କ୍ଷେପଣାସ୍ତ୍ରଠାରୁ ଆରମ୍ଭକରି ନିମ୍ନ ଉଚ୍ଚତାରେ ଉଡୁଥିବା କ୍ରୁଜ କ୍ଷେପଣସ୍ତ୍ର କିମ୍ବା ଲୁଚି ଲୁଚି ଆସୁଥିବା ଷ୍ଟିଲଥ ବୋମାବର୍ଷୀ ବିମାନ ସହିତ ନିୟୋଜିତ ହୋଇପାରନ୍ତି। ସ୍ୱଳ୍ପ ଦୂରଗାମୀ କ୍ଷେପଣାସ୍ତ୍ର, ମଧ୍ୟମ ଦୂରଗାମୀ କ୍ଷେପଣାସ୍ତ୍ର, ଅଧିକ ଦୂରଗାମୀ କ୍ଷେପଣାସ୍ତ୍ର ଏବଂ ଅତି-ଅଧିକ ଦୂରଗାମୀ କ୍ଷେପଣାସ୍ତ୍ର। ସ୍ୱଳ୍ପ ଦୂରଗାମୀ କ୍ଷେପଣାସ୍ତ୍ରର ମାରକସୀମା ୪୦ କି.ମି. ପର୍ଯ୍ୟନ୍ତ, ମଧ୍ୟମ ଦୂରଗାମୀ ଅସ୍ତ୍ର ର ମାରକସୀମା ୧୨୦ କି.ମି. ପର୍ଯ୍ୟନ୍ତ, ଦୂରଗାମୀ କ୍ଷେପଣାସ୍ତ୍ର ର ମାରକସୀମା ୨୫୦ କି.ମି. ପର୍ଯ୍ୟନ୍ତ ଏବଂ ଅତିଦୂରଗାମୀ କ୍ଷେପଣାସ୍ତ୍ରର ମାରକସୀମା ୪୦୦ କି.ମି. ପର୍ଯ୍ୟନ୍ତ ହୋଇଥାଏ। ଏସ୍୪୦୦ ପ୍ରତିରକ୍ଷା ପ୍ରଣାଳୀରେ ଏକ ସର୍ବେଲାନ୍ସ ରାଡାର ସ୍ଥାନିତ ଥାଏ, ଯାହା ନିଜର କାର୍ଯ୍ୟକାରୀ କ୍ଷେତ୍ରର ଚତୁଃପାଶ୍ୱର୍ରେ ଏକ ସୁରକ୍ଷା ବଳୟ ନିର୍ଦ୍ଧାରଣ କରିଥାଏ। ଏହି ବଳୟ ମଧ୍ୟରେ ଶତ୍ରୁପକ୍ଷର କୌଣସି ବସ୍ତୁ ପ୍ରବେଶ କରିବା ସଙ୍ଗେ ସଙ୍ଗେ ତାହାକୁ ଠାବ କରିଥାଏ ଏବଂ ତାହା ଏହି ସଙ୍କେତକୁ କମାଣ୍ଡ ଗାଡ଼ିକୁ ପ୍ରେରଣ କରିଥାଏ। ସଙ୍କେତ ମିଳିବା ମାତ୍ରେ ଗାଇଡେନ-ରାଡାର ବସ୍ତୁର ଅବସ୍ଥିତି ନିର୍ଭୁଲ ରୂପେ ନିରୂପଣ କରି ନିକଟତମ ଗାଡ଼ିରୁ ପ୍ରତିକ୍ଷେପଣାସ୍ତ୍ର ପ୍ରୟୋଗ ପୂର୍ବକ ଆକ୍ରମଣକାରୀ ବସ୍ତୁକୁ ଆକାଶମାର୍ଗରେ ହିଁ ନଷ୍ଟ କରି ଦିଆଯାଏ। ଏଥିରେ ସ୍ଥାନିତ ଏଲ୍-ବ୍ୟାଣ୍ଡରେ କାର୍ଯ୍ୟ କରୁଥିବା ବିଗ୍ ବାର୍ଡ ରାଡାର ୬୦୦ କି.ମି. ଦୂରତା ପର୍ଯ୍ୟନ୍ତ ଶତ୍ରୁପକ୍ଷର ଟାର୍ଗେଟ୍‌କୁ ଚିହ୍ନଟ କରିପାରେ। ଏସ୍-ବ୍ୟାଣ୍ଡରେ କାମ କରୁଥିବା ଅନ୍ୟ ଏକ ରାଡାରକୁ ଆକ୍ରମଣକାରୀ ବସ୍ତୁର ଉଚ୍ଚତା ନିର୍ଣ୍ଣୟ ତଥା କମ୍ ଉଚ୍ଚତାରେ ଉଡୁଥିବା ବସ୍ତୁକୁ ଟ୍ରାକିଂ କରିବା ପାଇଁ ସକ୍ଷମ। ଏହା ବ୍ୟତୀତ, ପ୍ରଣାଳୀର ଏକ ବିକଳ୍ପ ଭିଏଚ୍‌ଏଫ୍ ବ୍ୟାଣ୍ଡ ରାଡାର ମଧ୍ୟ ସ୍ଥାନିତ ଥାଏ, ଯାହା ଶତ୍ରୁପକ୍ଷର ଲୁଚି ଲୁଚି ଆସୁଥିବା ଗୁପ୍ତ ବିମାନକୁ ସହଜରେ ଚିହ୍ନଟ କରିପାରେ।

ଏହି ଦୁର୍ଦ୍ଧର୍ଷ ଓ ଅପରାଜେୟ ଏସ୍୪୦୦ ବ୍ୟବସ୍ଥାକୁ "ସୁଦର୍ଶନ ଚକ୍ର' ବୋଲି ଆଖ୍ୟା ଦିଆଯାଇଛି। ଭଗବାନ ଶ୍ରୀକୃଷ୍ଣଙ୍କ ସୁଦର୍ଶନଚକ୍ର ଯେପରି ନ୍ୟାୟର ପ୍ରତୀକ, ଏହି ପ୍ରତିରକ୍ଷା ପ୍ରଣାଳୀ ସେହିପରି ଶତ୍ରୁର ଅନ୍ୟାୟ ଆକ୍ରମଣରୁ ଦେଶ ଓ ନାଗରିକଙ୍କୁ ରକ୍ଷା କରି ଧର୍ମ ଓ ସୁଶାସନ ପ୍ରତିଷ୍ଠା ନିମନ୍ତେ ସଦାଚେଷ୍ଟିତ। ସୁତରାଂ ଏହି ପ୍ରତିରକ୍ଷା ପ୍ରଣାଳୀ ଆମ ବାୟୁସେନାର ଏକ ଅଭେଦ୍ୟ ଓ ଅମୋଘ ପ୍ରତିରକ୍ଷା କବଚ।

ଏଜୁକେଶନ ଅଫିସର, ଆଞ୍ଚଳିକ ବିଜ୍ଞାନ କେନ୍ଦ୍ର
ଭୋପାଳ, ମୋ: ୮୦୧୮୭୦୮୮୫୮

# ଆମ ବୃକ୍ଷଲତା ଆମ ଜୀବନ

**ପ୍ରକୃତି-ପରିବେଶ**

## ଅରଖ

**ସୌଭାଗ୍ୟସୁନ୍ଦର**

ଆମର ଅତି ପରିଚିତ 'ଅରଖ'ର ଅନ୍ୟ ନାମ ହେଉଛି ମୁକୁଟ ଫୁଲ। ଭାରତ, ଚୀନ୍, କାମ୍ବୋଡିଆ, ଭିଏତନାମ, ବାଂଲାଦେଶ, ଇଣ୍ଡୋନେସିଆ, ମାଲେସିଆ, ଥାଇଲ୍ୟାଣ୍ଡ, ଶ୍ରୀଲଙ୍କା, ପାକିସ୍ତାନ ଏବଂ ନେପାଳରେ ଏହା ଏକ ସ୍ଥାନୀୟ ଗୁଳ୍ମ ଜାତୀୟ ଉଦ୍ଭିଦ। ୪ ମିଟର ଉଚ୍ଚତା ପର୍ଯ୍ୟନ୍ତ ବଢ଼ିପାରୁଥିବା ଏହି ବଡ଼ ବୁଦାଜାତୀୟ ଉଦ୍ଭିଦ ଶୁଷ୍କ, ପଥୁରିଆ ମାଟିରେ ବଢ଼ିବା ସହିତ ପ୍ରାୟତଃ ମରୁଭୂମି, ରାସ୍ତାକଡ଼ ଏବଂ ଉପକୂଳବର୍ତ୍ତୀ ଅଞ୍ଚଳରେ ଦେଖାଯାଏ। ଫୁଲଗୁଡ଼ିକ ଧଳା କିମ୍ବା ବାଇଗଣି ରଙ୍ଗର। ଏହାକୁ ବୈଜ୍ଞାନିକ ଭାଷାରେ ଗାଇନୋଷ୍ଟେଜିୟମ୍ କୁହାଯାଏ। ଏହାର ଫଳ ଲୋମଶ ବିହନ ସହିତ ଏକ ଯୋଡ଼ା ଫୋଲିକଲ୍, ଯାହା ଶୁଖିଗଲେ ପବନ ଦ୍ୱାରା ବିସ୍ତାରିତ ହୁଏ। ଫୁଲ ଏବଂ ଫଳ ଧରିବା ସମୟ ସାଧାରଣତଃ ନଭେମ୍ବରରୁ ଏପ୍ରିଲ ମାସ।

ଆୟୁର୍ବେଦରେ ଶ୍ୱାସରୋଗ ଜୀବାଣୁ ସଂକ୍ରମଣ, ଲାଲ ଫୁଲା, ଘାଆ, ଯକୃତ ଓ ପ୍ଲୀହା ରୋଗ, ଚର୍ମ ରୋଗ, ଅଜୀର୍ଣ୍ଣ, ରକ୍ତ ସଂଚାଳନରେ ବିଭ୍ରାଟ, ସ୍ନାୟୁରୋଗ, ଜ୍ୱର, ବାନ୍ତି, ହଇଜା, ଝାଡ଼ା, ଅନ୍ତନାଳୀ ଘାଆ, କୃମି, କୋଷ୍ଠକାଠିନ୍ୟ, କୁଷ୍ଠ ରୋଗ ଆଦି ଚିକିତ୍ସାରେ ଅରଖର ବିଭିନ୍ନ ଅଂଶ ଆବଶ୍ୟକ ଅନୁସାରେ ବ୍ୟବହୃତ ହୁଏ। ଅରଖର କ୍ଷୀର ରସ ଗଣ୍ଠିବାତ ରୋଗ, ମାଂସ ପେଶୀ ଯନ୍ତ୍ରଣା, କର୍କଟ ରୋଗ ଓ ସାପ କାମୁଡ଼ା ଚିକିତ୍ସା ପାଇଁ ପ୍ରତିଷେଧକ ଭାବରେ ବ୍ୟବହାର କରାଯାଇଥାଏ। ଏଥିରେ ଗଚ୍ଛିତ ଥିବା ରାସାୟନିକ ଦ୍ରବ୍ୟ କ୍ୟାଲୋଟ୍ରୋପିନକୁ ଗର୍ଭନିରୋଧକ ଭାବରେ ମଧ୍ୟ ବ୍ୟବହାର କରାଯାଏ। ଅରଖର ଏକ ପ୍ରଭାବଶାଳୀ କବକନାଶକ ଏବଂ କୀଟନାଶକ ଗୁଣ ରହିଥିବା ବିଷୟରେ ମଧ୍ୟ ସୂଚନା ରହିଛି। ଅରଖ ରସ ଅନେକ ଶସ୍ୟର ଅଙ୍କୁରୀକରଣ ଏବଂ ଚାରା ବର୍ଦ୍ଧକ ଶକ୍ତିକୁ ପ୍ରଭାବିତ କରେ।

ମୂଳତଃ ଅରଖ ଏକ ବିଷାକ୍ତ ଉଦ୍ଭିଦ। ଏଥିରେ ଗଚ୍ଛିତ ଥିବା ସକ୍ରିୟ ତତ୍ତ୍ୱଗୁଡ଼ିକ ହେଉଛି ଉସଚାରିନ, କାଲୋଟକ୍ସିନ୍, କାଲାକ୍ଟିନ୍ ଓ କାଲୋଟ୍ରୋପିନ୍। ଅରଖର ଲାଟେକ୍ସରେ କାର୍ଡିଆକ୍ ଗ୍ଲାଇକୋସାଇଡ୍, ଫ୍ୟାଟି ଏସିଡ୍ ଓ କ୍ୟାଲସିୟମ୍ ଅକ୍ସାଲେଟ୍ ଥାଏ। ଏହାର ମୂଳରେ କାଲୋଟ୍ରୋପୋନ୍ ମଧ୍ୟ ଥାଏ। ପତ୍ର ଓ କାଣ୍ଡକୁ ସାମାନ୍ୟ ଆଘାତ କିମ୍ବା ଛୁରୀରେ କାଟିଲେ ଘନ କ୍ଷୀର ଭଳି ରସ ବା ଲାଟେକ୍ସ ନିଷ୍କାସନ ହୋଇ ବାହାରିଥାଏ। ଏହି ରସକୁ ତୀର ଦେହରେ ବୋଳି ବିଷ ଭାବରେ ପଶୁ ଶିକାର ପାଇଁ ବ୍ୟବହାର କରାଯାଏ। ମଣିଷ ପାଇଁ ମଧ୍ୟ ଏହା ବିଷାକ୍ତ ଓ ପ୍ରାଣନାଶକ। ଅରଖର ଲାଟେକ୍ସ ଚକ୍ଷୁ ସଂସ୍ପର୍ଶରେ ଆସିଲେ ବ୍ୟକ୍ତି କେରାଟୋକଞ୍ଜଙ୍କଟିଭାଇଟିସ୍ ଦ୍ୱାରା ଆକ୍ରାନ୍ତ ହୁଅନ୍ତି। ଏହା ସଂସ୍ପର୍ଶରେ ଆସିବା ଫଳରେ ଚର୍ମ ଲାଲ ପଡ଼ିଯାଏ ଏବଂ ଭେସିକେସନ୍ ବା ପାଣି ଫୋଟକା ସୃଷ୍ଟି କରେ। ତେଣୁ ଶିଶୁମାନଙ୍କୁ ଅରଖ ଗଛ ଠାରୁ ଦୂରେଇ ରଖିବାକୁ ହେବ।

ଜାପାନୀ ଏନସେଫାଲାଇଟିସ୍ ବା ମସ୍ତିଷ୍କ ପ୍ରଦାହ ପାଇଁ ବାହକ ଭାବରେ କାର୍ଯ୍ୟ କରୁଥିବା କୁଲେକ୍ସ ମଶା ନିୟନ୍ତ୍ରଣ କରିବା ପାଇଁ ଅରଖ ଦକ୍ଷ ଶକ୍ତି ଗୁଣ ପ୍ରଦର୍ଶନ କରୁଥିବା ପ୍ରମାଣ କରାଯାଇଛି। ଅରଖର କାଣ୍ଡରୁ ଏକ ପ୍ରକାର ଦୀର୍ଘ ସ୍ଥାୟୀ ତନ୍ତୁ ଉତ୍ପାଦନ ହୁଏ, ଯାହା ଦଉଡ଼ି, କାର୍ପେଟ, ମାଛ ଧରିବା ଜାଲ ଏବଂ ସିଲାଇ ସୂତା ପାଇଁ ଉପଯୋଗୀ ଅଟେ। ବିହନ ସହିତ ସଂଲଗ୍ନ ଥିବା ପଶମ ସୂତା ବା ତନ୍ତୁ, ତକିଆ, ଶେଜ ଇତ୍ୟାଦିରେ ଷ୍ଟଫିଂ ଭାବରେ ବ୍ୟବହାର କରାଯାଏ। ଅରଖ ରସ ଏବଂ ଲୁଣର ମିଶ୍ରଣରୁ କିଣ୍ୱନ ପ୍ରକ୍ରିୟାରେ ଉତ୍ପନ୍ନ ଉପାଦାନ ଛେଳି ଓ ମେଣ୍ଢା ଚମଡ଼ାରୁ କେଶ ବାହାର କରି ସେମାନଙ୍କ ଚମଡ଼ା ବିଭିନ୍ନ କାର୍ଯ୍ୟରେ ବ୍ୟବହାର କରାଯାଏ, ଯାହା ଶସ୍ତା ବହି ବାଇଣ୍ଡିଂ ପାଇଁ ବହୁଳ ବ୍ୟବହୃତ ହୁଏ। ଅରଖ ଇକୋସିଷ୍ଟମ ବା ପ୍ରାକୃତିକ ପରିସଂସ୍ଥାରେ ଏକ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରେ। ଏହା ପ୍ରଜାପତି ଏବଂ ପରାଗକ ପାଇଁ ଏକ ମୂଳ ଉଦ୍ଭିଦ। ଜଳବାୟୁର ଯେ କୌଣସି ପରିସ୍ଥିତିରେ ଏହା ବଞ୍ଚିପାରେ।

ଭାରତରେ ମରାଠା ସଂସ୍କୃତି ଦ୍ୱାରା ଟୋଟେମ୍ ବା ପ୍ରତୀକ ଭାବରେ ବ୍ୟବହୃତ ପାଞ୍ଚଟି ଭିନ୍ନ ପତ୍ରର ଏକ ରୀତିଗତ ସଂଗ୍ରହ। ଶିବ ପୁରାଣ ଅନୁସାରେ, ଅରଖ ଫୁଲ ଭଗବାନ ଶିବଙ୍କର ବହୁତ ପସନ୍ଦର ଫୁଲ। ଅରଖ ମଧ୍ୟ ନଅଟି ଜ୍ୟୋତିଷ ଗଛ (ନବଗ୍ରହ ଗଛ) ର ଏକ ପ୍ରମୁଖ ଅଂଶ। ଅରଖ ଫୁଲକୁ ଉତ୍ତର-ପ୍ରଶାନ୍ତ ମହାସାଗରରେ ଅବସ୍ଥିତ ହାୱାଇର ରାଣୀ ଲିଲିଉକଲାନି ପସନ୍ଦ କରିଥିଲେ, ଯିଏ ଏଗୁଡ଼ିକୁ ରାଜକୀୟତାର ପ୍ରତୀକ ବୋଲି ବିବେଚନା କରୁଥିଲେ ଏବଂ ସେଗୁଡ଼ିକୁ ମାଳା କରି ବାନ୍ଧି ବେକରେ ପିନ୍ଧୁଥିଲେ। କାମ୍ବୋଡିଆରେ ଏଗୁଡ଼ିକୁ କଳସ କିମ୍ବା ଅନ୍ତିମ ସଂସ୍କାରରେ ବ୍ୟବହାର କରାଯାଏ। ଇଣ୍ଡୋନେସିଆରେ ଏହାର ଫୁଲକୁ ୱିଦୁରି କୁହାଯାଏ।

ଭୁବନେଶ୍ୱର, ମୋ: ୯୪୩୭୧୯୦୪୭୦

ସକାଳ THE SAKALA
ଯୋଗାଯୋଗ ଠିକଣା
NEWS & INFO
news@thesakala.com
CIRCULATION
circulation@thesakala.com
ADVERTISEMENT
advt@thesakala.com
THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

■ ରଥଖଳାରୁ...

## ଶେଷ ପର୍ଯ୍ୟାୟରେ ଚକ ନିର୍ମାଣ



ପୁରୀ,୨୫।୫(ସମିସ): ପାଖେଇ ଆସୁଛି ରଥଯାତ୍ରା। ଏଥିପାଇଁ ରଥଖଳାରେ ତିନିରଥ ନିର୍ମାଣ କାର୍ଯ୍ୟ ଦ୍ରୁତଗତିରେ ଚାଲିଛି। ମୁଖ୍ୟ ମହାରଣାଙ୍କ ତତ୍ତ୍ୱାବଧାନରେ କାମ ଆଗଉଛି। ରବିବାର ସୁଦ୍ଧା ତିନିରଥର ୪୨ ଚକ ମଧ୍ୟରୁ ୩୯ଟି ଚକ ନିର୍ମାଣ ଶେଷ ହୋଇଛି। ପ୍ରତ୍ୟେକ ରଥର ଆଉ ଗୋଟିଏ ଲେଖାଏଁ ଚକ ବାକି ଅଛି। ମହାରଣା ସେବକମାନେ ବଳକା ଚକର ପଇ ବିନ୍ଧ ଆରମ୍ଭ କରିଛନ୍ତି। ଭୋଇ ସେବକମାନେ ତିନିରଥ ଶେଷ ଚକର ତୁମ୍ବରେ ସିଙ୍ଗଡ଼ାବାଡ଼ିଆ କାର୍ଯ୍ୟ ଶେଷ କରିଛନ୍ତି। ସୋମବାର ଭୋଇ ସେବକମାନେ ଯନ୍ତା ଗାଡ଼ ବନ୍ଦ କରିବେ। ଅନ୍ୟାନ୍ୟ କାମ ମଧ୍ୟରେ ତିନିରଥର ପ୍ରଥମ ଭୂଇଁ, ଦ୍ୱିତୀୟ ଭୂଇଁ ଏବଂ ଅଗ ଭୂଇଁ ପାଇଁ ଉଦ୍ଦିଷ୍ଟ ୧୨ଟି ଲେଖାଏଁ ୨୦ ଫୁଟିଆ ଚଉପଟ ଭୂଇଁ ଚଉତା କାଠର ବିନ୍ଧ ଅନୁକୂଳ ପୂଜା ମୁଖ୍ୟ ମହାରଣା ସମ୍ପନ୍ନ କରିଛନ୍ତି। ଏହି ଚଉତା କାଠଗୁଡ଼ିକରେ ୫ଟି ଲେଖାଏଁ ପାଖୁଡ଼ା ବିନ୍ଧ କାର୍ଯ୍ୟ ଶେଷ ହୋଇଛି। ଏଥିସହ ତିନି ରଥର ୪ଟି ଯୋକା ନିର୍ମାଣ କାର୍ଯ୍ୟ ମଧ୍ୟ ସରିଛି। ଏହି ୧୮ ଫୁଟିଆ ଯୋକା ପ୍ରତ୍ୟେକ ରଥର ଅଖ, କୁଡୁକା, ଗୟଳ ଏବଂ ନିରାଡିକୁ ମଜଭୁତ୍ କରି ବାନ୍ଧି ରଖିବାରେ ସହାୟକ ହୋଇଥାଏ। ସେହିପରି ପ୍ରତ୍ୟେକ ରଥର ୮ଟି ଲେଖାଏଁ ୨୦ ଫୁଟିଆ ୧୪ ନାହାକାର ଚଉପଟ କାର୍ଯ୍ୟ ଶେଷ ହୋଇ ସେଗୁଡ଼ିକର ଆଠ କଣି କାର୍ଯ୍ୟ ଶେଷ ପର୍ଯ୍ୟାୟରେ ପହଞ୍ଚିଛି। ତିନି ରଥର ରୂପକାରମାନେ କୋଣ ଗୁଜ ବା ସାଲ ଗୁଜରେ ସିଂହ ବିରାଳ ରୂପ ଖୋଦେଇ ଜାରି ରଖିବା ସହ ରୂପ ଖୋଦେଇ ଶେଷ ହୋଇଥିବା ରୂପଗୁଡ଼ିକର ପଲିସ୍ ଓ ଅଳଙ୍କାର ପକା କାର୍ଯ୍ୟ ଜାରି ରଖିଛନ୍ତି। ଦୋଳବେଦୀ ପରିସର ଅସ୍ଥାୟୀ କମାରଶାଳରେ କମାର ସେବକମାନେ ତିନି ରଥର ଘଡ଼ି ମୁହଁ ଦଣ୍ଡା କଣ୍ଟା, ଦଣ୍ଡା ବିଡ଼ିଆ ଅଗ ପାତେଳି କଣ୍ଟା ନିର୍ମାଣ କରୁଛନ୍ତି। ଦୋଳବେଦୀଠାରେ ପାହି ମହାରଣା ସ୍ନାନ ଯାତ୍ରା ଏବଂ ରଥଯାତ୍ରାରେ ରଥ ଉପରେ ମହାପ୍ରଭୁଙ୍କ ପୂଜାରେ ଆବଶ୍ୟକ କାଠ ନିର୍ମିତ ଉପକରଣମାନ ତିଆରି କରୁଛନ୍ତି।

# ମୌସୁମୀ ଆସିଲା; ଚାଷୀଙ୍କୁ ମିଳିଲାନି ବିହନ

ଭୁବନେଶ୍ୱର,୨୫।୫(ସମିସ): ଏଥର ସଅଳ ଆସିଛି ମୌସୁମୀ। ରାଜ୍ୟବ୍ୟାପୀ ପ୍ରାକ୍ ମୌସୁମୀ ବର୍ଷା ଆରମ୍ଭ ହୋଇଯାଇଛି। ଆଉ ଏଥିପାଇଁ ପ୍ରସ୍ତୁତି ଆରମ୍ଭ କରି ଦେଇଛି ଚାଷୀ। ଜମିକୁ ହଳ କରି ଚାଷ ପାଇଁ ପ୍ରସ୍ତୁତ କରିସାରିଲାଣି। ହେଲେ ରାଜ୍ୟବ୍ୟାପୀ ଏ ପର୍ଯ୍ୟନ୍ତ ଚାଷୀଙ୍କୁ ସରକାରୀ ବିହନ ଠିକ୍ ଭାବେ ମିଳୁନି। ପ୍ରାୟ ଅଧା ଚାଷୀଙ୍କ ପାଖରେ ବିହନ ପହଞ୍ଚି ନ ଥିଲାବେଳେ ସାର ବି ଏପର୍ଯ୍ୟନ୍ତ ଆସିନି। ଫଳରେ ଆରମ୍ଭରୁ ଚିନ୍ତାରେ ପଡ଼ିଲାଣି ଚାଷୀ। ଏପେଟ କୃଷି ଅଧିକାରୀ ସରକାରଙ୍କ ବର୍ଷ ପୂର୍ତ୍ତି କାର୍ଯ୍ୟକ୍ରମ ପାଇଁ ବ୍ୟସ୍ତ ଥିବାବେଳେ ବିଭାଗୀୟ ମନ୍ତ୍ରୀ ମଧ୍ୟ ବିଦେଶ ଗସ୍ତରେ ବୁଲୁଛନ୍ତି। ଯାହାକୁ ନେଇ ଚାଷୀମାନଙ୍କ ମଧ୍ୟରେ ତୀବ୍ର ଅସନ୍ତୋଷ ପ୍ରକାଶ ପାଇଛି।

ଓଡ଼ିଶରେ ଅଧିକାଂଶ ଜିଲ୍ଲାର ଚାଷୀ ମୌସୁମୀ ବର୍ଷା ଉପରେ ନିର୍ଭର କରିଥାନ୍ତି। ଅଧାରୁ ଅଧିକ ଜମିକୁ ଜଳସେଚିତ ସୁବିଧା ନ ଥିବାରୁ ରବିରେ ଚାଷବାସ ପ୍ରାୟ ହୁଏନି। ଖରିଫ ଚାଷକୁ ଚାଷୀ ଗୁରୁତ୍ୱ ଦେଉଥିଲା ବେଳେ ଏଥର ଭଲ ବର୍ଷା ହେବ ବୋଲି ପୂର୍ବାନୁମାନ କରାଯାଇଛି। ଏହାକୁ ଦୃଷ୍ଟିରେ ରଖି ଚାଷ ପାଇଁ ଆଗୁଆ ପ୍ରସ୍ତୁତି ଆରମ୍ଭ ହୋଇଛି। ରଜ ପରେ ପରେ ବୁଣାବୁଣି ଆରମ୍ଭ ହେବ। ଧାନ ସହିତ ଡାଲି ଓ ତୈଳବୀଜ ଜାତୀୟ ଫସଲ ପାଇଁ ବିହନ ପକାଇବେ ଚାଷୀ। ରାଜ୍ୟର ୩୦ ଜିଲ୍ଲାରେ ୬୧ ଲକ୍ଷ ୮୦ ହଜାର ହେକ୍ଟର ଚାଷ ଜମି ରହିଛି। ପ୍ରାୟ ୨୦ ପ୍ରତିଶତ ଜମିରେ ଡାଲିଜାତୀୟ ଓ ୧୦ ପ୍ରତିଶତ ଜମିରେ ତୈଳବୀଜ ଚାଷ କରିବାକୁ ଲକ୍ଷ୍ୟ ରଖାଯାଇଛି। ଏଥିପାଇଁ ପ୍ରସ୍ତୁତି ସରିଥିଲେ ମଧ୍ୟ ଚାଷୀଙ୍କ ପାଖରେ ବିହନ



■ ନିଗମରେ ଅଛି; ପାକ୍ସରେ ପହଞ୍ଚୁନି
■ ବର୍ଷପୂର୍ତ୍ତି କାର୍ଯ୍ୟକ୍ରମରେ ବ୍ୟସ୍ତ ଅଧିକାରୀ, ଚାଷୀଙ୍କୁ ପଚାରେ କିଏ?

ପହଞ୍ଚିପାରୁନି। ସରକାର ବିଭିନ୍ନ ପ୍ରାଥମିକ ସେବା ସମବାୟ ସମିତି (ପ୍ୟାକ୍ସ) ମାଧ୍ୟମରେ ବିହନ ଯୋଗାଇବାକୁ ଯୋଜନା କରିଥିଲେ ମଧ୍ୟ ଏ ପର୍ଯ୍ୟନ୍ତ ଚାଷୀଙ୍କ ପାଖରେ ଯଥେଷ୍ଟ ପରିମାଣର ବିହନ ପହଞ୍ଚିନି। କିଛି ପ୍ୟାକ୍ସ ବିହନ ନେଇ ନ ଥିବାରୁ ସମସ୍ୟା ହୋଇଛି। ପୁଣି ପୂର୍ବବର୍ଷ ତୁଳନାରେ ଚଳିତବର୍ଷ ବିହନ ଦାମ୍ ଅଧିକ ପଡୁଥିବାରୁ ଚାଷୀମାନେ ମଧ୍ୟ ହତାଶ ହୋଇଛନ୍ତି। ସବ୍‌ସିଡି ହ୍ରାସ ମଧ୍ୟ ଚାଷୀ ପାଇଁ ଆଉ ଏକ ଚିନ୍ତାର କାରଣ ସାଜିଛି।

ସୂଚନାନୁସାରେ, ଖରିଫରେ ଓଡ଼ିଶା ଚାଷୀଙ୍କୁ ୧୧ ଲକ୍ଷ କ୍ୱିଣ୍ଟାଲ ବିହନର ଆବଶ୍ୟକତା ଥାଏ। ପୂର୍ବରୁ ହେକ୍ଟର ପିଛା ୪୦ରୁ ୫୦ କେଜି ବିହନ ବ୍ୟବହାର କରାଯାଉଥିଲା। ବର୍ତ୍ତମାନ କିନ୍ତୁ ୨୦ କେଜି ବିହନରେ ଆବଶ୍ୟକତା ପୂରଣ ହେଉଛି। ତେଣୁ ଚାହିଦା ୧୫ ଲକ୍ଷରୁ ୧୦ ଲକ୍ଷ କ୍ୱିଣ୍ଟାଲକୁ ହ୍ରାସ ପାଇଛି। ଏଥିରୁ ୪ ଲକ୍ଷ କ୍ୱିଣ୍ଟାଲ ବିହନ ନିଗମ ଦେଇଥାଏ। ନିଗମ ପାଖରେ ବିଭିନ୍ନ କିସମର ବିହନ ଥିବାବେଳେ ଏମକ୍ୟୁ୧୨୧୦, ଏମକ୍ୟୁ୧୨୨୬, ସ୍ୱର୍ଣ୍ଣ, ଶକ୍ତି ଆଦି ବିହନର ଅଧିକ ଚାହିଦା ରହିଛି। କାରଣ ଏହାର ଉତ୍ପାଦନ ହେକ୍ଟର ପିଛା ୪ରୁ ୫ଟନ୍। ହେଲେ ଏହି ବିହନ ସମସ୍ତ ଚାଷୀଙ୍କୁ ଯୋଗାଇବା ସମ୍ଭବ ହେଉନି। ତେଣୁ ଚାଷୀ ନିଜର ଆବଶ୍ୟକତା ମେଣ୍ଟାଇବା ପାଇଁ ନିଜର ସଂରକ୍ଷିତ ବିହନକୁ ମଧ୍ୟ ବ୍ୟବହାର କରୁଛନ୍ତି। ଆଉ କିଛି ଚାଷୀ କମ୍ପାନିର ହାଇବ୍ରିଡ ବିହନ ଉପରେ ନିର୍ଭର କରୁଥିବା ଜଣାପଡ଼ିଛି। ଏହି ବିହନ ଅଧିକାଂଶ ସମୟରେ ଗଜା ହୋଇନଥାଏ। ଫଳରେ ଚାଷୀ କ୍ଷତି ସହିଥାଏ। ତେଣୁ କୃଷି ବିଭାଗ ପକ୍ଷରୁ ନକଲି ବିହନ ଉପରେ ଲଗାମ ଲଗାଇବା ପାଇଁ ଏଜେନ୍ସି ଗୁଡ଼ିକର ଯାଞ୍ଚ କରିଥାଏ। ହେଲେ କାହା ବିରୋଧରେ କାର୍ଯ୍ୟାନୁଷ୍ଠାନ ନିଆଯାଇ ନଥିଲା। ଏବେ ସରକାରୀ ବିହନ ମିଳିବାରେ ସମସ୍ୟା ହେଲେ ଚାଷୀ ଠକାମୀର ଶିକାର ହେବେ ବୋଲି ଅନୁମାନ କରାଯାଉଛି। ବିହନ ନିଗମ ପାଖରେ ଯଥେଷ୍ଟ ବିହନ ମହଜୁଦ ଥିଲେ ମଧ୍ୟ କିଛି ପାକ୍ସ ବିଳମ୍ବରେ ବିହନ ଉଠାଉଥିବାରୁ ସମସ୍ୟା ହୋଇଛି। ଯେଉଁ ପ୍ୟାକ୍ସରେ ବିହନ ମିଳୁଛି ଚାଷୀମାନେ ତାହା ସଂଗ୍ରହ କରୁଛନ୍ତି। ଯେଉଁ ଅଞ୍ଚଳରେ ପ୍ୟାକ୍ସ ବିହନ ନେଇନାହାନ୍ତି, ସେଠାରେ ଚାଷୀମାନେ ଅସୁବିଧାରେ ପଡ଼ିଛନ୍ତି।

ବିହନ ନିଗମର ଜଣେ ବରିଷ୍ଠ ଅଧିକାରୀ କହିଛନ୍ତି, ନିଗମ ପାଖରେ ପର୍ଯ୍ୟାପ୍ତ ପରିମାଣର ବିହନ ମହଜୁଦ୍ ରହିଛି। କିନ୍ତୁ ଅନେକ ପାକ୍ସ ବିହନ ନେଇନାହାନ୍ତି। ସପ୍ତାହେ ଭିତରେ ବିହନ ସବୁ ଅଞ୍ଚଳରେ ପହଞ୍ଚିଯିବ। ଏପଟେ ଆରମ୍ଭରୁ ରାସାୟନିକ ସାର ଅଭାବ ଦେଖା ଦେଲାଣି। ଅଧାରୁ ଅଧିକ ପ୍ୟାକ୍ସ କେଜିଏ ହେଲେ ବି ସାର ପାଇନାହାନ୍ତି। ଉଦ୍‌ବେଗର ବିଷୟ, କେତେ ସାର ଦରକାର ସେଥିନେଇ ତାଲିକା ଏୟୁସିସି ବ୍ୟାଙ୍କ ପକ୍ଷରୁ ମାର୍କଫେଡ୍‌କୁ ଦିଆଯାଇନି। ଏଣୁ ଏଥର ସାର ଯୋଗାଣ ବିଳମ୍ବିତ ହେବ ବୋଲି ଆଶଙ୍କା ପ୍ରକାଶ ପାଇଛି। କୃଷି ଅଧିକାରୀ ଚାଷୀଙ୍କ ଏ ସମସ୍ୟାର ସମାଧାନ କରି ଚାଷ କାର୍ଯ୍ୟ ପାଇଁ ସଅଳ ବିହନ ଓ ସାର ଯୋଗାଇବା ପରିବର୍ତ୍ତେ ସରକାରଙ୍କ ବର୍ଷ ପୂର୍ତ୍ତି ଉତ୍ସବର ଗୁଣଗାନରେ ମାତିଛନ୍ତି। ତେଣୁ ପ୍ରାକ୍ ବର୍ଷା ଆରମ୍ଭ ହୋଇଯାଇଥିଲେ ହେଁ ଚାଷୀଙ୍କ ମୁହଁରେ ଖୁସି ଫୁଟି ପାରିନାହିଁ।

**ଅବକାରୀ ରାଜସ୍ୱରେ ନିଶା ନିବାରଣ କାର୍ଯ୍ୟକ୍ରମ**

# ଅବକାରୀ ଆଭିମୁଖ୍ୟ: କାଠଗଡ଼ାରେ ସରକାର

ଭୁବନେଶ୍ୱର,୨୫।୫(ସମିସ): ରାଜ୍ୟରେ ଆସନ୍ତା ୩୧ ତାରିଖରୁ ବିଧିବଦ୍ଧ ଭାବେ ନିଶା ନିବାରଣ ଅଭିଯାନ ଆରମ୍ଭ ହେବ। ଏହି ଅବସରରେ ସରକାର ଲୋକଙ୍କୁ ନିଶା ସେବନର ଖରାପ ପ୍ରଭାବ ସମ୍ପର୍କରେ ଲୋକଙ୍କୁ ସଚେତନ କରିବେ। ଜୁନ୍ ୨୬ ତାରିଖ ଯାଏଁ ପ୍ରତି ଗାଁରେ ଦାସକାଠିଆ, ଘୋଡା ନାଚ, ଲୋକକଳା ମାଧ୍ୟମରେ ଲୋକଙ୍କ ପାଖରେ ନିଶା ନିବାରଣର ବାର୍ତ୍ତା ପହଞ୍ଚାଇବାକୁ ଅବକାରୀ ବିଭାଗ ଲକ୍ଷ୍ୟ ରଖିଛି। ତେବେ ସରକାରଙ୍କ ଏହି ଅଭିଯାନର ଆନ୍ତରିକତାକୁ ନେଇ ଏବେ ସାଧାରଣରେ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। ଗୋଟିଏ ପଟେ ରାଜ୍ୟ ସରକାର ଚଳିତ ଆର୍ଥିକ ବର୍ଷରେ ପୂର୍ବ ବର୍ଷ ତୁଳନାରେ ଅଧିକ ଅବକାରୀ ରାଜସ୍ୱ ହାସଲ ଲକ୍ଷ୍ୟ ରଖିଛନ୍ତି। ରାଜ୍ୟରେ ବିଅରଠାରୁ ଆରମ୍ଭ କରି ବିଦେଶୀ ମଦ ବିକ୍ରି ବଢୁଛି। ସେହିପରି ଯଅ, ମାଣ୍ଡିଆ ଓ ବାଜରା ଆଦି କ୍ଷୁଦ୍ରଶସ୍ୟରୁ ମିଲେଟ୍ ମଦ ପ୍ରସ୍ତୁତ ପାଇଁ ସରକାର ଘୋଷଣା କରିଛନ୍ତି। ଏପରିସ୍ଥଳେ କେଉଁ ସ୍ୱାର୍ଥରେ ଓ କାହା ପାଇଁ ସରକାର ନିଶା ନିବାରଣ ଅଭିଯାନ ଆରମ୍ଭ କରିଛନ୍ତି ବୋଲି ବୁଦ୍ଧିଜୀବୀ ଏବଂ ସାଧାରଣ ଲୋକେ ପ୍ରଶ୍ନ କରିଛନ୍ତି।

ନିଶା ନିବାରଣ ପାଇଁ ଅବକାରୀ ବିଭାଗର ଯୋଜନା ଅନୁଯାୟୀ ମେ ୩୧ରୁ ଆରମ୍ଭ ହେବାକୁ ଥିବା ଏହି ଅଭିଯାନରେ ପୁଲିସ, ମିଶନ ଶକ୍ତି, ଉଚ୍ଚ ଶିକ୍ଷା, ଗଣ ଶିକ୍ଷା ଓ ସଂସ୍କୃତି ବିଭାଗ ମିଳିତ ଭାବେ ମାସେ ଧରି ଏହି ପ୍ରଚାର କରିବେ। ସ୍କୁଲ, କଲେଜରେ ରଚନା, ବକ୍ତୃତା, ଚିତ୍ରାଙ୍କନ ପ୍ରତିଯୋଗିତା କରାଯିବ। ମାତ୍ର ଅବକାରୀ ରାଜସ୍ୱ ବୃଦ୍ଧି ଲକ୍ଷ୍ୟ ରଖିଥିବାବେଳେ ସରକାର ନିଶା ନିବାରଣ ନିମନ୍ତେ ସଚେତନତା କାର୍ଯ୍ୟକ୍ରମ କରିବାରେ କେତେ ଯଥାର୍ଥତା ରହିଛି ବୋଲି ପ୍ରଶ୍ନ କରିଛନ୍ତି ବିଭିନ୍ନ ସଂଗଠନ।

ସୂଚନା ଅନୁସାରେ ଓଡ଼ିଶାରେ୨୦୨୨-୨୩ ଆର୍ଥିକ ବର୍ଷରେ ୧୨.୯ କୋଟି ଲିଟର ବିଅର ବିକ୍ରି ହୋଇଥିଲା। ୨୦୨୩-୨୪ ଆର୍ଥିକ ବର୍ଷରେ ଏହା ୧୫.୩୫ କୋଟି ଲିଟରକୁ ବୃଦ୍ଧି ପାଇଛି।

■ ଏପଟେ ରାଜସ୍ୱ ବୃଦ୍ଧି ଲକ୍ଷ୍ୟ, ସେପଟେ ନିଶା ନିବାରଣ ସଚେତନତା
■ ମାଣ୍ଡିଆ, ବାଜରା ଓ କ୍ଷୁଦ୍ରଶସ୍ୟରୁ ମଦ ପ୍ରସ୍ତୁତ ଲାଗି ହୋଇଛି ଯୋଜନା
■ ଆଚରଣ ଓ ଉଚ୍ଚାରଣ ମଧ୍ୟରେ ପ୍ରଭେଦକୁ ନେଇ ଘେରିଲେ ବୁଦ୍ଧିଜୀବୀ
■ ମଦ ବ୍ୟବହାରକୁ ପ୍ରଶ୍ରୟ ଦେଇ ନିଶା ନିବାରଣ ଅଭିଯାନ କାହା ପାଇଁ

ଅନ୍ୟପକ୍ଷରେ ବିଦେଶୀ ବିଅର ବିକ୍ରି ପରିମାଣ ୫.୮୩ କୋଟି ଲିଟରରୁ ୫.୮୮ କୋଟି ଲିଟରକୁ ବୃଦ୍ଧି ପାଇଛି। ୨୦୨୨-୨୩ ଆର୍ଥିକ ବର୍ଷରେ ରାଜ୍ୟ ସରକାରଙ୍କୁ ୬୪୫୫ କୋଟି ଟଙ୍କାର ଅବକାରୀ ରାଜସ୍ୱ ମିଳିଥିବା ବେଳେ ୨୦୨୩-୨୪ରେ ଏହା ୭୨୧୬.୯୯ କୋଟି ଟଙ୍କାକୁ ବୃଦ୍ଧି ପାଇଥିଲା। ଚଳିତ ଆର୍ଥିକ ବର୍ଷରେ ରାଜ୍ୟ ସରକାର ଅବକାରୀ କ୍ଷେତ୍ରରୁ ୮୬୮୦ କୋଟି ଟଙ୍କା ରାଜସ୍ୱ ସଂଗ୍ରହ ହାସଲ କରିବାକୁ ଲକ୍ଷ୍ୟ ରଖିଛନ୍ତି। ଗୋଟିଏ ପଟେ ସରକାର ଲୋକଙ୍କୁ ପରୋକ୍ଷରେ ମଦ ବ୍ୟବହାର କରିବାକୁ ଉତ୍ସାହିତ କରି ଅନ୍ୟପକ୍ଷରେ ନିଶା ନିବାରଣ ସଚେତନତା କରିବାର ଯୌକ୍ତିକତାକୁ ନେଇ ପ୍ରଶ୍ନ ଉଠିଛି।

ବିଜେପି ନିର୍ବାଚନ ପ୍ରଚାର ବେଳେ ରାଜ୍ୟରୁ ମଦ ବନ୍ଦ କରିବାକୁ ପ୍ରତିଶ୍ରୁତି ଦେଇଥିଲା। ପରେ ସାମାଜିକ ସଶକ୍ତିକରଣ ମନ୍ତ୍ରୀ ମଧ୍ୟ ଏହାକୁ ଦୋହରାଇଥିଲେ। ମାତ୍ର ପରେ ସରକାରଙ୍କ ପ୍ରତିଶ୍ରୁତି ପ୍ରତାରଣାରେ ପରିଣତ ହୋଇଛି। ସରକାର ମଦରୁ ଅଧିକ ରାଜସ୍ୱ ଆଦାୟ ଲକ୍ଷ୍ୟ ରଖୁଛନ୍ତି। ଏପରି ସ୍ଥଳେ ଏପରି ଅଭିଯାନର ମାନେ କିଛି ନାହିଁ ବୋଲି ବିଭିନ୍ନ ନିଶା ନିବାରଣ ଅଭିଯାନ ସହ ଜଡ଼ିତ ବ୍ୟକ୍ତିବିଶେଷ ମତ ରଖିଛନ୍ତି। ନିଜ ପ୍ରତିଶ୍ରୁତିକୁ ରକ୍ଷା କରି ସମଗ୍ର ରାଜ୍ୟ କିପରି ନିଶାମୁକ୍ତ ହୋଇପାରିବ, ସେନେଇ ସରକାର ପଦକ୍ଷେପ ଗ୍ରହଣ କରନ୍ତୁ ବୋଲି ଗାନ୍ଧୀବାଦୀ ପ୍ରହ୍ଲାଦ ସିଂ ଦାବି କରିଛନ୍ତି। ସୂଚନାଯୋଗ୍ୟ ଯେ ସାରା ରାଜ୍ୟରେ ବର୍ତ୍ତମାନ ଚୋରା ନିଶା କାରବାର ବଢ଼ି ବଢ଼ି ଚାଲିଥିବା ବେଳେ ରାଜ୍ୟରେ ଧଳା ଜହର ବେପାର ମଧ୍ୟ ଯୁବପିଢ଼ିଙ୍କୁ ବେଶ୍ ପଥଭ୍ରଷ୍ଟ କରୁଛି। ସମାନ ସମୟରେ ରାଜ୍ୟରେ ମଦ ବନ୍ୟା ମଧ୍ୟ ସାମାଜିକ ଅଶାନ୍ତିର କାରଣ ପାଲଟୁଛି। ସରକାର ସତରେ ଯଦି ନିଶା ନିବାରଣ କରିବାକୁ ଆନ୍ତରିକତା ରଖୁଛନ୍ତି, ତାହେଲେ ସମ୍ପୂର୍ଣ୍ଣ ପ୍ରତିବଦ୍ଧତାର ସହ ଏହାକୁ ନି ଆଚରଣରେ ପ୍ରଦର୍ଶନ କରିବାର ଆବଶ୍ୟକତା ରହିଛି ବୋଲି ସାଧାରଣରେ ମତ ପ୍ରକାଶ ପାଇଛି।

**ମୁଖ୍ୟମନ୍ତ୍ରୀଙ୍କୁ ଖୋଲା ଚିଠି**

# ଅସ୍ଥାୟୀ ଶେଡ୍ ପାଇଁ ୧ କୋଟି ଅପବ୍ୟୟ କାହିଁକି?

ପୁରୀ,୨୫।୫(ସମିସ): ରଥଯାତ୍ରା ଡ୍ୟୁଟିରେ ଆସୁଥିବା ପୁଲିସଙ୍କ ରହଣି ନିମନ୍ତେ ତିଆରି ହେବ ୨ଟି ଅସ୍ଥାୟୀ ଫେବ୍ରିକେଟେଡ୍ ଶେଡ୍। ଟେଣ୍ଡର ମାଧ୍ୟମରେ ଏହି କାମ ଦିଆଯିବାକୁ ଥିବାବେଳେ ବ୍ୟୟ ହେବ ୮୯ ଲକ୍ଷ ୪୭ହଜାର ୬୩୫ ଟଙ୍କା। ତେବେ ଏହାକୁ ନେଇ ସାଧାରଣରେ ବିଭିନ୍ନ ପ୍ରକାର ଚର୍ଚ୍ଚା, ଆଲୋଚନା ହେଉଛି। ଅସ୍ଥାୟୀ ଶେଡ୍ ପାଇଁ ଏତେ ଟଙ୍କା କାହିଁକି ଖର୍ଚ୍ଚ କରୁଛନ୍ତି ସରକାର। ସେହି ଅର୍ଥରେ ସ୍ଥାୟୀ କୋଠା ନିର୍ମାଣ କରିଦେଲେ ପ୍ରତିବର୍ଷ ବାହାରୁ ଆସୁଥିବା ପୁଲିସ ଅଧିକାରୀ ଓ କର୍ମଚାରୀଙ୍କ ରହଣି ସମସ୍ୟା ରୁହନ୍ତା ନାହିଁ ବୋଲି ମତ ଦେଉଛନ୍ତି। ଏଭଳି ସ୍ଥିତିରେ ରବିବାର ମୁଖ୍ୟମନ୍ତ୍ରୀଙ୍କୁ ଖୋଲା ଚିଠି ଲେଖିଛନ୍ତି ଓଡ଼ିଶା ଯୁବ ଚେତନା ସଂଗଠନର ରାଜ୍ୟ ସଭାପତି ବଦ୍ରି ମିଶ୍ର। ଚିଠିରେ ସେ ଦର୍ଶାଇଛନ୍ତି, ଯଦି ଆମେ ଲୋକଙ୍କ ସରକାର ବୋଲି କହୁଛେ, ତେବେ ରଥଯାତ୍ରାରେ ପୁଲିସ ରହଣି କେନ୍ଦ୍ର ପାଇଁ ସରକାର କାହିଁକି ୮୯ଲକ୍ଷ ୪୭ହଜାର ୬୩୫ଟଙ୍କା ଅପବ୍ୟୟ କରୁଛନ୍ତି? ପୁରୀରେ ଅନେକ ସରକାରୀ ଜାଗା ଓ ଶ୍ରୀମନ୍ଦିରର ଜମି ରହିଛି। ଏହିଭଳି ଅନେକ ଜମି ଜବରଦଖଲରେ ବି ରହିଛି। ତାହାକୁ ଚିହ୍ନଟ କରି ସେଥିମଧ୍ୟରୁ ଉପଯୁକ୍ତ ଜମିରେ କୋଟିଏ ଟଙ୍କା ଖର୍ଚ୍ଚ କଲେ ତାହା ପ୍ରତିବର୍ଷ ପାଇଁ ରଥଯାତ୍ରା ଡ୍ୟୁଟିରେ ଆସୁଥିବା କର୍ତ୍ତବ୍ୟରତ ପୁଲିସମାନଙ୍କ ସ୍ଥାୟୀ ରହଣିସ୍ଥଳ ହୋଇପାରିବ। ସେଠାରେ କିଛି ଶୌଚାଳୟ ସହ ପିଇବା ପାଣିର ବ୍ୟବସ୍ଥା ହୋଇଗଲେ ବର୍ଷର ଅନ୍ୟ ଦିନମାନଙ୍କରେ ବହିରାଗତ ଗରିବ ଯାତ୍ରୀମାନେ ମଧ୍ୟ ଅଳ୍ପ ଦେୟରେ ଉପକୃତ ହୋଇପାରିବେ। ଫଳରେ ସରକାରଙ୍କ ଏହି ଟଙ୍କା ଠିକଣା ବାଟରେ ବିନିଯୋଗ ହେବା ସହ ଦୂରଦୂରାନ୍ତରୁ ଆସୁଥିବା ଗରିବ ଯାତ୍ରୀମାନେ ପୁରୀରେ ପକେଟ୍‌କୁ ସୁହାଇଲା ଭଳି ଖର୍ଚ୍ଚରେ ରହି ଭଲ ଅନୁଭୂତି ନେଇ ଫେରିବେ। ଏହା ନିଶ୍ଚିତ ଓଡ଼ିଶା ତଥା ପୁରୀ ପାଇଁ ଏକ ଗର୍ବର ବିଷୟ ହେବ। ଶ୍ରୀ ମିଶ୍ର ରାସ୍ତା ଓ ନିର୍ମାଣ ବିଭାଗର ବିଜ୍ଞପ୍ତି ୦୬/୨୦୨୫-୨୬ର ସୂଚନା ସହିତ ଉଲ୍ଲେଖ କରିଛନ୍ତି ଯେ ଯେହେତୁ ସରକାର ଜନଗଣଙ୍କର ତେଣୁ ସରକାର ଟେଣ୍ଡର କରିବା ପୂର୍ବରୁ ଏଭଳି ଅପବ୍ୟୟ ଉପରେ ଜନଶୁଣାଣି କରିବା ଆବଶ୍ୟକ ହୋଇପଡ଼ିଛି।

ସୂଚନାଥାଉ କି, ପୁରୀ ରଥଯାତ୍ରାକୁ ଲକ୍ଷ ଲକ୍ଷ ସଂଖ୍ୟାରେ ଶ୍ରଦ୍ଧାଳୁ ଆସିଥା'ନ୍ତି। ତେଣୁ ଶାନ୍ତିଶୃଙ୍ଖଳା ରକ୍ଷା ଏବଂ ଭକ୍ତଙ୍କ ଶୃଙ୍ଖଳିତ ଦର୍ଶନ ସାଙ୍ଗକୁ ଟ୍ରାଫିକ୍ ସୁପରିଚାଳନା ପାଇଁ ହଜାର ହଜାର ସଂଖ୍ୟାରେ ପୁଲିସ ଅଧିକାରୀ ଓ କର୍ମଚାରୀଙ୍କୁ ପୁରୀ ଅଣାଯାଇଥାଏ। ଅଧିକାରୀମାନଙ୍କ ପାଇଁ ବିଭିନ୍ନ ହୋଟେଲରେ ରୁମ୍ ନିଆଯାଏ। କର୍ମଚାରୀମାନେ ପୁଲିସ ବାରାକ୍, ଅବକାଶ ସମେତ ବିଭିନ୍ନ ଶିକ୍ଷାନୁଷ୍ଠାନରେ ରହିଥା'ନ୍ତି। ବିଶେଷକରି ସ୍ନାନ ପୂର୍ଣ୍ଣିମା ଗୋଟିଏ ଦିନ ସରିବା ପରେ ଅଧିକାରୀ ଓ କର୍ମଚାରୀ ପଳାଇ ଯାଆନ୍ତି। ଏହାପରେ ରଥଯାତ୍ରା ଦୁଇ/ତିନିଦିନ ପୂର୍ବରୁ ପୁଣି ଆସି ନୀଳାଦ୍ରିବିଜେ ପର୍ଯ୍ୟନ୍ତ ରୁହନ୍ତି। ଏମିତି ଦେଖିଲେ ମୋଟ୍ ୧୯ ଦିନ ରହିଥା'ନ୍ତି ପୁଲିସ ଅଧିକାରୀ ଓ କର୍ମଚାରୀ। ତେବେ ସେମାନଙ୍କ ପାଇଁ ସ୍ଥାୟୀ ରହଣିସ୍ଥଳ ହୋଇଗଲେ ବିଭିନ୍ନ ଶିକ୍ଷାନୁଷ୍ଠାନରେ ପିଲାଙ୍କ ପାଠପଢ଼ା ବି ବ୍ୟାଘାତ ହୁଅନ୍ତା ନାହିଁ।



# ଶିବଗଙ୍ଗାରେ ବୁଡ଼ିଗଲେ ଚାରି ଛାତ୍ର

■ ଭଦ୍ରକ/ଆରଡି,୨୫।୫(ସମିସ): ବାବା ଆଖଣ୍ଡଳମଣିଙ୍କ ପୀଠରେ ଥିବା ଶିବଗଙ୍ଗା ପୁଷ୍କରିଣୀରେ ବୁଡ଼ି ଯିବାରୁ ଜଣେ ଛାତ୍ରଙ୍କ ମୃତ୍ୟୁ ଘଟିଛି। ଏଥିରେ ୩ ଜଣଙ୍କୁ ଗୁରୁତର ଅବସ୍ଥାରେ ଉଦ୍ଧାର କରାଯାଇଛି। ରବିବାର ସକାଳୁ ଭଦ୍ରକ ଜାନୁଗଞ୍ଜରେ ରହୁଥିବା ୪ଜଣ ଛାତ୍ର ସାଙ୍ଗ ହୋଇ ବାବା ଆଖଣ୍ଡଳମଣିଙ୍କ ଦର୍ଶନ ଆସିଥିଲେ। ଦର୍ଶନ ପୂର୍ବରୁ ପୀଠରେ ଥିବା ଶିବଗଙ୍ଗା ପୁଷ୍କରିଣୀରେ ୪ଜଣ ସାଙ୍ଗ ମିଳିମିଶି ଗାଧୋଇଥିବା ସମୟରେ ଗୋଡ ଖସିଯିବାରୁ ଅକାତ ପାଣିରେ ପୁଷ୍କରିଣୀ ଭିତରକୁ ଚାଲିଯାଇଥିଲେ। ଉପସ୍ଥିତ ଥିବା ସ୍ଥାନୀୟ ଲୋକ ସମସ୍ତ ୪ଜଣଙ୍କୁ ଉଦ୍ଧାର କରିଥିଲେ ମଧ୍ୟ ଜଣଙ୍କର ଅବସ୍ଥା ସଂକଟାପନ୍ନ ଥିବାରୁ ଆମ୍ବୁଲାନ୍ସ ଯୋଗେ ଆରଡି ମେଡିକାଲକୁ ନେଇଥିଲେ। ହେଲେ ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ମୃତ ଛାତ୍ର ଧାମନଗର ସୋହଡା ଅଞ୍ଚଳର ଦେବବ୍ରତ ମିଶ୍ର (୨୪) ଭଦ୍ରକ ସ୍ୱୟଂଶାସିତ କଲେଜରେ +୩ ୨ବର୍ଷର ଛାତ୍ର। ଜାନୁଗଞ୍ଜର ଏକ ମେସରେ ରହି ପାଠ ପଢୁଥିଲେ। ଅନ୍ୟ ୩ଜଣ ଛାତ୍ରଙ୍କୁ ଭଦ୍ରକ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ସ୍ଥାନାନ୍ତର କରାଯାଇଥିଲା। ସେଠାରେ ସୁସ୍ଥ ହେବା ପରେ ତାଙ୍କୁ ଘରକୁ ପଠାଇ ଦିଆଯାଇଛି।

**ଜଣେ ମୃତ, ୩ ଉଦ୍ଧାର**

ସୂଚନାଅନୁଯାୟୀ ଶିବଗଙ୍ଗା ପୁଷ୍କରିଣୀ ଚତୁଃପାର୍ଶ୍ୱରେ ପାହାଚ ନିର୍ମାଣ କାର୍ଯ୍ୟ ଠିକ ଭାବେ ହୋଇନଥିବାରୁ ଏପରି ଘଟଣା ବାରମ୍ବାର ଘଟୁଛି ବୋଲି ସ୍ଥାନୀୟ ଲୋକ କହିଛନ୍ତି। ଏପରିକି ୪ବର୍ଷ ମଧ୍ୟରେ ପୁଷ୍କରିଣୀରେ ୪ଜଣ ବୁଡିଯାଇ ମୃତ୍ୟୁବରଣ କଲେଣି। ନିକଟରେ ୨ମାସ ତଳେ ଜଣେ ଛୋଟ ପିଲା ପୁଷ୍କରିଣୀକୂଳରେ ଖେଳୁଥିବା ବେଳେ। ଗୋଡ ଖସିଯିବାରୁ ମୃତ୍ୟୁ ଘଟିଥିଲା। ପୁଷ୍କରିଣୀ ଚତୁଃପାର୍ଶ୍ୱରେ ଥିବା ସ୍ଥାୟୀ ଆଲୋକ ଅକାମୀ ହୋଇପଡିଥିବାରୁ ସନ୍ଧ୍ୟା ହେଲେ ଅନ୍ଧକାରମୟ ହୋଇ ପଡୁଛି ପୁଷ୍କରିଣୀ କୂଳ। ପୁଷ୍କରିଣୀ ଘାଟ ଓ ଚତୁଃପାର୍ଶ୍ୱର ଉନ୍ନତିକରଣ ପାଇଁ କୋଟିକୋଟି ଟଙ୍କା ଖର୍ଚ୍ଚ ହେଉଥିଲେ ମଧ୍ୟ ଠିକ ଭାବେ କାର୍ଯ୍ୟ ହେଉନଥିବାରୁ ମୂଲ୍ୟବାନ ଜୀବନ ଚାଲିଯାଉଛି। ଏହାର ସ୍ଥାୟୀ ପ୍ରତିକାର କରାନଗଲେ ଆଗାମୀ ଦିନରେ ଆନ୍ଦୋଳନକୁ ଓହ୍ଲାଇବେ ବୋଲି ସ୍ଥାନୀୟ ଲୋକ କହିଛନ୍ତି।

■ ସରକାରୀ କର୍ମଚାରୀଙ୍କ ଉପରେ ଲଗାମ୍

# ସାଢ଼େ ୫ ପୂର୍ବରୁ ଅଫିସ ଛାଡ଼ିବା ମନା

ଭୁବନେଶ୍ୱର,୨୫।୫(ସମିସ): ଏଣିକି ସାଢ଼େ ୫ ପୂର୍ବରୁ ଅଫିସ ଛାଡ଼ିପାରିବେ ନାହିଁ ସରକାରୀ କର୍ମଚାରୀ। ନିଜ ବିଭାଗର କର୍ମଚାରୀଙ୍କ ପାଇଁ ଏଭଳି କିଛି ନିର୍ଦ୍ଦେଶନାମା ଜାରି କରିଛି ରାଜ୍ୟ ଗ୍ରାମ୍ୟ ଉନ୍ନୟନ ବିଭାଗ। ନିର୍ଦ୍ଦେଶନାମାରେ କୁହାଯାଇଛି ଯେ କର୍ମଚାରୀମାନେ ୧୦ଟା ବେଳେ ଅଫିସ ଆସିବେ ଓ ୫ଟା ୩୦ ପୂର୍ବରୁ ଅଫିସ୍ ଛାଡ଼ି ପାରିବେ ନାହିଁ। କର୍ମଚାରୀମାନେ ସର୍ବନିମ୍ନ ସାଢେ ୭ ଘଣ୍ଟା ଅଫିସରେ ରହିବାକୁ ବାଧ୍ୟତାମୂଳକ ଭାବେ ଦର୍ଶାଯାଇଛି। ଏହାସହ ବାୟୋ-ମେଟ୍ରିକ୍ ଜରିଆରେ କର୍ମଚାରୀ ଅଫିସ ପ୍ରବେଶ ଓ ପ୍ରସ୍ଥାନ କରିବେ। ଯଦି ବାୟୋମେଟ୍ରିକ ସଠିକ ଭାବେ କାର୍ଯ୍ୟକାରୀ ନ ହୁଏ, ଅର୍ଥାତ୍ ପ୍ରବେଶ ଓ ପ୍ରସ୍ଥାନ ସମୟରେ ବ୍ୟତିକ୍ରମ ହୁଏ ତେବେ ସମ୍ପୃକ୍ତ କର୍ମଚାରୀଙ୍କ ଉପରେ କାର୍ଯ୍ୟାନୁଷ୍ଠାନ ହେବ ବୋଲି ଏଥିରେ ଦର୍ଶାଯାଇଛି।

**ସାଢ଼େ ୭ ଘଣ୍ଟା କାର୍ଯ୍ୟ ବାଧ୍ୟତାମୂଳକ**

## ଅବଶିଷ୍ଟାଂଶ...

### ଭାଙ୍ଗିବ ଗରିବଙ୍କ...

କେନ୍ଦ୍ରରୁ ୪୩୧୦ କୋଟି ଟଙ୍କା ଅନୁଦାନ ପାଇଥିଲା। ମାତ୍ର ବିଜେପି ସରକାର ଗଠନ ପରେ ୨୦୨୪-୨୫ ଆର୍ଥିକ ବର୍ଷରେ ଏହି ଅନୁଦାନ ୮୨୫ କୋଟି ଟଙ୍କାକୁ ହ୍ରାସ ପାଇଛି। ଯାହା କି ପୂର୍ବବର୍ଷର ଅନୁଦାନର ୨୫ ପ୍ରତିଶତରୁ କମ୍ ବୋଲି କୁହାଯାଉଛି। ଏକପକ୍ଷରେ ପୂର୍ବ ସରକାରଙ୍କ ଦ୍ୱାରା ପ୍ରଚଳିତ ବିଜୁ ପକ୍କା ଘର ଯୋଜନାକୁ ବନ୍ଦ କରି ଦିଆଯାଇଥିବାବେଳେ କେନ୍ଦ୍ରୀୟ ଅନୁଦାନ ହ୍ରାସ ଯୋଗୁଁ ପ୍ରଧାନମନ୍ତ୍ରୀ ଆବାସ ମଧ୍ୟ ଯୋଗାଇ ଦିଆଯାଇ ପାରୁନାହିଁ। ଫଳରେ ଗ୍ରାମାଞ୍ଚଳର ବହୁ ଗରିବ ଲୋକମାନେ ଏବେ ବି ପକ୍କାଘର ପାଇଁ ସରକାରଙ୍କ ଦୟାକୁ ଚାହିଁଛନ୍ତି । ଆଦିବାସୀ ଅଧ୍ୟୁଷିତ ଅଞ୍ଚଳର ଗରିବ ଲୋକ ଓ ଫନି ପ୍ରଭାବିତ କ୍ଷତିଗ୍ରସ୍ତମାନେ ମଧ୍ୟ 'ଆବାସ'କୁ ଚାହିଁ ଚାହିଁ ନିରାଶ ହୋଇଛନ୍ତି । କେବଳ ପ୍ରଧାନମନ୍ତ୍ରୀ ଆବାସ ଯୋଜନା (ଗ୍ରାମୀଣ) ନୁହେଁ, ଏହି ଯୋଜନାରେ ସହରାଞ୍ଚଳର ଗରିବମାନେ ମଧ୍ୟ ପ୍ରଭାବିତ ହୋଇଛନ୍ତି । ଗତ ଆର୍ଥିକ ବର୍ଷରେ ଓଡ଼ିଶାକୁ ପ୍ରଧାନମନ୍ତ୍ରୀ ଆବାସ (ସହରୀ) ଯୋଜନାରେ ମାତ୍ର ୭୩ ଲକ୍ଷ ଟଙ୍କା ମିଳିଛି । ବିଜେଡି ସରକାରଙ୍କ ଶେଷ ବର୍ଷରେ ଏହି ଯୋଜନାରେ ଓଡ଼ିଶା ୨୯୬ କୋଟି ଟଙ୍କା ଅନୁଦାନ ପାଇଥିଲା, ମାତ୍ର ବିଜେପି ସରକାରଙ୍କ ପ୍ରଥମବର୍ଷରେ ମାତ୍ର ୭୩ ଲକ୍ଷ ଟଙ୍କା କେନ୍ଦ୍ରୀୟ ଅନୁଦାନ ପ୍ରାପ୍ତି ଡ଼ବଲ ଇଞ୍ଜିନ୍ ସରକାରଙ୍କ ବିକାଶ ଆନ୍ତରିକତାକୁ ସ୍ପଷ୍ଟ କରିଦେଇଛି ।

ସମ୍ପ୍ରତି ରାଜ୍ୟ ସରକାର ଅନ୍ତ୍ୟୋଦୟ ଗୃହ ଯୋଜନା କାର୍ଯ୍ୟକାରୀ କରିବାକୁ ନିଷ୍ପତ୍ତି ନେଇଛନ୍ତି ଓ ଆଗାମୀ ୩ ବର୍ଷ ମଧ୍ୟରେ ଏହି ଯୋଜନାରେ ୧ ଲକ୍ଷ ଗୃହ ନିର୍ମାଣ କରାଯିବ ବୋଲି ରାଜ୍ୟ ପଞ୍ଚାୟତିରାଜ ଓ ପାନୀୟ ଜଳ ମନ୍ତ୍ରୀ ରବି ନାରାୟଣ ନାୟକ ସୂଚନା ଦେଇଛନ୍ତି । ଏଥିପାଇଁ ଚଳିତ ବର୍ଷ ବଜେଟ୍‌ରେ ମଧ୍ୟ ୨୬୦୦ କୋଟି ଟଙ୍କା ବରାଦ କରାଯାଇଛି । ମାତ୍ର ବିଡ଼ମ୍ବନା ହେଉଛି ଏହି ଗୃହକୁ ନେଇ ଗ୍ରାମାଞ୍ଚଳରେ ରାଜନୀତି ଆରମ୍ଭ ହୋଇଛି । ଶାସକ ଦଳର ବିଧାୟକଙ୍କ ସୁପାରିସ ନ ହେଲେ ଏହି ଗୃହ ମିଳିବ ନାହିଁ ବୋଲି ସରକାରୀ ଅଧିକାରୀମାନେ ସଫାସଫା ମନା କରି ଦେଉଛନ୍ତି । ଏକ ପକ୍ଷରେ କେନ୍ଦ୍ରୀୟ ଅନୁଦାନ ହ୍ରାସ ଓ ଅନ୍ୟପକ୍ଷରେ ଶାସକ ଦଳର ଅନ୍ତ୍ୟୋଦୟ ରାଜନୀତି ରାଜ୍ୟର ଗୃହହୀନ ଗରିବ ଲୋକମାନଙ୍କ ପାଇଁ ସମସ୍ୟାରେ ପରିଣତ ହୋଇଛି ।

### ସାତ ଦିନରେ...

ସକାଳେ ପାଇଖାନା ଯିବ କହି ଘରୁ ଯାଇଥିଲା ବେଳେ ଆଉ ଫେରି ନ ଥିଲା। ଘରକୁ ନ ଫେରିବାରୁ ପରିବାର ଲୋକେ ଖୋଜା ଖୋଜି କରି ପାଇନଥିଲେ। ତା ପର ଦିନ ଗାଁ ଠାରୁ ୨୫ କିଲୋମିଟର ଦୂର ଘୋବରଘଟା ସିଟ ଛକଠାରେ ବସିଥିବା ଦେଖି ଗ୍ରାମବାସୀ ତାର ଠିକଣା ଜାଣିବା ପରେ ଗାଁକୁ ପଠାଇବାର ବ୍ୟବସ୍ଥା କରିଥିଲେ। ନାବାଳିକା ଘରେ ପହଞ୍ଚିବା ପରେ ବଡ଼ ମା'ଙ୍କୁ ଦୁଷ୍କର୍ମ ସମ୍ପର୍କରେ କହିବା ପରେ ପରିବାର ଲୋକେ ହାତୀଗଡ଼ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରକୁ ଆଣିଥିଲେ। ସେଠାରେ ଡାକ୍ତର ଦୁଷ୍କର୍ମ ଆଶଙ୍କା କରି ରାଇବଣିଆ ଥାନାକୁ ଜଣାଇ ଥିଲେ। ସନ୍ଧ୍ୟାରେ ପରିବାର ପକ୍ଷରୁ ଥାନାରେ ଅଭିଯୋଗ ପରେ ପୁଲିସ ଘଟଣା ସ୍ଥଳରେ ପହଞ୍ଚି ତଦନ୍ତ ପରେ ରାଇବଣିଆ ଅଞ୍ଚଳର ଜଣେ ଯୁବକଙ୍କୁ ପୁଲିସ ଗିରଫ କରିଛି । ଏହାର ଦୁଇଦିନ ପରେ ଭୋଗରାଇ ଥାନା ଅନ୍ତର୍ଗତ ଲକ୍ଷ୍ମୀ ପାଟଣା ଅଞ୍ଚଳରେ ଜନୈକ ନାବାଳିକା ଛାତ୍ରୀଙ୍କୁ ଗଣଦୁଷ୍କର୍ମ କରି ହତ୍ୟା ଅଭିଯୋଗ ହୋଇଛି।

ଘରେ ଏକୁଟିଆ ଥିବାର ସୁଯୋଗ ନେଇ ଦୁର୍ବୃତ୍ତମାନେ ସମ୍ପୃକ୍ତା ଛାତ୍ରୀଙ୍କୁ ଗଣ ବଳାତ୍କାର କରି ହତ୍ୟା କରିଥିଲା ବେଳେ ଏହାକୁ ଆତ୍ମହତ୍ୟା ରୂପ ଦେବାପାଇଁ ଶୋଇବା ଘରେ ବେକରେ ରଶି ଲଗାଇ ଟାଙ୍ଗି ଦେଇଥିଲେ। ଏହି ଘଟଣାରେ ଜଣେ ଅଭିଯୁକ୍ତକୁ ପୁଲିସ ଅଟକ ରଖି ତଦନ୍ତ ଚଳାଇଛି। ଏହାପରେ ବ୍ଲକର ତାଳସାରି ଥାନା ଅଧୀନ ଉଦୟପୁର ଅଞ୍ଚଳରେ ଜୈନିକା ଜଣେ ବିବାହିତା ମହିଳାକୁ ଗତ ମଙ୍ଗଳବାର ଦିନ ଦ୍ୱିପ୍ରହରରେ ଜଣେ ଯୁବକ ନିସ୍ତୁକ ମାଡ଼ ମାରି ଦୁଷ୍କର୍ମ ଉଦ୍ୟମ କରିଥିବା ନେଇ ଗୁରୁବାର ଦିନ ଥାନାରେ ଅଭିଯୋଗ ହୋଇଥିଲା। ଅଭିଯୋଗକୁ ଭିତ୍ତି କରି ତାଳସାରି ସାମୁଦ୍ରିକ ଥାନା ପୁଲିସ ଘଟଣାର ତଦନ୍ତ କରୁଥିବା ବେଳେ ଏପର୍ଯ୍ୟନ୍ତ ପୁଲିସ ଅଭିଯୁକ୍ତକୁ ଧରିବାରେ ସକ୍ଷମ ହୋଇ ନଥିବା ଜଣାପଡ଼ିଛି। ତମାମ ଅଞ୍ଚଳରେ ଏଭଳି ଜଘନ୍ୟ ଅପରାଧ ଘଟୁଥିଲା ବେଳେ ଆଇନ ଶୃଙ୍ଖଳା ସମ୍ପୂର୍ଣ୍ଣ ଭୁଶୁଡ଼ି ପଡ଼ିଥିବା ବୁଦ୍ଧିଜୀବୀଙ୍କ ମଧ୍ୟରେ ଉଦ୍‌ବେଗ ପ୍ରକାଶ ପାଇଛି।

### ଟ୍ରେନ୍ ଧକ୍କାରେ...

ଠିକା ଶ୍ରମିକ କେବୁଲ୍ ଲାଇନ୍ କାର୍ଯ୍ୟ କରୁଥିବା ସମୟରେ ହଠାତ୍ ଟ୍ରେନ ଆସିଗଲା। ଟ୍ରେନ୍ ଆସିବାରୁ ଅନ୍ୟ ଶ୍ରମିକମାନେ ଦୌଡ଼ା ଦୌଡ଼ି ହୋଇ ପଳାଇବା ବେଳେ ଦୁଇ ଜଣଙ୍କୁ ଟ୍ରେନ ଧକ୍କା ଦେଇଥିଲା। ଘଟଣା ସ୍ଥଳରେ ଦୁଇ ଜଣଙ୍କର ମୃତ୍ୟୁ ଘଟିଥିଲା। ପରେ ରେଲୱେ ପୁଲିସ ଆସି ଶବକୁ ଜବତ କରି ବ୍ୟବଚ୍ଛେଦ ପାଇଁ ଦାନଗଦି ଡାକ୍ତରଖାନାକୁ ପଠାଇଥିଲେ।


**SALE**

Booking Open 2/3 BHK Flats BHPL KRISHNA BHARATPUR, BHPL RUDRA in front of CET College, Ghatikia, BHPL SB HOMES, Ghatikia, BHPL PNM, Satya Vihar, BHPL GRAND-4, Jagamara, GADHWAL HEIGHTS, Gautam Nagar, Bhubaneswar.

Contact
**GADHWAL GROUP**
**M.: 9437015112**

**AFFIDAVIT**

I, Alema Parween, W/o- Shaikh Riyazuddin, resident of Chandpur, Po/Ps- Brahmabarada, Dist-Jajpur, Pin-755005 Odisha decl-are by this affidavit No.4672 dtd.- 21/05/2025 that now onwards I shall be known as **ALEMA BIBI** for all future purposes.

ମଝିସାହି ମା' ସିଦ୍ଧ କମଳାଦେବୀ ଠାକୁରାଣୀ ଯାତ୍ରା ଉଦ୍‌ଯାପିତ

# ଟାଙ୍ଗୁଡ଼ିରେ ସ୍ୱାଗତ; ଘଟରେ ନେଲେ ବିଦାୟ





ରାୟଗଡ଼, ୨୫।୫(ସମିସ)

ଗଜପତି ଜିଲ୍ଲା ରାୟଗଡ଼ ବ୍ଲକ ସଦର ସ୍ଥିତ ମଝି ସାହିର ଆରାଧ୍ୟ ଦେବୀ ମା' ସିଦ୍ଧ କମଳା ଦେବୀଙ୍କ ଯାତ୍ରା ରବିବାର ଉଦ୍‌ଯାପିତ ହୋଇଯାଇଛି। ସାତ ବର୍ଷ ପରେ ବାପା ଘରେ ୭ ଦିନର ରହି ରବିବାର ସକାଳେ ପାରମ୍ପରିକ ରୀତିନୀତି ଅନୁସାରେ ଶାଶୂ ଘରକୁ ଏକ ବିରାଟ ପଟୁଆର ଫେରିଛନ୍ତି ମା' ସାଆନ୍ତାଣୀ। ମନ ଦୁଃଖ ସହିତ ମା' ବାପ ଘରକୁ ରବିବାର ସକାଳେ ଫେରିଛନ୍ତି। ଝିଅ ବାପ ଘରୁ ଯିବାର କଷ୍ଟ ସମସ୍ତେ ଅନୁଭବ କରିଛନ୍ତି। ସମସ୍ତଙ୍କ ଆଖିରେ ଆଖିଏ ଲୁହ ଓ ମନରେ କୋହ ମଧ୍ୟ ଦେଖିବାକୁ ମିଳିଛି। ମା' ନିଜ ବାପଘରୁ ସ୍ୱମନ୍ଦିର ଫେରିବା ପାଇଁ ବ୍ୟାପକ ପ୍ରସ୍ତୁତି କରାଯାଇଥିଲା। ଟାଙ୍ଗୁଡ଼ିରେ ସ୍ୱାଗତ କରାଯାଇ ଘଟରେ ବିଦାୟ କରାଯାଇଥିଲା। ଏହିକ୍ରମରେ ପୂଜାର୍ଚ୍ଚନା ସହିତ ରୀତିନୀତି ସମ୍ପନ୍ନ ହୋଇଥିଲା। ଶନିବାର ଶେଷ ଦିନ ହୋଇଥିବାରୁ ମା' ରାତି ସାରା ନଗର ପରିକ୍ରମାରେ ବାହାରି ଗ୍ରାମ ବୁଲିଥିଲେ। ମା'ଙ୍କ ଶେଷ ଦର୍ଶନ ପାଇଁ ଅସ୍ଥାୟୀ ମଣ୍ଡପରେ ପ୍ରବଳ ଭିଡ଼ ଜମିଥିଲା। ରୀତିନୀତି ଅନୁସାରେ ଦିନରେ ପୂଜା ସରିବା ପରେ ରାତି ୭ଟାରେ ଆଳତି ଲାଗିଥିଲା। ରାତି ୧୦ଟାରେ ମା'ଙ୍କ ଘଟ ବାହାରି ପରିକ୍ରମା କରି ଭୋର୍‌ରେ ଅସ୍ଥାୟୀ ମଣ୍ଡପରେ ପହଞ୍ଚିଥଲା। ମା'ଙ୍କ ସ୍ଥାନୀୟ ମଣ୍ଡପ ଓ ସ୍ୱର୍ଗତ ବଲ୍ଲଭ ପାଇକଙ୍କ ଘରୁ ଭୈରବୀ ବେଶରେ ବାହାରି ଖଣ୍ଡା ଚାଳନା ଯାତ୍ରାର ମୁଖ୍ୟ ଆକର୍ଷଣ ଥିଲା। ମା'ଙ୍କୁ ବିଦାୟ ଦେବା ସମୟରେ ସମଗ୍ର ରାୟଗଡ଼ ଗ୍ରାମର ଶ୍ରଦ୍ଧାଳୁ ଭାବବିହ୍ୱଳ ହୋଇପଡ଼ିଥିଲେ। ଡିଜେ ସହ ଟାଙ୍ଗୁ ବାଜା ବାଜଣା ଓ ବାଣରେ ରାୟଗଡ଼ ଦୁଲୁକୁଥିବା ବେଳେ ଧୂପ ଓ ଦୀପ ମହକରେ ମହକିଥିଲା। ଅଦିନିଆ ହୋଲି ପର୍ବ ପରିଲକ୍ଷିତ ହୋଇଥିଲା। ପ୍ରତି ସାହି ଗଳିକନ୍ଦିରେ ମା'ଙ୍କ ଘଟ ପୂଜା ପାଇଥିଲା ଓ ବିଭିନ୍ନ ରଙ୍ଗବେରଙ୍ଗ ଆଲୋକ ମାଳାରେ ସଜ୍ଜିତ ହୋଇଥିଲା ସାହି। ରବିବାର ସକାଳ ୮ଟାରେ ବିରାଟ ପଟୁଆରରେ ବାହାରି ନଗର ପରିକ୍ରମା ଶେଷକରି ଠାକୁରାଣୀ ଅସ୍ଥାୟୀ ମଣ୍ଡପରୁ ସ୍ଥାୟୀ ମଣ୍ଡପରେ ପହଞ୍ଚି ଥିଲେ ଓ ଉକ୍ତ ଯାତ୍ରା ସୁରୁଖୁରୁରେ ସମ୍ପନ୍ନ ହୋଇଛି। କାର୍ଯ୍ୟକ୍ରମକୁ କମିଟିର ସମସ୍ତ ସଦସ୍ୟ ପରିଚାଳନ କରିଥିବା ବେଳେ ଯୁବଗୋଷ୍ଠୀ ସହଯୋଗ କରିଥିଲେ।

# ମାଫିଆଙ୍କ ପାଖରେ ବନ୍ଧା ପଡ଼ିଛି ଅବକାରୀ ବିଭାଗ

- ଦୋକାନରେ ରହୁନି ଦର ତାଲିକା, ଷ୍ଟକ୍ ବିବରଣୀ
- ଏନ୍‌ଏଚ୍ କଡ଼ରେ ୩ ଦୋକାନ, ମନଇଚ୍ଛା ନେଉଛନ୍ତି ଦର

ପାରଳାଖେମୁଣ୍ଡି, ୨୫।୫(ସମିସ): ମଦ ବ୍ୟବସାୟୀଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରୁନି ଅବକାରୀ ବିଭାଗ। ସେଥିପାଇଁ ମଦ ବ୍ୟବସାୟୀଙ୍କ ସହ ମଦ ଦୋକାନରେ କାମ କରୁଥିବା କର୍ମଚାରୀ ମଧ୍ୟ କାହାକୁ ଭୟ କରୁନାହାନ୍ତି। ସେମାନେ ଏବେ ମାଫିଆଙ୍କ ଠାରୁ ବି ବଳିଗଲେଣି। ସବୁ ଆଇନ କାନୁନକୁ ଜଳାଞ୍ଜଳି ଦେଇ ମନଇଚ୍ଛା ରାଜ୍ ଚଳାଇଥିବାବେଳେ ଅବକାରୀ ବିଭାଗ ନିରବଦ୍ରଷ୍ଟା ସାଜିଛି। ଏନେଇ କେହି ପ୍ରତିବାଦ କଲେ ଧମକ ଦେଉଛନ୍ତି। ପାରଳାଖେମୁଣ୍ଡିରେ ଆଇନ କାନୁନ ମାଫିଆଙ୍କ ନିକଟରେ ବନ୍ଧା ପଡ଼ିଥିବା ଏବେ ଆଲୋଚନା ହେଉଛି। ବିଭାଗୀୟ ବାବୁ ଓ ପୁଲିସ ଜାଣି ଅଜଣା।

ଅବକାରୀ ଆଇନ ଅନୁସାରେ ମଦ ବିକ୍ରି ସ୍ଥାନରେ ମଦ ଦର ତାଲିକା, ଷ୍ଟକ ବିବରଣୀ, କର୍ମଚାରୀଙ୍କ ତଥ୍ୟ ସହ ସିସି କ୍ୟାମେରା ଲଗାଇବା କଥା। ହେଲେ ତାହାକୁ କେହି ମାନୁନାହାନ୍ତି। ଏଥିସହ ବିକ୍ରି ଉପରେ ବିଲ୍ ଦିଆଯାଉନାହିଁ। ବିଲ ମାଗିଲେ ଧମକ ଦିଆଯାଉଛି। ନିର୍ଦ୍ଧାରିତ ଦର ଠାରୁ ଅଧିକ ମୂଲ୍ୟ ନିଆଯାଉଛି। ଅବକାରୀ ବିଭାଗ ନିକଟରେ ଅଭିଯୋଗ କଲେ କୌଣସି ସୁଫଳ ମିଳୁନି। ଯେଉଁଥିପାଇଁ ମାଫିଆଙ୍କ ନିକଟରେ ବିଭାଗ ବନ୍ଧା ପଡ଼ିଛି ବୋଲି ଅଭିଯୋଗ ହେଉଛି। ଅନ୍ୟ ପକ୍ଷରେ ପୌରପରିଷଦ ପକ୍ଷରୁ ଦିଆଯାଇଥିବା ଭଡ଼ାଘରେ ବି ମଦ ଦୋକାନ ରହିଛି, ଯାହା ଆଇନର ଖିଲାପ। ତଥାପି ପ୍ରଶାସନ କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରୁନାହିଁ। ସେହିଭଳି ଜାତୀୟ ରାଜପଥ କଡ଼ରେ ମଧ୍ୟ ତିନୋଟି ମଦ ଦୋକାନ ରହିଛି। ସବୁ ଜାଣି ଅବକାରୀ ବିଭାଗ ନିରବଦ୍ରଷ୍ଟା ସାଜିଥିବାରୁ ତୀବ୍ର ପ୍ରତିକ୍ରିୟା ପ୍ରକାଶ ପାଉଛି।

# ମୁଖ୍ୟ ରାସ୍ତାଠାରୁ ଗ୍ରୀଡ୍ ଷ୍ଟେସନ ପର୍ଯ୍ୟନ୍ତ କିଟିକିଟି ଅନ୍ଧାର

ଜି.ଉଦୟଗିରି, ୨୫।୫(ସମିସ): କନ୍ଧମାଳ ଜିଲ୍ଲା ଜି.ଉଦୟଗିରି କନବାଗିରି ମୁଖ୍ୟ ରାସ୍ତାଠାରୁ ଗ୍ରୀଡ଼ ଷ୍ଟେସନ ପର୍ଯ୍ୟନ୍ତ ରାସ୍ତାରେ ଆଲୋକୀକରଣ ବ୍ୟବସ୍ଥା ନଥିବାରୁ ସଞ୍ଜ ନଇଁଲେ କିଟିକିଟି ଅନ୍ଧାରରେ ଯାତ୍ରୀ ନାହିଁ ନଥିବା ହୀନସ୍ତା ହେଉଛନ୍ତି। ପ୍ରାୟ ଏକ କିମି ଏହି ରାସ୍ତା ଅନ୍ଧାର ରହିବା ଫଳରେ ଲୋକେ ଯାତାୟାତ କରିବାକୁ ଭୟ କରୁଛନ୍ତି। ବିଶେଷ କରି କର୍ମଚାରୀ ଯାତାୟାତ କରିବାରେ ସମସ୍ୟା ସୃଷ୍ଟି ହୋଇଛି। ଗତ ଡିସେମ୍ବର ମାସରେ ଗଛ ପଡ଼ି ଆଲୋକୀକରଣ ବ୍ୟବସ୍ଥା ବିପର୍ଯ୍ୟସ୍ତ ହୋଇଥିବା ବେଳେ ଆଜି ପର୍ଯ୍ୟନ୍ତ ଏହାର ମରାମତି ହୋଇପାରିନି। ଏ ସମ୍ପର୍କରେ ଏନ୍‌ଏସିରେ ଅଭିଯୋଗ କରାଯାଇଥିଲେ ମଧ୍ୟ କୌଣସି ସୁଫଳ ମିଳୁନି। ଉଚ୍ଚ କର୍ତ୍ତୃପକ୍ଷ ଦୃଷ୍ଟି ଦେବାକୁ ଦାବି ହେଉଛି।

- ଆଲୋକୀକରଣ ବ୍ୟବସ୍ଥା କରିବାକୁ ଦାବି

# ପଞ୍ଚକୋଶ କେନ୍ଦ୍ର ସୁଦକୁଳ ସମାଜର ବାର୍ଷିକ ଉତ୍ସବ



ଫିରିଙ୍ଗିଆ, ୨୫।୫(ସମିସ): ଫିରିଙ୍ଗିଆ ପଞ୍ଚାୟତ ନୂଆପଡ଼ାରେ ଅନୁଷ୍ଠିତ ପଞ୍ଚକୋଶ କେନ୍ଦ୍ର ସୁଦକୁଳ ସମାଜର ବୈଠକ ଓ ବାର୍ଷିକ ଉତ୍ସବ ଉଦ୍‌ଯାପିତ ହୋଇଯାଇଛି। କୁଳ ସମାଜ ସଭାପତି କୃପାସିନ୍ଧୁ ବିଶୋଇଙ୍କ ଅଧ୍ୟକ୍ଷତା ତଥା ତତ୍ତ୍ୱାବଧାନରେ ଅନୁଷ୍ଠିତ ଉତ୍ସବର ପ୍ରଥମ ଦିନରେ ସମସ୍ତ ୨୭ ଖଣ୍ଡ ମୌଜାବାସୀଙ୍କ ସ୍ୱଜାତି କୁଳ ସମାଜର କର୍ମକର୍ତ୍ତା, ମାତୃ ମଣ୍ଡଳୀ ଓ ଯୁବକ ଯୁବତୀ ସହ ସ୍ୱଜାତି ଜନସାଧାରଣଙ୍କ ଦ୍ୱାରା କଳସ ଯାତ୍ରା, ଠାକୁର ଆବାହନ କରାଯାଇଥିଲା। ସ୍ଥାନୀୟ ପୋଖରୀରୁ ଜଳ କଳସୀ ଅଣାଯାଇ ନୃସିଂହ ନାଥ ମନ୍ଦିରରୁ ଠାକୁର ଆବାହନ କରାଯାଇ ବୈଠକ ସ୍ଥଳରେ ସ୍ଥାପନ କରାଯାଇଥିଲା। ଦୁଇଦିନ ଧରି ଆୟୋଜିତ କାର୍ଯ୍ୟକ୍ରମରେ ଦକ୍ଷିଣାଞ୍ଚଳ ଜିଲ୍ଲା ନିର୍ବାଚନ ଅଧିକାରୀ ଉତ୍ତମ ଖମାରୀ ଯୋଗ ଦେଇଥିବାବେଳେ ପଞ୍ଚକୋଶ କେନ୍ଦ୍ର ଉପସଭାପତି ସତ୍ୟ ବିଶୋଇ, ସମ୍ପାଦକ ଗୋପୀନାଥ ଭୁକ୍ତା, ସହ ସମ୍ପାଦକ ବାବୁଲା ଝାଙ୍କର, କୋଷାଧ୍ୟକ୍ଷ ବଳରାମ ବିଶୋଇ, ଜିଲ୍ଲା ସହ ସମ୍ପାଦକ ଭିକାରି ଭୁକ୍ତା, ଜିଲ୍ଲା ଉପ ସଭାପତି ସତ୍ୟ ନାରାୟଣ ଭୁକ୍ତା, ଉପଦେଷ୍ଟା ମଣ୍ଡଳୀର ଚନ୍ଦ୍ର କିଶୋର ଭୁକ୍ତା, ସଚି ଭୁକ୍ତା ପାବନି ଖମାରୀ, ସୁବାସ ବିଶୋଇ, କୁମ୍ଭ ବିଶୋୟୀ, ଯୋଗ ଦେଇଥିଲେ। ପୂର୍ବତନ କେନ୍ଦ୍ର ସଭାପତି ତଥା ଉପଦେଷ୍ଟା ରମାକାନ୍ତ ଦଳ ବେହେରା, ବସନ୍ତ ଭୁକ୍ତା ଯୋଗ ଦେଇ ସାମାଜିକ ଶୃଙ୍ଖଳା ଉପରେ ବକ୍ତବ୍ୟ ପ୍ରଦାନ କରିଥିଲେ। ଦ୍ୱିତୀୟ ଦିବସରେ ବୈଠକ ସମାପ୍ତି ପରେ ପୂର୍ଣ୍ଣାହୁତି ଏବଂ କଳସୀ ବିସର୍ଜନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଚଳିତ ବର୍ଷ ଦଶମ ଶ୍ରେଣୀରେ ପାସ ହୋଇଥିବା ସମସ୍ତ କୁଳ ଛାତ୍ରଛାତ୍ରୀଙ୍କୁ ସମ୍ବର୍ଦ୍ଧିତ କରାଯାଇଥଲା। ଜିଲ୍ଲା ବୋର୍ଡ଼ ସଦସ୍ୟ ବରୁଣ ବିଶୋଇ, ବିରୁପାକ୍ଷ ଦେହୁରୀ, ବିଷ୍ଣୁ ବିଶୋଇଙ୍କ ସହ ଡିଣ୍ଡିରା ଗାଁ, ଫିରିଙ୍ଗିଆ, ତଣ୍ଡି ଗାଁ, ନୁଆପଡ଼ା, ସଖିପଡ଼ା, ଗାମ୍ବେରି ଗୁଡାର ସମସ୍ତ ୬ ଖଣ୍ଡ ମୌଜାବାସୀ ସହଯୋଗ କରିଥିଲେ।

# ଲେବେଲ-ଏକ୍ସ କ୍ୟାଡର ଶିକ୍ଷକ ସଂଗଠନର ବୈଠକ ଓ କର୍ମକର୍ତ୍ତା ଚୟନ



ପାରଳାଖେମୁଣ୍ଡି, ୨୫।୫(ସମିସ): ଗଜପତି ଜିଲ୍ଲା ସଦରମହକୁମା ପାରଳାଖେମୁଣ୍ଡି ସ୍ଥିତ ଗାନ୍ଧୀ ସ୍ମୃତି ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ଲେବେଲ-ଏକ୍ସ କ୍ୟାଡର ଶିକ୍ଷକ ସଂଗଠନର ଏକ ବୈଠକ ଅନୁଷ୍ଠିତ ହୋଇଥିଲା। ପୂର୍ବତନ ଜିଲ୍ଲା ଏକ୍ସ କ୍ୟାଡର ଶିକ୍ଷକ ସଂଗଠନ ଜିଲ୍ଲା ସଭାପତି ରଜନୀକାନ୍ତ ପାତ୍ରଙ୍କ ଅଧ୍ୟକ୍ଷତାରେ ଏହି ବୈଠକ ଅନୁଷ୍ଠିତ ହୋଇଥିଲା। ବୈଠକରେ ଏକ୍ସ କ୍ୟାଡର ଶିକ୍ଷକଙ୍କ କାର୍ଯ୍ୟପଦ୍ଧତି ବିଷୟରେ ବିସ୍ତୃତ ଭାବେ ଆଲୋଚନା ହୋଇଥିଲା ଏବଂ ଗଜପତି ଜିଲ୍ଲାରେ କିଭଳି ଏହା କାର୍ଯ୍ୟକାରୀ ହେବ ସେ ବିଷୟରେ ଆଲୋଚନା କରାଯାଇଥିଲା। ଏଥିସହ ନୂତନ କର୍ମକର୍ତ୍ତା ନିର୍ବାଚନ ହୋଇଥିଲା। ଏଥିରେ ସହମତି କ୍ରମେ ସଭାପତି ଭାବେ ଅମୂଲ୍ୟ କୁମାର ପାତ୍ର, ସମ୍ପାଦକ ଜିତେନ୍ଦ୍ର ପାଣି, କାର୍ଯ୍ୟକାରୀ ସଭାପତି ଦିବାକର ନାୟକ, ମହାସଚିବ ରଜନୀକାନ୍ତ ପାତ୍ର, ବୁଲୁ ବେହେରା, ଉପସଭାପତି ଭାସ୍କର ମହାକୁଡ, ମୂରଲୀ ଧର ଚୌଧୁରୀ, ସନ୍ତୋଷ ତରାସିଆ, ସହସମ୍ପାଦକ ଦିଲୀପ ଜେନା, କୋଷାଧ୍ୟକ୍ଷ ଶିବାନନ୍ଦ ସାହୁ, ଯୁଗ୍ମ ସମ୍ପାଦକ ଏସ୍. ଗୋପାଳ ରାଓ, ଭାଗିରଥୀ ଗୌଡ, ମିଡିଆ ସଂଯୋଜକ ଭାବେ ସରସ ପାଣି, ଜୁନେସ ରଇତ, ଆଇନ ପରାମର୍ଶଦାତା ଭାବେ ସୁବାସ ଚନ୍ଦ୍ର ମହାଙ୍କୁ ଚୟନ କରାଯାଇଥିଲା।

# ସାବିତ୍ରୀ ବ୍ରତ ପାଇଁ ବଜାର ଚଳଚଞ୍ଚଳ



ପାରଳାଖେମୁଣ୍ଡି, ୨୫।୫(ସମିସ): ରାତି ପାହିଲେ ସାବିତ୍ରୀ ଅମାବସ୍ୟା। ଚଳଚଞ୍ଚଳ ହୋଇଉଠିଛି ଗଜପତି ଜିଲ୍ଲା ସଦର ମହାକୁମା ପାରଳାଖେମୁଣ୍ଡି ସହର। ରବିବାର ସାରା ସହର ଏବଂ ବଜାର ଘାଟରେ ଗହଳ ଚହଳ ଲାଗି ରହିଛି। ସାବିତ୍ରୀ ବ୍ରତ ପାଳନ ପାଇଁ ବିବାହିତ ମହିଳା ନାନା ପ୍ରକାର ଫଳ ଯଥା ଆମ୍ବ, ପଣସ, ସପୁରି, ଜାମୁ, ଖଜୁରିକୋଳି, ନଡିଆ, ତାଳ, କମଳାର ଆବଶ୍ୟକ ଥିବାରୁ ଏହାକୁ କିଣିବାକୁ ଦୋକାନ ମାନଙ୍କରେ ଅସମ୍ଭାଳ ଭିଡ଼ ହୋଇଥିଲା। ସେହିପରି ସାବିତ୍ରୀ ଅବସରରେ ଶାଢ଼ି ଦୋକାନରେ ମଧ୍ୟ ରବିବାର ମହିଳାମାନଙ୍କର ପ୍ରବଳ ଭିଡ଼ ପରିଲକ୍ଷିତ ହୋଇଛି। ଅଧିକ ଚାହିଦା ଯୋଗୁଁ ଫଳ ଦର ଆକାଶଛୁଆଁ ହୋଇଥିବା ଦେଖିବାକୁ ମିଳିଛି।

# ପଦୋନ୍ନତି କ୍ଷେତ୍ରରେ ପାତରଅନ୍ତର ଦୂରୀକରଣ ଦାବି

ମୋହନା, ୨୫।୫(ସମିସ): ରାଜ୍ୟ ସରକାର ଅଧୀନରେ ଥିବା ଅନୁସୂଚିତ ଜାତି/ଜନଜାତି ବିଭାଗ ଉଚ୍ଚ ବିଦ୍ୟାଳୟର ପିଜିଟି ଶିକ୍ଷକ ଯୋଗ୍ୟତାଧାରୀ +୨ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟରେ ପଦୋନ୍ନତି ପାଉଥିବାବେଳେ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗରେ କାର୍ଯ୍ୟରତ ସେହି ଯୋଗ୍ୟତାଧାରୀ ଶିକ୍ଷକ +୨ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟକୁ ପଦୋନ୍ନତି ପାଇପାରୁନହାନ୍ତି। ଏଥିନେଇ ଶିକ୍ଷକଙ୍କ ମନୋବଳ ଦୁର୍ବଳ ହେବାସହ ଆର୍ଥିକ ଦୃଷ୍ଟିରୁ ବହୁ ତାରତମ୍ୟ ରହିବା ଯୋଗୁଁ ସମସ୍ୟା ସୃଷ୍ଟି ହେଉଛି। ସରକାରଙ୍କ ଭୁଲ ନିଷ୍ପତ୍ତି ଯୋଗୁଁ ଏଭଳି ଅନେକ ଶିକ୍ଷକ ତଥା ଜନ ସାଧାରଣ ବିଭିନ୍ନ ପ୍ରଶ୍ନ ଉଠାଉଛନ୍ତି। ଏହି ଅସଂଗତ ଦୂରୀକରଣ କରିବାକୁ ଦାବି ହେଉଛି।

ମହାରାଜା କୃଷ୍ଣଚନ୍ଦ୍ର ଗଜପତି ନାରାୟଣ ଦେବଙ୍କ ଶ୍ରାଦ୍ଧବାର୍ଷିକୀ

# ଓଡ଼ିଆ ଜାତିକୁ ସର୍ବାଗ୍ରେ ପହଞ୍ଚାଇବାରେ ମହାରାଜାଙ୍କ ଭୂମିକା ଗୁରୁତ୍ୱପୂର୍ଣ୍ଣ



ପାରଳାଖେମୁଣ୍ଡି, ୨୫।୫(ସମିସ): ସ୍ୱତନ୍ତ୍ର ଓଡ଼ିଶା ପ୍ରଦେଶ ଗଠନର ମୁଖ୍ୟ ପୁରୋଧା, ସ୍ୱତନ୍ତ୍ର ଉତ୍କଳ ପ୍ରଦେଶ ଗଠନର ଅନ୍ୟତମ କର୍ଣ୍ଣଧାର, ଭାଷାଭିତ୍ତିକ ରାଷ୍ଟ୍ର ନିର୍ମାଣର ବଳିଷ୍ଠ ବିଧାଣୀ, ଉତ୍କଳବାସୀଙ୍କ ପାଇଁ ଗୌରବର ସ୍ୱାକ୍ଷର ବହନ କରୁଥିବା ଓଡ଼ିଶାର ପ୍ରଥମ ପ୍ରଧାନମନ୍ତ୍ରୀ ମହାରାଜା ଶ୍ରୀ କୃଷ୍ଣଚନ୍ଦ୍ର ଗଜପତି ନାରାୟଣ ଦେବଙ୍କ ୫୨ତମ ଶ୍ରାଦ୍ଧବାର୍ଷିକୀ ପାଳିତ ହୋଇଯାଇଛି। ଏହି ଅବସରରେ ଅତିରିକ୍ତ ଜିଲ୍ଲାପାଳ ଫାଲ୍‌ଗୁନି ମାଝୀ, ପାରଳାଖେମୁଣ୍ଡି ପୌରପରିଷଦର ନିର୍ବାହୀ ଅଧିକାରୀ ଲକ୍ଷ୍ମଣ କୁମାର ମୁର୍ମୁ, ବିଶିଷ୍ଟ ନାଗରିକ ପୂର୍ଣ୍ଣଚନ୍ଦ୍ର ମହାପାତ୍ର, ଜିଲ୍ଲା ସଂସ୍କୃତି ଅଧିକାରୀ ଅର୍ଚ୍ଚନା କୁମାରୀ ମଙ୍ଗରାଜ, ଜିଲ୍ଲା ସୂଚନା ଓ ଲୋକସମ୍ପର୍କ ଅଧିକାରୀ ପ୍ରଦୀପ୍ତ କୁମାର ଗୁରୁମାଇଙ୍କ ସମେତ ସ୍ଥାନୀୟ ସମସ୍ତ ବରିଷ୍ଠ ନାଗରିକ ଓ ବୁଦ୍ଧିଜୀବୀ ବଜାର ଛକସ୍ଥିତ ମହାରାଜା ଶ୍ରୀ କୃଷ୍ଣଚନ୍ଦ୍ର ଗଜପତି ନାରାୟଣ ଦେବଙ୍କ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରି ଶ୍ରଦ୍ଧାଞ୍ଜଳି ଜ୍ଞାପନ କରିଥିଲେ। ଏହା ସହ ମହାରାଜାଙ୍କ ସ୍ମୃତି ସୌଧରେ ପୁଷ୍ପମାଲ୍ୟ ଅର୍ପଣ କରି ଭକ୍ତିପୂତ ଶ୍ରଦ୍ଧାଞ୍ଜଳି ଅର୍ପଣ କରାଯାଇଥିଲା। ଭାଷା ଭିତ୍ତିରେ ଓଡ଼ିଶା ପ୍ରଦେଶ ଗଠନ କରିବାରେ ମହାରାଜା ଅନ୍ୟତମ ଓ ଓଡ଼ିଆ ଜାତିକୁ ସର୍ବାଗ୍ରେ ପହଞ୍ଚାଇବା ସହ ଲୋକଙ୍କ ମଧ୍ୟରେ ଜନଜାଗରଣ ସୃଷ୍ଟି କରିବାରେ ମହାରାଜାଙ୍କ ଭୂମିକା ଗୁରୁତ୍ୱପୂର୍ଣ୍ଣ ବୋଲି ଅତିରିକ୍ତ ଜିଲ୍ଲାପାଳ ଶ୍ରୀ ମାଝୀ କହିଥିଲେ।

# କୃପାଳୁ ଶିଶୁ ସାହିତ୍ୟ ଆସରରେ ପାରଳା ମହାରାଜାଙ୍କ ତିରୋଧାନ ଦିବସ



ପାରଳାଖେମୁଣ୍ଡି, ୨୫।୫(ସମିସ): ବାଳ ମୁକୁନ୍ଦ କେନ୍ଦ୍ର ଉପସ୍ଥାପନା କରିଥିବା କୃପାଳୁ ଶିଶୁ ସାହିତ୍ୟ ଆସରରେ ପାରଳା ମହାରାଜ ଶ୍ରୀକୃଷ୍ଣଚନ୍ଦ୍ର ଗଜପତି ନାରାୟଣ ଦେବଙ୍କ ତିରୋଧାନ ଦିବସ ସ୍ଥାନୀୟ ନବଜୀବନ ଟ୍ରଷ୍ଟ (ଅନାଥ ବାଳିକା ଆଶ୍ରମ)ରେ ଥିବା ପାଠାଗାରରେ ପାଳିତ ହୋଇଛି। ଏଥିରେ ସମସ୍ତ ଅନ୍ତେବାସୀ ଓ କର୍ମଚାରୀ ଏବଂ ସଂଯୋଜକ ନିତ୍ୟାନନ୍ଦ ଚୌଧୁରୀ ଶ୍ରଦ୍ଧାଞ୍ଜଳି ଅର୍ପଣ କରିଥିଲେ। ପିଲାମାନେ ମହାରାଜଙ୍କ ତ୍ୟାଗମୟ ଜୀବନ ଓ ସ୍ୱତନ୍ତ୍ର ଓଡ଼ିଶା ଗଠନରେ ତାଙ୍କର ଭୂମିକା ବିଷୟରେ ଅଧିକ ଜାଣିବା ପାଇଁ ପାଠାଗାରରେ ଥିବା ବହି ପଢ଼ିବା ପାଇଁ ଉତ୍ସାହିତ କରାଯାଇଥିଲା। ବରିଷ୍ଠ ଛାତ୍ରୀ ମଧୁସ୍ମିତା ସିଂଙ୍କୁ ଏହି ଦାୟିତ୍ୱ ଦିଆଯାଇଛି।

- ବିଏନ୍ ପ୍ୟାଲେସ୍‌ର ମୂଲ୍ୟବାନ ସାମଗ୍ରୀ ଚୋରି ଘଟଣା

# ଥାନାର ଦ୍ୱାରସ୍ଥ ହେଲେ ସମାଜସେବୀ



ପାରଳାଖେମୁଣ୍ଡି, ୨୫।୫(ସମିସ): ଗଜପତି ଜିଲ୍ଲାର ସଦରମହକୁମା ପାରଳାଖେମୁଣ୍ଡି ସହରର ମହେନ୍ଦ୍ରତନୟା ନଦୀ ପାର୍ଶ୍ୱରେ ଥିବା ଐତିହାସିକ ବିଏନ୍ ପ୍ୟାଲେସର ମୂଲ୍ୟବାନ ସାମଗ୍ରୀ ଚୋରି ଘଟଣାକୁ ନେଇ ଜିଲ୍ଲା ପର୍ଯ୍ୟଟନ ବିଭାଗ ବିରୋଧରେ ଥାନାରେ ଅଭିଯୋଗ ହୋଇଛି। ସହରର ଯୁବ ସମାଜସେବୀ ତଥା ଶ୍ରୀ କୃଷ୍ଣଚନ୍ଦ୍ର ଗଜପତି ସ୍ୱୟଂଶାସିତ ମହାବିଦ୍ୟାଳୟର ପ୍ରାକ୍ତନ ସମ୍ପାଦକ ବିଭୂତି ଭୂଷଣ ହୋତା ଏହି ଅଭିଯୋଗ କରିଛନ୍ତି। ଶ୍ରୀ ହୋତା ଅଭିଯୋଗ କରିବା ପୂର୍ବରୁ ଆଜି ମହାରାଜା ଶ୍ରୀ କୃଷ୍ଣଚନ୍ଦ୍ର ଗଜପତିଙ୍କ ପୁଣ୍ୟତିଥି ଅବସରରେ ତାଙ୍କ ସମାଧି ପୀଠକୁ ଯାଇ ଶ୍ରଦ୍ଧାଞ୍ଜଳି ଜଣାଇବା ପରେ ଥାନାକୁ ଯାଇ ଅଭିଯୋଗପତ୍ର ପ୍ରଦାନ କରିଥିଲେ। ଶ୍ରୀ ହୋତା ଅଭିଯୋଗ କରିଛନ୍ତି ଯେ, ଚଳିତ ମାସ ପ୍ରଥମାର୍ଦ୍ଧରେ ପାରଳାଖେମୁଣ୍ଡି ସହରରେ ଥିବା ଓଡ଼ିଶା ସରକାରଙ୍କ ପର୍ଯ୍ୟଟନ କ୍ଷେତ୍ରର ମାନ୍ୟତା ପାଇଥିବା ଐତିହ୍ୟ ସମ୍ପନ୍ନ ତଥା ଓଡିଆ ଅସ୍ମିତାର ସ୍ୱତନ୍ତ୍ର ପରିଚୟ ବହନ କରୁଥିବା ବିଏନ୍ ପ୍ୟାଲେସ୍ (ବୃନ୍ଦାବନ ନିବାସ)ରୁ ମୂଲ୍ୟବାନ ସାମଗ୍ରୀ ଯଥା ସିଡିରେ ଲଗାଯାଇଥିବା କାଠ ରେଲିଂ ଓ ଲୁହାରେ ନିର୍ମିତ ଗୋଟିଏ ପାର୍ଶ୍ୱର ସୁନ୍ଦର କାରୁକାର୍ଯ୍ୟ ସାମଗ୍ରୀ ଦେଖିବାକୁ ମିଳି ନଥିଲା। ଏନେଇ ବି.ଏନ୍.ପ୍ୟାଲେସ୍‌ରେ ରହୁଥିବା ଜଣେ ବ୍ୟକ୍ତିଙ୍କୁ ପଚାରିବାରୁ ଚୋରି ହୋଇଯାଇଛି। ଏ ବିଷୟରେ ଦାୟିତ୍ୱରେ ଥିବା ବିଭାଗୀୟ ଅଧିକାରୀଙ୍କୁ ଜଣାଇବା ସହ ସେ ଥାନାରେ ଅଭିଯୋଗ କରିଛନ୍ତି ବୋଲି କହିଥିଲେ। ଏହାପରେ କିଛି ଦିନ ପରେ ପୁଣି ଥରେ ବିଏନ୍ ପ୍ୟାଲେସ୍ ଯାଇଥିବା ବେଳେ ସିଡିର ଅନ୍ୟପଟେ ଥିବା କାଠ ରେଲିଂ ନଥିବା ଦେଖିବାକୁ ମିଳିଥିଲା। ଐତିହାସିକ ବି.ଏନ୍.ପ୍ୟାଲସର ବହୁ କିମ୍ବଦନ୍ତୀ ରହିଛି। ଓଡ଼ିଶାକୁ ସ୍ୱତନ୍ତ୍ର ପ୍ରଦେଶ ଗଠନ କରିବା ଓ ସ୍ୱାଭିମାନ ବଞ୍ଚାଇବାରେ ବି.ଏନ୍. ପ୍ୟାଲେସ୍ ଗୁରୁତ୍ୱପୂର୍ଣ୍ଣ ଭୂମିକା ରହିଛି। ବି.ଏନ୍. ପ୍ୟାଲେସ୍ ନିର୍ମାଣରେ ଯେଉଁ ସାମଗ୍ରୀ ଗୁଡିକ ବ୍ୟବହାର ହୋଇଥିଲା ସେସବୁ ମଧ୍ୟରୁ ଅଧିକାଂଶ ବିଦେଶରୁ ଆସିଥିଲା। ବର୍ତ୍ତମାନ ସମୟରେ ବିରଳ ଓ ମୂଲ୍ୟବାନ। ଏପରି ଐତିହାସିକ ସୌଧରୁ ଚୋରି ଘଟଣା ଓଡିଆ ଜନମାନସକୁ କୁଠାରଘାତ କରୁଛି ବୋଲି ହୃଦବୋଧ ହେଉଥିବା ଯୁବସମାଜସେବୀ ଜଣାଇଛନ୍ତି। ପ୍ୟାଲେସ୍‌ରୁ ଯେଉଁ ସବୁ ଚୋରି ସାମଗ୍ରୀ ହୋଇଛି ତାହା ପଛରେ ସୁଚିନ୍ତିତ ଷଡ଼ଯନ୍ତ୍ର ରହିଥିବା ଅଭିଯୋଗ ହେଉଛି। ଏଥିରେ କୌଣସି ଏକ ବଡ଼ ରାକେଟ୍ କାମ କରୁଛି। ଜିଲ୍ଲା ପର୍ଯ୍ୟଟନ ବିଭାଗ ନିରବଦ୍ରଷ୍ଟା ସାଜିଥିବା ଅଭିଯୋଗ ହେଉଛି। ସମସ୍ତ ଘଟଣାକୁ ତଦନ୍ତ କରି ଏଥିରେ ଜଡିତଙ୍କ ବିରୋଧରେ ଦୃଢ଼ ଆଇନଗତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ଶ୍ରୀ ହୋତା ଥାନା ଅଧିକାରୀ ପ୍ରଶାନ୍ତ କୁମାର ଭୂପତିଙ୍କୁ ନିବେଦନ କରିଛନ୍ତି।

- ଚୋରି ପଛରେ ସୁଚିନ୍ତିତ ଷଡ଼ଯନ୍ତ୍ର, ବଡ଼ ର୍ୟାକେଟ ହାତ ସନ୍ଦେହ

### ବ୍ୟାଙ୍କ ଅଧିକାରୀଙ୍କ ଅବହେଳା

## ଏଟିଏମ୍‌ରୁ ବାହାରୁଛି ଚିରାଫଟା ନୋଟ୍

ହୁମ୍ମା, ୨୫।୫(ସମିସ): ହୁମ୍ମା ଷ୍ଟେଟ ବ୍ୟାଙ୍କ ସାମ୍ନାରେ ଥିବା ଏଟିଏମ୍‌ରୁ ବାହାରୁଛି କାଗଜ ମରାଯାଇଥିବା ୫ଶହ ଟଙ୍କିଆ ନୋଟ। ଏହି ନୋଟ୍ ଦେଖିଲେ ଆପଣ ବି ତାଜୁବ୍ ହୋଇଯିବେ। ଗତ ଶୁକ୍ରବାର ବାଲିବଗଡ଼ ଗ୍ରାମର ରଜନୀକାନ୍ତ ସ୍ୱାଇଁଙ୍କୁ କିଛି ଟଙ୍କା ଜରୁରୀ ପଡ଼ିଲା। ରଜନୀ ହଠାତ୍ ହୁମ୍ମା ଷ୍ଟେଟ ବ୍ୟାଙ୍କ ସାମ୍ନାରେ ଥିବା ଏଟିଏମ୍‌କୁ ଆସି ୨୦ ହଜାର ଟଙ୍କା ଉଠାଇଥିଲେ। ମାତ୍ର ବାହାରିଥିବା ଟଙ୍କାରେ କାଗଜ ଲାଗିଥିବା ୫ଶହ ଟଙ୍କିଆ ଦେଖି ସେ ଆଶ୍ଚର୍ଯ୍ୟ ହୋଇଯାଇଥିଲେ। ଟଙ୍କା ଉଠାଇବାକୁ ଆସିଥିବା ବନ୍ଧୁଙ୍କୁ କହି ସଙ୍ଗେ ସଙ୍ଗେ ଭିଡ଼ିଓ ସୁଟ କରିଥିଲେ। ୨୦ ହଜାର ଟଙ୍କାରୁ ୧୫ ହଜାର ଟଙ୍କାରେ କାଗଜ ଲାଗିଥିବା ଦେଖିବାକୁ ମିଳିଛି। ଜରୁରୀ ଥିବା ଟଙ୍କାକୁ କୌଣସି କାମରେ ଲାଗିଲା ନାହିଁ। ସକାଳ ୮ ଟାରୁ ୧୦ଟା ପର୍ଯ୍ୟନ୍ତ ବ୍ୟାଙ୍କ ଖୋଲା ହେବା ଯାଏ ସେମିତି ଜଗି ବସିଥିଲେ ରଜନୀ। ବ୍ୟାଙ୍କ ଖୋଲିଲା ମାତ୍ରେ ହୁମ୍ମା ଷ୍ଟେଟ ବ୍ୟାଙ୍କ ମ୍ୟାନେଜରଙ୍କ ସହ ଆଲୋଚନା କଲା ପରେ ମ୍ୟାନେଜର ବ୍ରହ୍ମପୁର ମେନ୍ ବ୍ରାଞ୍ଚ ସହ ଯୋଗାଯୋଗ କରିଥିଲେ। ପରେ ମ୍ୟାନେଜର ଛତ୍ରପୁର ଯାଇ ସମସ୍ତ ନୋଟ୍‌କୁ ବଦଳାଇବାକୁ ରଜନୀକାନ୍ତଙ୍କୁ କହିଥିଲେ। ହେଲେ ରଜନୀଙ୍କ କୌଣସି ବ୍ୟକ୍ତିଗତ କାମ ଥିବାରୁ ସେ ଯାଇପରିନଥିଲେ। ତା’ ପରଦିନ ଶେଷ ଶନିବାର ଛୁଟି ଓ ରବିବାର ଛୁଟି ଥିବାବେଳେ ସୋମବାର ସାବିତ୍ରୀ ଅମାବାସ୍ୟା ପାଇଁ ବ୍ୟାଙ୍କ ବନ୍ଦ ରହିଛି। ଯାହାକୁ ନେଇ ସେ ଏବେ ଚିନ୍ତାରେ। ତେବେ ଏଠାରେ ପ୍ରଶ୍ନ ଉଠୁଛି ଯେ ଏତେ ସଂଖ୍ୟକ ଚିରାଫଟା ନୋଟ ଏଟିଏମ୍‌ରେ ଲୋଡ୍ ହେବା ପରେ ମଧ୍ୟ ବ୍ୟାଙ୍କ କର୍ମଚାରୀ ଓ ଏଟିଏମ୍ ପରିଚାଳନାକାରୀ କିପରି ଜାଣିପାରିଲେନି ତାହା ପ୍ରଶ୍ନବାଚୀ ସୃଷ୍ଟି କରିଛି।



## ସୁଧୁରିବେ ଏମ୍‌କେସିଜି ମେଡ଼ିକାଲର ଅମାନିଆ କର୍ମଚାରୀ

ବ୍ରହ୍ମପୁର, ୨୫।୫(ସମିସ)

- ତଳିଆ କର୍ମଚାରୀଙ୍କ ପାଇଁ ଲାଗୁ ହେବ ବାଧ୍ୟତାମୂଳକ ବାୟୋମେଟ୍ରିକ୍ ବ୍ୟବସ୍ଥା
- ଜୁନ ୩ତାରିଖ ସୁଦ୍ଧା ସମସ୍ତ ପ୍ରକ୍ରିୟା ଶେଷ କରିବାକୁ ନିର୍ଦ୍ଦେଶ




ସଠିକ ସମୟରେ ଏମକେସିଜି ମେଡ଼ିକାଲର କାର୍ଯ୍ୟରତ କର୍ମଚାରୀମାନେ କାର୍ଯ୍ୟରେ ଯୋଗ ଦେବାରେ ବିଳମ୍ବ କରୁଛନ୍ତି। ଏହା ସହ କିଛି କର୍ମଚାରୀ କାର୍ଯ୍ୟ ଶେଷ ସମୟ ପୂର୍ବରୁ ପଳାଉଥିବା ନଜର ରହିଛି। ଏଭଳି ଅଭିଯୋଗ ବାରମ୍ବାର ହେଉଛି। ଏହାକୁ ଜିଲ୍ଲା ପ୍ରଶାସନ ପକ୍ଷରୁ ଅତି ଗୁରୁତର ସହ ଗ୍ରହଣ କରିଛି। ଏମକେସିଜି ମେଡ଼ିକାଲର ବିଭିନ୍ନ ବିଭାଗ ଓ କାର୍ଯ୍ୟାଳୟରେ କାର୍ଯ୍ୟରତ ତଳିଆ କର୍ମଚାରୀ ଯଥା ଗ୍ରୁପ ଡି ଓ ଆଉଟସୋର୍ସି କର୍ମଚାରୀଙ୍କ ପାଇଁ ବାୟୋମେଟ୍ରିକ ଉପସ୍ଥାନ ଲାଗୁ କରାଯିବ। ଏହି କର୍ମଚାରୀଙ୍କ ବାୟୋମେଟ୍ରିକ ଆଙ୍ଗୁଠି ଚିହ୍ନ ଓ ଫଟୋଗ୍ରାଫି ସଂଗ୍ରହ ବ୍ୟବସ୍ଥା କାର୍ଯ୍ୟକାରୀ କରିବାକୁ ଜିଲ୍ଲା ପ୍ରଶାସନ ପକ୍ଷରୁ ଏମକେସିଜି ମେଡ଼ିକାଲ କର୍ତ୍ତୃପକ୍ଷଙ୍କୁ ନିର୍ଦ୍ଦେଶ ହୋଇଛି। ଏଭଳି ନିର୍ଦ୍ଦେଶ ପାଇବା ପରେ ମେଡ଼ିକାଲ କର୍ତ୍ତୃପକ୍ଷଙ୍କ ପକ୍ଷରୁ ତତ୍ପରତା ପ୍ରକାଶ ପାଇଛି। ପୂର୍ବରୁ ଏନଏମସି ଓ ରାଜ୍ୟ ସରକାରଙ୍କ ନିର୍ଦ୍ଦେଶରେ ମେଡ଼ିକାଲରେ କାର୍ଯ୍ୟରତ ଡାକ୍ତରଙ୍କ ସମେତ ଅନ୍ୟାନ୍ୟ କିଛି ବର୍ଗର କର୍ମଚାରୀଙ୍କ ଏଭଳି ବ୍ୟବସ୍ଥା କାର୍ଯ୍ୟକାରୀ କରୁଛି। ବର୍ତ୍ତମାନ ଏମକେସିଜି ମେଡ଼ିକାଲର ସମସ୍ତ ନର୍ସିଂ ଅଫିସରଙ୍କ ସମେତ ୩ୟ ଓ ୪ର୍ଥ ଶ୍ରେଣୀ କର୍ମଚାରୀଙ୍କ ବାୟୋମେଟ୍ରିକ ଉପସ୍ଥାନ ନିଆଯିବାକୁ ଚିଠିରେ ଉଲ୍ଲେଖ ରହିଛି। ଚଳିତ ମାସ ୨୭ତାରିଖରୁ ଜୁନ ୩ତାରିଖ ମଧ୍ୟ ସମସ୍ତ କର୍ମଚାରୀଙ୍କ ବାୟୋମେଟ୍ରିକ ଆଙ୍ଗୁଠି ଛପା ଓ ଫଟୋଗ୍ରାଫି ପଞ୍ଜିକରଣ ବ୍ୟବସ୍ଥା ଶେଷ କରିବାକୁ ନିର୍ଦ୍ଦେଶ ରହିଛି। ଏମକେସିଜି ମେଡ଼ିକାଲରେ କାର୍ଯ୍ୟରତ ସମସ୍ତ ନର୍ସିଂ ଅଫିସର, ଆଟେଣ୍ଡାଣ୍ଟ, ପିଅନ, କିରାଣୀ, ଟେକନିସିଆନ, ଡାଟା ଏଣ୍ଟ୍ରି ଅପରେଟର, ରେଡିଓଗ୍ରାଫର, ହସ୍ପିଟାଲ ମ୍ୟାନେଜର, ଲ୍ୟାବ ଟେକନିସିଆନ, ଫାର୍ମାଶିଷ୍ଟ, ଲ୍ୟାବ ଆଟେଣ୍ଡାଣ୍ଟ, ଡାଏଲିସିସ ଟେକନିସିଆନ, ପଥ୍ୟ ବିଭାଗ କର୍ମଚାରୀ, ଅଧୀକ୍ଷକଙ୍କ କାର୍ଯ୍ୟାଳୟର ସମସ୍ତ କର୍ମଚାରୀଙ୍କ ପାଇଁ ଏହି ବ୍ୟବସ୍ଥା ଲାଗୁ କରାଯାଇଛି। କର୍ମଚାରୀଙ୍କ ଉପସ୍ଥାନ ପ୍ରକ୍ରିୟା ପାଇଁ ହସ୍ପିଟାଲ ମ୍ୟାନେଜର ରଶ୍ମୀତା ପାଣିଗ୍ରାହୀଙ୍କୁ ନୋଡାଲ ଅଧିକାରୀ ଭାବେ ନିଯୁକ୍ତ କରାଯାଇଛି। ଜିଲ୍ଲା ପ୍ରଶାସନ ଓ ଏମକେସିଜି ମେଡ଼ିକାଲ କର୍ତ୍ତୃପକ୍ଷଙ୍କ ଏଭଳି ନିଷ୍ପତ୍ତିକୁ ବିଭିନ୍ନ ମହଲରେ ପ୍ରଶଂସା କରାଯାଇଛି। ଏହା ଲାଗୁ ହେବା ପରେ ଏମକେସିଜିର ମେଡ଼ିକାଲର ବିଭିନ୍ନ ବିଭାଗ ଓ କାର୍ଯ୍ୟାଳୟରେ କାର୍ଯ୍ୟରତ ରେଗୁଲାର, ଠିକା ଓ ଆଉଟସୋର୍ସି କର୍ମଚାରୀମାନ ସଠିକ ସମୟରେ କାର୍ଯ୍ୟରେ ଯୋଗ ଦେବେ। ଯାହା ରୋଗୀଙ୍କ ଚିକିତ୍ସା ଓ ସେବା କ୍ଷେତ୍ରରେ ବେଶ ସହାୟକ ହେବ ବୋଲି କୁହାଯାଇଛି।

## ଭାରତୀୟ କମ୍ୟୁନିଷ୍ଟ ପାର୍ଟିର ଆଞ୍ଚଳିକ ସମ୍ମିଳନୀ

ବ୍ରହ୍ମପୁର, ୨୫।୫(ସମିସ): ପାର୍କ ସାହିରେ ଭାରତୀୟ କମ୍ୟୁନିଷ୍ଟ ପାର୍ଟି(ସପଆଇ) ବ୍ରହ୍ମପୁର ଆଞ୍ଚଳିକ ସମ୍ମିଳନୀ ଅନୁଷ୍ଠିତ ହୋଇଛି। ସୁଧାଂଶୁ ଶେଖର ପଣ୍ଡାଙ୍କ ନେତୃତ୍ୱରେ ଅନୁଷ୍ଠିତ ସମ୍ମିଳନୀରେ ବରିଷ୍ଠ କମ୍ୟୁନିଷ୍ଟ ନେତା ମହମ୍ମଦ ଉସ୍ମାନ ଲାଲ୍ ପତାକା ଉତ୍ତୋଳନ କରିଥିଲେ। ସହିଦ ବେଦୀରେ ପୁଷ୍ପ ମାଲ୍ୟ ଅପଣ କରାଯାଇଥିଲା। କାଳକିଙ୍କର ପାତ୍ରଙ୍କ ସଭାପତିତ୍ୱ ଅନୁଷ୍ଠିତ ସମ୍ମିଳନୀକୁ ଦଳର ବରିଷ୍ଠ ନେତା ଗଞ୍ଜାମ ଜିଲ୍ଲା ସମ୍ପାଦକ ପ୍ରକାଶ ପାତ୍ର ସମ୍ମିଳନୀକୁ ଉଦଘାଟନ କରି ସାମ୍ପ୍ରତିକ ରାଜନୀତିକ ପରିସ୍ଥିତିରେ ସଂଗଠନକୁ ସୁଦୃଢ କରି କମ୍ୟୁନିଷ୍ଟ ଆନ୍ଦୋଳନ ଗଢ଼ି ତୋଳିବା ପାଇଁ ଆହ୍ୱାନ କରିଥିଲେ। ଭାରତୀୟ କମ୍ୟୁନିଷ୍ଟ ପାର୍ଟିର ଗଞ୍ଜାମ ଜିଲ୍ଲା ସହ ସମ୍ପାଦକ ପ୍ରଦୀପ ସେଠୀ ପାର୍ଟିର ଆଗାମୀ ଦିନର କାର୍ଯ୍ୟକ୍ରମ ସମ୍ପର୍କରେ ଆଲୋଚନା କରିଥିଲେ। ଆଞ୍ଚଳିକ କମିଟିର ସମ୍ପାଦକ କାମଦେବ ନାହାକ ଚିଠା ରାଜନୈତିକ ଓ ଚିଠା ସାଙ୍ଗଠନିକ ରିପୋର୍ଟ ଉପସ୍ଥାପନ କରିଥିଲେ। ଜନ ସମସ୍ୟାକୁ ନେଇ ବ୍ରହ୍ମପୁର ମହାନଗର ନିଗମ, କୁକୁଡାଖଣ୍ଡି ଓ ରଙ୍ଗଇଲୁଣ୍ଡା ବ୍ଲକ ଅଫିସ ଆଗରେ ଜନ ଆନ୍ଦୋଳନ ପାଇଁ ସମ୍ମିଳନୀରେ ନିଷ୍ପତ୍ତି ହୋଇଛି। କମ୍ୟୁନିଷ୍ଟ ପାର୍ଟିର ପ୍ରସାର, ଗଣ ସଂଗଠନ ଗଠନ ଆଦି ବିଭିନ୍ନ ସମ୍ପର୍କରେ ଆଲୋଚନା କରାଯାଇଛି। ସମ୍ମିଳନୀରେ ଆଗାମୀ ଦିନ ପାଇଁ ୧୫ଜଣିଆ ଆଞ୍ଚଳିକ ପରିଷଦ ସମ୍ପାଦକ ଭାବେ କାମଦେବ ନାହାକ, ସହ ସମ୍ପାଦକ ରୂପେ ପ୍ରଫୁଲ୍ଲ ଜେନା ଓ ପ୍ରତିମା ଦେବୀ ନିର୍ବାଚିତ ହେଇଛନ୍ତି। ଅନ୍ୟମାନଙ୍କ ମଧ୍ୟରେ ବିଗ୍ନେଶ ସାହୁ, ପ୍ରଫୁଲ୍ଲ ଜେନା, ପ୍ରତିମା ଦେବୀ ଗାଗାରିନି ନାୟକ, ଶରତ ପାତ୍ର, ରୋହିତ ବିଷୋୟୀ, ରବୀନ୍ଦ୍ର ନାୟକ, ସନ୍ତୋଷ ନୟାଜ, ମହେନ୍ଦ୍ର ପାତ୍ର, ପ୍ରଭାତ ବେହେରା, ପ୍ରତିମା ବିଷୋୟୀ ଓ ପ୍ରଭାତୀ ଦେବୀ ଆଲୋଚନାରେ ଅଂଶ ଗହଣ କରିଥିଲେ।




### ● ଏସ୍‌ସି/ଏସ୍‌ଟି ଜମି ସରକାର କିଣିବା ନେଇ ରାଜସ୍ୱମନ୍ତ୍ରୀଙ୍କ ପ୍ରସ୍ତାବକୁ ବିରୋଧ

## ଜମି କିଣି କମ୍ପାନୀକୁ ଦେବା ଷଡ଼ଯନ୍ତ୍ର ବନ୍ଦ କରିବାକୁ ଦାବି

ବ୍ରହ୍ମପୁର, ୨୫।୫(ସମିସ): ଅନୁସୂଚିତ ଜାତି, ଜନଜାତିଙ୍କ ଜମିକୁ ସରକାର କିଣିବେ ବୋଲି ରାଜସ୍ୱ ମନ୍ତ୍ରୀଙ୍କ ନୂତନ ପ୍ରସ୍ତାବିତ ଘୋଷଣାକୁ ଏକ ଷଡ଼ଯନ୍ତ୍ରମୂଳକ ଯୋଜନା ବୋଲି ସମାଜବାଦୀ ଅନୁଷ୍ଠାନ ମାନବ ଅଧିକାର ସୁରକ୍ଷା ମଞ୍ଚ ପକ୍ଷରୁ କୁହାଯାଇଛି। ଆଦିବାସୀ ଓ ଅନୁସୂଚିତ ଜାତି ବର୍ଗର ଲୋକଙ୍କୁ ସବୁଦିନ ପାଇଁ ଭୂମି ହୀନ କରିଦେଇ କମ୍ପାନୀ ହାତକୁ ସେମାନଙ୍କ ଜମିକୁ ଟେକିଦେବାର ଏହି ଘୃଣ୍ୟ ଷଡଯନ୍ତ୍ରକୁ ପ୍ରତ୍ୟାହାର କରିବା ପାଇଁ ମାନବ ଅଧିକାର ସୁରକ୍ଷା ମଞ୍ଚ ଆବାହକ ଅବନୀ ଗୟା ଏକ ପ୍ରେସ ବିବୃତ୍ତି ମାଧ୍ୟମରେ ଦାବି କରିଛନ୍ତି। ଅନୁସୂଚିତ ଜାତି, ଜନଜାତି ବର୍ଗର ଲୋକେ ସେମାନଙ୍କ ଝିଅ ବିବାହ, ସ୍ୱାସ୍ଥ୍ୟ ଚିକିତ୍ସା ଓ ପିଲାଙ୍କ ଉଚ୍ଚଶିକ୍ଷା ଆଦି ଜରୁରୀ ଆବଶ୍ୟକତା ବେଳେ ସରକାରଙ୍କୁ ସେମାନଙ୍କ ଜମି ବିକ୍ରି କରିବେ ଓ ଦୁଇ ତିନି ବର୍ଷରେ ସେମାନେ ସରକାରଙ୍କ ଠାରୁ ସେହି ଜମି ମୁକୁଳାଇ ପାରିବେ। ଉକ୍ତ ସମୟରେ ଯଦି ସେହି ଲୋକ ନିଜ ଜମିକୁ ମୁକୁଳାଇବେ ନାହିଁ, ତାହେଲେ ନିଲାମ ମାଧ୍ୟମରେ ସେହି ବର୍ଗର ଲୋକଙ୍କୁ ବିକ୍ରି କରିଦିଆଯିବ। ଏହି ଯୋଜନା ବାହାରକୁ ସୁନ୍ଦର ସୁବିଧା ଯୋଗ୍ୟ ଭଳି ମନେହେଉଥିଲେ ବି ଏହା ଦ୍ୱାରା ଆର୍ଥିକ ସ୍ୱଚ୍ଛଳ ନଥିବା ନିରୀହ ଅନୁସୂଚିତ ଜାତି ଓ ଜନଜାତି ବର୍ଗର ଲୋକଟି ସବୁଦିନ ପାଇଁ ତାଙ୍କ ନିଜ ଜମିରୁ ବେଦଖଲ ହେବେ ଓ ଟିକିଏ ଅଧିକ ଜମି ଥିବା ଆଦିବାସୀ ବା ଅନୁସୂଚିତ ଜାତିର ଲୋକଙ୍କ ମାଧ୍ୟମରେ ନିଲାମ କରି ସରକାରୀ ଅନୁମତିକ୍ରମେ ସବର୍ଣ୍ଣ ଓ କମ୍ପାନୀ ମାଲିକମାନେ ହିଁ ଜମିକୁ ହାତେଇବେ ବୋଲି ଶ୍ରୀ ଗୟା କହିଛନ୍ତି। ସରକାରଙ୍କ ଏହି ଘୃଣ୍ୟ ଷଡଯନ୍ତ୍ରକୁ ସମସ୍ତ ଅନୁସୂଚିତ ଜାତି, ଜନଜାତି ବର୍ଗ ବିରୋଧ କରିବାକୁ ସେ ଆହ୍ୱାନ ଦେଇଛନ୍ତି।

## ଆର୍ଯ୍ୟଭଟ୍ଟ ପକ୍ଷରୁ କ୍ୟାରିୟର କାଉନ୍‌ସେଲିଂ



ବ୍ରହ୍ମପୁର, ୨୫।୫(ସମିସ): ଆର୍ଯ୍ୟଭଟ୍ଟ ଲିର୍ଯ୍ୟଣ୍ଡ ଫୋରମ ପକ୍ଷରୁ କାର୍ଯ୍ୟାଳୟ ପରିସରରେ ନିର୍ଦ୍ଦେଶକ ସୁଧୀର ରାଉତଙ୍କ ଅଧ୍ୟକ୍ଷତାରେ ୧୦ମ ପାସ୍ ପିଲାଙ୍କ ପାଇଁ ଏକ କ୍ୟାରିୟର କାଉନେଲିଂ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି। ବିଭିନ୍ନ ବିଦ୍ୟାଳୟର ଛାତ୍ରଛାତ୍ରୀ ଓ ଅଭିଭାବକଙ୍କ ସହ ମୁଖ୍ୟତଃ ଦୁଇଟି ବିଷୟ ଉପରେ ଶ୍ରୀ ରାଉତ ଓ ଆର୍ଯ୍ୟଭଟ୍ଟ ଅନୁଷ୍ଠାନର ଅନ୍ୟାନ୍ୟ ଅଭିଜ୍ଞ ପ୍ରଶିକ୍ଷକ ମାନେ ପୁଙ୍ଖାନୁପୁଙ୍ଖ ଆଲୋଚନା କରିଥିଲେ। ପ୍ରଥମତଃ ପିଲାମାନେ ୧୦ମ ପାସପରେ କେଉଁ ବିଷୟ ଅଧ୍ୟୟନ କରିବେ ଓ କେଉଁ ପଦ୍ଧତିରେ କରିବେ ସେ ବିଷୟରେ ଆଲୋଚନା କରିଥିଲେ। ଅଭିଭାବକ ଓ ଛାତ୍ରଛାତ୍ରୀମାନଙ୍କୁ ମେଡିକାଲ ଓ ଇଂଜିନିୟରିଂ ପଢ଼ା ପାଇଁ ଉଦ୍ଦିଷ୍ଟ ବିଭିନ୍ନ ଅନୁଷ୍ଠାନ ବିଷୟରେ ଅବଗତ କରାଇବା ସମେତ ବିଭିନ୍ନ ପାଠ୍ୟକ୍ରମ ଯଥା ଆଇଜର, ନାଇଜର, ନର୍ସିଂରେ ସ୍ନାତକ, କୃଷି ବିଜ୍ଞାନ, ପ୍ରାଣୀ ଧନ ବିଜ୍ଞାନ, ଏକୀଭୂତ ଆଇନ ସ୍ନାତକ, ଚାର୍ଟାର୍ଡ ଆକାଉଣ୍ଟେନ୍‌ସି, ଜାତୀୟ ପ୍ରତିରକ୍ଷା ସଂସ୍ଥାନ, ପ୍ରଶାସନିକ ସେବା ପ୍ରସ୍ତୁତି ଇତ୍ୟାଦି ବିଭିନ୍ନ ବିଷୟରେ ଅବଗତ କରାଯାଇଥିଲା। ଏଥିପାଇଁ ପ୍ରସ୍ତୁତି ପ୍ରଣାଳୀ ବିଷୟରେ ମଧ୍ୟ ଅଭିଭାବକଙ୍କ ପ୍ରଶ୍ନର ଉତ୍ତରରେ ଜଣାଯାଇଥିଲା। ଦ୍ୱିତୀୟ ଏହି ବର୍ଷର ନିଟ୍ ପ୍ରବେଶିକାରେ ପ୍ରଶ୍ନପତ୍ର କଠିନ ଥିବାରୁ ପିଲାଙ୍କ ମନରେ ଭୀଷଣ ଝଟକା ଲାଗିଛି। ପିଲାମାନେ ଉଦ୍‌ବେଗ ଓ ଆଶଙ୍କା ଭିତରେ ରହିଛନ୍ତି। ଏହି ପ୍ରଶ୍ନର ଉତ୍ତରରେ କୁହାଯାଇଥିଲା ଯେ ପ୍ରବେଶିକା ପରିକ୍ଷାରେ ଆପେକ୍ଷିକ ମାର୍କ ହିଁ ଧରାଯାଏ ଓ ତାକୁ ନେଇ ରେଙ୍କ ଦିଆଯାଏ। ପରୀକ୍ଷା ସହଜ ହେଲେ ସମସ୍ତଙ୍କ ପାଇଁ ସହଜ ହୁଏ। କଟ୍ ଅଫ୍ ମାର୍କ ଅଧିକ ରହେ। କଷ୍ଟ ହେଲେ ସଭିଙ୍କ ପାଇଁ କଷ୍ଟ ହୁଏ ଓ କଟ୍ ଅଫ୍ ମାର୍କ କମେ। କୋଭିଡ୍ ପରଠାରୁ ଅଧିକ ୨୦ମିନିଟ ସମୟ ଓ ଅଧିକ ୨୦ଟି ବିକଳ୍ପ ଅଧିକ ପ୍ରଶ୍ନ ସହ ଅତି ସହଜ ପ୍ରଶ୍ନ ପଡ଼ି ଆସିଥିବା ଯୋଗୁଁ ଅଧିକ ମାର୍କ ରଖିବା ସହଜ ହୋଇ ଯାଇଥିଲା ଓ କଟ୍ ଅଫ୍ ବେଶି ବଢ଼ିଯାଇଥିଲା। ଏହି ବର୍ଷ କଟ୍ ଅଫ୍ ମାର୍କ ଓଡ଼ିଶାରେ ୫୦୦ ତଳକୁ ମଧ୍ୟ ଯିବାର ସମ୍ଭାବନା ସୃଷ୍ଟି କରିଛି। ତେଣୁ ପିଲାମାନେ ଆତଙ୍କିତ ହେବା ଆବଶ୍ୟକ ନାହିଁ ବୋଲି ମତପ୍ରକାଶ ପାଇଥିଲା। ଏହା ସହ ଅଭିଜ୍ଞ ଶିକ୍ଷକମାନେ ଅଭିଭାବକ ମାନଙ୍କର ଅନ୍ୟାନ୍ୟ ପ୍ରଶ୍ନର ଉତ୍ତର ଦେଇଥିଲେ।

## ପୋଖରୀରେ ବୁଡ଼ି ଶିଶୁ ମୃତ

କାକିରିଗୁମା, ୨୫।୫(ସମିସ): ଲକ୍ଷ୍ମୀପୁର ବ୍ଲକ ଭିତରଗଡ଼ ପଞ୍ଚାୟତ ଅନ୍ତର୍ଗତ ଚାରଡା ଗ୍ରାମରେ ରବିବାର ପୋଖରୀରେ ବୁଡି ଜଣେ ୬ ବର୍ଷୀୟ ଶିଶୁର ମୃତ୍ୟୁ ହୋଇଛି। ମୃତ ଶିଶୁ ଜଣକ ସେହି ଗ୍ରାମର ରାଜୁ ହିଆଲଙ୍କ ପୁଅ ଅଖିମ ହିଆଲ ବୋଲି ଜଣାପଡ଼ିଛି। ସୂଚନା ଅନୁଯାୟୀ ଚାରଡ଼ା ଗ୍ରାମର ଜଣେ ବ୍ୟକ୍ତିଙ୍କର କୋରାପୁଟ ବଡ଼ ମେଡ଼ିକାଲରେ ଶନିବାର ମୃତ୍ୟୁ ହୋଇଥିଲା। ରବିବାର ଶବ ସତ୍କାର ନିମନ୍ତେ ଗ୍ରାମବାସୀଙ୍କ ସହିତ ରାଜୁ ହିଆଲ, ତାଙ୍କ ପତ୍ନୀ ଓ ୬ ବର୍ଷର ପୁଅ ଗାଁ ଶ୍ମଶାନକୁ ଯାଇଥିଲେ। ବାପା ଶବ ସତ୍କାର କାର୍ଯ୍ୟରେ ବ୍ୟସ୍ତ ଥିବାବେଳେ ଶିଶୁ ଜଣକ ନିକଟସ୍ଥ ପୋଖରୀକୁ ଯାଇ ବୁଡ଼ି ଯାଇଥିଲା। ବାପା ମା’ଛୁଆକୁ ନପାଇ ଖୋଜାଖୋଜି କରିଥିଲେ। ପରେ ପୁଅ ପୋଖରୀରେ ବୁଡ଼ିଥିବା ସନ୍ଦେହ କରି ପାଣିରେ ଖୋଜିବା ପରେ ଅଚେତ ଅବସ୍ଥାରେ ପାଇଥିଲେ। ଶିଶୁଟିକୁ ଗୁରୁତର ଅବସ୍ଥାରେ କାକୀରୀଗୁମ୍ମା ଡାକ୍ତରଖାନାକୁ ନିଆଯାଇଥିଲା। ସେଠାରେ ପ୍ରାଥମିକ ଚିକିତ୍ସା ପରେ ଅବସ୍ଥା ସଙ୍କଟାପନ୍ନ ହେବାରୁ କୋରାପୁଟ ସ୍ଥାନାନ୍ତର କରାଯାଇଥିଲା। ତେବେ କୋରାପୁଟ ବଡ଼ ମେଡ଼ିକାଲରେ ଡାକ୍ତର ଶିଶୁଟିକୁ ମୃତ ଘୋଷଣା କରିଥିଲେ।

## ଯାନବାହନ ଧରପଗଡ଼, ଜରିମାନା ଆଦାୟ

କୋଷାଗୁମୁଡା,୨୫।୫(ସମିସ): ମଦ ପିଇ ଓ ବିନା ହେଲମେଟରେ ଗାଡ଼ି ଚଳାଉଥିବା ଚାଳକଙ୍କଠାରୁ କୋଷାଗୁମୁଡା ପୁଲିସ ରବିବାର ଦିନ ଜରିମାନା ଆଦାୟ କରିଛି। କୋଷାଗୁମୁଡା ଥାନା ଅଧିକାରୀ ଉମେଶ ଚନ୍ଦ୍ର ନାୟକଙ୍କ ନେତୃତ୍ୱରେ ଏସ୍‌ଆଇ କୂଳଭୂଷଣ ନାୟକ, ଏଏସଆଇ ରାମ କଣ୍ଡଗରି, ପର୍ଶୁରାମ ଛତ୍ରିଆ ସଦଳବଳେ ଛକ ଉପରେ ଉପସ୍ଥିତ ରହି ଯଥାକ୍ରମେ ସନ୍ତୋଷପୁର ଛକ, ବଡ଼ ଆମ୍ବଡା ଛକ, ଛେଲିପଦର ଛକ ଓ ମାଝୀଗୁଡା ଛକ ନିକଟରୁ ଆଇନ ଉଲ୍ଲଂଘନ କରୁଥିବା ଦୁଇଚକିଆ ଓ ୪ ଚକିଆ ଗାଡ଼ିଠାରୁ ପ୍ରାୟ ୧୬ ହଜାର ଟଙ୍କା ଜରିମାନା ଆଦାୟ କରିଛନ୍ତି। ଏହି ଏମ୍‌ବି ଚେକିଂରେ ୪ଜଣ ମଦୁଆ ଓ ହେଲମେଟ ନଥିବା ଏବଂ ୧୬ଜଣ ଚାଳକଙ୍କ କାଗଜପତ୍ର, ଡ୍ରାଇଭର ଲାଇସେନ୍ସ, ଗାଡିର ଇନ୍ସୁରାନ୍ସ ନଥିବା କୁନେଇ ଜରିମାନା କୋଷାଗୁମୁଡା ପୁଲିସ ଆଦାୟ କରିଛି ବୋଲି ଥାନା ପକ୍ଷରୁ ସୂଚନା ମିଳିଛି।



## ୯ ମାଓବାଦୀଙ୍କ ଆତ୍ମସମର୍ପଣ

ମାଲକାନଗିରି, ୨୫।୫(ସମିସ): ମାଲକାନଗିରି ଜିଲ୍ଲା ସୀମାନ୍ତ ଛତିଶଗଡ଼ ଦନ୍ତେବାଡା ଜିଲ୍ଲା ପୁଲିସ ନିକଟରେ ୪ ଇନାମୀଙ୍କ ସହ ନଅ ଜଣ ମାଓବାଦୀ ଆତ୍ମ ସମର୍ପଣ କରିଛନ୍ତି। ଏହି ମାଓବାଦୀ ମଧ୍ୟରୁ ଏକ ଲକ୍ଷ ଇନାମୀ ମାଓବାଦୀ ଅନିତା ପୋଟାମ, ବିଜୁ ରାମ ଓ ଗୋରଗା କଡତି ଏବଂ ୫୦ ହଜାରି ଇନାମୀ ପାୟକୁ ପୋଡିୟମ ଅଛନ୍ତି। ଅନ୍ୟମାନଙ୍କ ମଧ୍ୟରେ ଦେବେ କୁହଡାମ, ବିଜୋ ରାମ, ଲକ୍ଷ୍ମଣ ଲେକାମ, ଗାଗରୀ ବାରସେ, ଅନିଲ ପଡିଅମ ଆତ୍ମ ସମର୍ପଣ କରିଛନ୍ତି। ଏହି ସମସ୍ତ ମାଓବାଦୀ ମାଓବାଦୀଙ୍କ ବିଭିନ୍ନ ସଂଗଠନରେ କାର୍ଯ୍ୟ କରୁଥିବା ବେଳେ ଏମାନେ ଗଛ କାଟି ରାସ୍ତା ଉପରେ ପକାଇବା, ରାସ୍ତା ଖୋଳି ଅବରୋଧ କରିବା, ମାଓ ପୋଷ୍ଟର, ବ୍ୟାନର ଲଗାଇବା କାର୍ଯ୍ୟରେ ନିୟୋଜିତ ଥିଲେ। ତେବେ ବର୍ତ୍ତମାନ ମାଓ ସଂଗଠନ ଦିନକୁ ଦିନ ଭୁଶୁଡିବାରେ ଲାଗିଥିବା ବେଳେ ସରକାରଙ୍କ ବିଭିନ୍ନ ଉନ୍ନୟନମୂଳକ କାର୍ଯ୍ୟରେ ଅନୁପ୍ରାଣିତ ହୋଇ ଆତ୍ମ ସମର୍ପଣ କରିଥିବା ପ୍ରକାଶ କରିଛନ୍ତି। ଏମାନଙ୍କୁ ସରକାରଙ୍କ ଥଇଥାନ ନୀତି ଅନୁଯାୟୀ ସମସ୍ତ ପ୍ରକାର ସୁବିଧା ସୁଯୋଗ ଯୋଗାଇ ଦିଆଯିବ ବୋଲି ପୁଲିସ ସୂତ୍ରରୁ ଜଣାପଡ଼ିଛି।

### ଯୁବକଙ୍କୁ ମରଣାନ୍ତକ ଆକ୍ରମଣ ମାମଲା

## ୩ ଅଭିଯୁକ୍ତ କୋର୍ଟଚାଲାଣ

ଜୟପୁର,୨୫।୫(ସମିସ): ଜୟପୁର ଟାଉନ୍ ଥାନା ପୁଲିସ ପକ୍ଷରୁ ନୂଆସାହିରେ ଯୁବକଙ୍କୁ ଆକ୍ରମଣ ମାମଲାରେ ଆଜି ୩ ଜଣଙ୍କୁ ଗିରଫ କରି କୋର୍ଟ ଚାଲାଣ କରାଯାଇଛି। ଅଭିଯୁକ୍ତମାନେ ହେଲେ ଅଜୟ ଅନକା, ସୁନିଲ ଅନକା ଓ ଅନିଲ ଅନକା। ନବରଙ୍ଗପୁର ଅଞ୍ଚଳର ଯୁବକଙ୍କୁ ଆକ୍ରମଣ ମାମଲାରେ ସଂଶ୍ଳିଷ୍ଟ ଥିବା ଯୋଗୁଁ ଆଜି ଟାଉନ୍ ପୁଲିସ ୩ଜଣଙ୍କୁ ଗିରଫ କରିଛି। ଏହି ମାମଲାରେ ମୋଟ ୧୧ଜଣ ଥିବା ବେଳେ ୩ ଜଣଙ୍କୁ ଗିରଫ କରାଯାଇଛି ବୋଲି ତଦନ୍ତକାରୀ ଅଧିକାରୀ ରାଜେନ୍ଦ୍ର କୁମାର ପାଙ୍ଗି ସୂଚନା ଦେଇଛନ୍ତି। ପୁଲିସ ସୂଚନା ଅନୁଯାୟୀ, ଗତ ୨୩ ତାରିଖରେ ନବରଙ୍ଗପୁରର କେତେଜଣ ଯୁବକ ସ୍ଥାନୀୟ ବ୍ରାହ୍ମଣୀଗାଁର ଜଣେ ସମ୍ପର୍କୀୟଙ୍କ ଘରକୁ ଯାଇଥିଲେ। ସନ୍ଧ୍ୟାରେ ନୂଆସାହି ଅଞ୍ଚଳର ଅନ୍ୟ ଏକ ସମ୍ପର୍କୀୟଙ୍କ ଘରକୁ ଆସିଥିବା ସମୟରେ ନୂଆସାହି ଅଞ୍ଚଳର ଯୁବକ ମାନେ ସେମାନଙ୍କୁ ଆକ୍ରମଣ କରିଥିଲେ। ପ୍ରକାଶ ଥାଉକି ଆଜି ଗିରଫ ହୋଇଥିବା ଅଜୟ ଅନକାଙ୍କ ଭାଇକୁ ପୂର୍ବରୁ ନବରଙ୍ଗପୁର ଅଞ୍ଚଳର ଏହି ଯୁବକ ମାନେ ଆକ୍ରମଣ କରି ଜୀବନରେ ମାରିଦେଇଥିଲେ। ତାହାର ପ୍ରତିଶୋଧ ନେବା ପାଇଁ ଅଜୟ ଏବଂ କିଛି ଯୁବକ ଗତ ୨୩ ତାରିଖରେ ଆକ୍ରମଣ କରିଥିଲେ। ଏନେଇ ପୁଲିସ ଉଭୟ ପକ୍ଷରୁ ୨ଟି ମମଲା ରୁଜୁ କରିଛି। ଉଭୟ ପକ୍ଷର ୧୧ଜଣଙ୍କ ନାମରେ ମାମଲା ରୁଜୁ କରିଛି। ଆଜି ୩ ଜଣଙ୍କୁ ଗିରଫ କରିବାରେ ସଫଳ ହୋଇଥିବା ବେଳେ ଅନ୍ୟ ମାନଙ୍କୁ ଖୋଜାଖୋଜି କରାଯାଉଥିବା ଟାଉନଥାନା ଅଧିକାରୀ ଉଲ୍ଲାସ ରଞ୍ଜନ ରାଉତ ସୂଚନା ଦେଇଛନ୍ତି।

### ‘ସେନାପତି’ ଗ୍ୟାଙ୍ଗ୍ କବ୍‌ଜାରେ ବାହାନାନାଳ ଘଟଣା

## ହସ୍ତକ୍ଷେପ କଲେ ବିଇଏମ୍‌ସି କର୍ତ୍ତୃପକ୍ଷ

ବ୍ରହ୍ମପୁର, ୨୫।୫(ସମିସ)

- ବର୍ଷା ପୂର୍ବରୁ ଜବରଦଖଲ ଉଚ୍ଛେଦ କରିବାକୁ ଡ୍ରେନେଜ ବିଭାଗକୁ ଚିଠି ଲେଖିଲେ କମିଶନର
- ଉଚ୍ଛେଦ କାର୍ଯ୍ୟରେ ଡ୍ରେନେଜ ବିଭାଗକୁ ବୈଷୟିକ ସହାୟତା ଯୋଗାଇବାକୁ ବିଇଏମସିର ପ୍ରତିଶ୍ରୁତି

ଜାଣତରେ ହେଉ କି ଅଜାଣତରେ ‘ସେନାପତି’ ଗ୍ୟାଙ୍ଗ ହାତ ମାରିଦେଇଛି ବିରୁଡି ଘରେ। ବାହାନା ନାଳ ଜବରଦଖଲ ଘଟଣା ଯୋଗୁଁ ଟେନସନ ବଢ଼ିବାରେ ଲାଗିଛି ‘ସେନାପତି’ ଗ୍ୟାଙ୍ଗର। ଏହାକୁ ନେଇ ପ୍ରଥମେ ସ୍ଥାନୀୟ କର୍ପୋରେଟର ସନ୍ଧ୍ୟାରାଣୀ ଶୁକ୍ଳା ପ୍ରଶ୍ନ ଉଠାଇବା ପରେ ଡ୍ରେନେଜ ବିଭାଗ ପକ୍ଷରୁ ମଧ୍ୟ ଆପତ୍ତି ଉଠାଯାଇଛି। ଡ୍ରେନେଜ ବିଭାଗ କେବଳ ଆପତ୍ତି ଉଠାଇ ନାହିଁ ବରଂ ବିଭାଗୀୟ ନିର୍ବାହୀ ଯନ୍ତ୍ରୀ ବିଷ୍ଣୁ ପାଣିଗ୍ରାହୀ ଗଞ୍ଜାମ ଜିଲ୍ଲାପାଳ ଓ ବ୍ରହ୍ମପୁର ଉପଜିଲ୍ଲାପାଳଙ୍କୁ ଏପରିକି ବ୍ରହ୍ମପୁର ମହାନଗର ନିଗମ କର୍ତ୍ତୃପକ୍ଷଙ୍କୁ ମଧ୍ୟ ଏଥିରେ ହସ୍ତକ୍ଷେପ କରିବା ସହ ତୁରନ୍ତ ଜବରଦଖଲ ଉଚ୍ଛେଦ ପାଇଁ ଚିଠି ଲେଖିଛନ୍ତି। ୨୦୨୨ମସିହାରୁ ବାହାନା ନାଳକୁ ଜବରଦଖଲ କରାଯାଇ ଫାଷ୍ଟଗେଟ ନିକଟସ୍ଥ ଶ୍ମଶାନ ସମ୍ମୁଖରେ କଲଭର୍ଟ ଓ ଗାର୍ଡୱାଲ ନିର୍ମାଣ ଦ୍ୱାରା ନାଳକୁ ସଙ୍କୁଚିତ କରି ଏହାର ଗତିପଥକୁ ଅବରୋଧ କରାଯାଇଥିବା ଦର୍ଶାଯାଇଛି। ଏଭଳି ପରିସ୍ଥିତିରେ ବର୍ତ୍ତମାନ ବିଇଏମସସି କର୍ତ୍ତୃପକ୍ଷ ଘଟଣାକୁ ଗୁରୁତ୍ୱର ସହିତ ନେଇ ନିଜଆଡୁ ପଦକ୍ଷେପ ଗ୍ରାହଣ କରିଛନ୍ତି। ବର୍ଷା ଦିନରେ ପ୍ରତିବର୍ଷ ଭଳି ଚଳିତ ବର୍ଷ ମଧ୍ୟ ବାହାନାନାଳର ଜବରଦଖଲ ଜନିତ ସମସ୍ୟା ସହର ପାଇଁ ସଙ୍ଗୀନ ସ୍ଥିତି ସୃଷ୍ଟି କରିବାର ଆଶଙ୍କା ରହିଛି। ଏଣୁ ବର୍ଷା ପୂର୍ବରୁ ସମ୍ପୃକ୍ତ ସ୍ଥାନରୁ ବାହାନା ନାଳକୁ ଜବରଦଖଲ ହଟାଇବାକୁ ବିଇଏମସି କମିଶନର ଭବାନୀ ପ୍ରସାଦ ମିଶ୍ର ଡ୍ରେନେଜ ବିଭାଗ ନିର୍ବାହୀଯନ୍ତ୍ରୀ ବିଷ୍ଣୁ ପାଣିଗ୍ରାହୀଙ୍କୁ ଚିଠି ଲେଖିଛନ୍ତି। ଏପରିକି ବାହାନାନାଳକୁ ଜବରଦଖଲ ମୁକ୍ତ କରିବା ପାଇଁ ଆବଶ୍ୟକ ବୈଷୟିକ ସହାୟତା ମଧ୍ୟ ବିଇଏମସି ଯୋଗାଇ ଦେବ ବୋଲି କମିଶନର ତାଙ୍କ ଚିଠିରେ ସ୍ପଷ୍ଟ ଉଲ୍ଲେଖ କରିଛନ୍ତି। ପ୍ରତ୍ୟେକ ଦିନ ଘଟୁଥିବା ଘଟଣାବଳୀକୁ ନେଇ ‘ସେନାପତି’ ଗ୍ୟାଙ୍ଗର ଟେନସନ ବଢ଼ି ଯାଇଥିବା ଜଣାପଡ଼ିଛି।

## ବିଜୁ ପଟ୍ଟନାୟକ ସିନିୟର ସିଟିଜେନ୍ସ ଫୋରମ୍‌ର ବୈଠକ

ବ୍ରହ୍ମପୁର, ୨୫।୫(ସମିସ): ସ୍ଥାନୀୟ ସନ୍ତୋଷୀ ମା’ ମନ୍ଦିର କଲ୍ୟାଣ ମଣ୍ଡପରେ ଗଞ୍ଜାମ ଜିଲ୍ଲା ବିଜୁ ପଟନାୟକ ସିନିୟର ସିଟିଜେନ୍ସ ଫୋରମର ମାସିକ ସାଧାରଣ ପରିଷଦ ବୈଠକ ଅନୁଷ୍ଠିତ ହୋଇଛି। ଫୋରମ ସଭାପତି ପ୍ରଫେସର ଜୟନ୍ତ କୁମାର ମହାପାତ୍ର ଅଧ୍ୟକ୍ଷତା କରିଥିଲେ। ବୈଠକରେ ଓଡ଼ିଶା ବରିଷ୍ଠ ନାଗରିକ ମହାସଂଘ ନିର୍ଦ୍ଦେଶକ୍ରମେ ରେଳ ଯାତ୍ରାରେ ପୂର୍ବ ପରି ରିହାତି ପ୍ରଦାନ ନିମନ୍ତେ ସର୍ବଭାରତୀୟ ସ୍ତରରେ ପ୍ରଧାନମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ପୋଷ୍ଟ କାର୍ଡ ପଠାଇବା ନିମନ୍ତେ ଜିଲ୍ଲା ସଂଘ ତଥା ଶାଖା ସଂଘ ଗୁଡିକରୁ ପଠାଇବା ନିମନ୍ତେ ନିଷ୍ପତ୍ତି କରାଗଲା। ଏହା ସହ ପୁଲିସ ସୁରକ୍ଷା ପରିଚୟ ପତ୍ର, କାର୍ଯ୍ୟାଳୟ ଓ ସଭାଗୃହ ନିମନ୍ତେ ସରକାରୀ ଜମି କିମ୍ବା ଗୃହ ପ୍ରଦାନ ନିମନ୍ତେ ଦାବି କରାଯାଇଥିଲା। କାର୍ଯ୍ୟକାରୀ ସଭାପତି ସୂର୍ଯ୍ୟକାନ୍ତ ପାତ୍ର ଫୋରମର ବିଭିନ୍ନ ଦାବି ଓ ସମସ୍ୟା ଉପରେ ବ୍ରହ୍ମପୁର ବିଧାୟକ କେ. ଅନିଲ କୁମାରଙ୍କ ସହ ସାକ୍ଷାତ ଆଲୋଚନା ବିଷୟରେ ଆଲୋକପାତ କରିଥିଲେ। ସାଧାରଣ ସମ୍ପାଦକ ସିମାଞ୍ଚଳ ପ୍ରସାଦ ବିଷୋୟୀ ମାସିକ ବିବରଣୀ ପ୍ରଦାନ କରିଥିବା ବେଳେ କୋଷାଧ୍ୟକ୍ଷ ମନମୋହନ ପରିଛା ଆର୍ଥିକ ବିବରଣୀ ପ୍ରଦାନ କରିଥିଲେ। ସମୀକ୍ଷକ ନାରାୟଣ କର ୨୦୨୪-୨୫ବର୍ଷର ଅଡିଟ ରିପୋର୍ଟ ପ୍ରଦାନ କରିଥିଲେ। ସଦସ୍ୟ ସ୍ୱର୍ଗତ ଲକ୍ଷ୍ମୀ ନାରାୟଣ ମହାରଣାଙ୍କ ଅକାଳ ବିୟୋଗରେ ତାଙ୍କ ଅମର ଅତ୍ମାର ସଦଗତି ନିମନ୍ତେ ନୀରବ ପ୍ରାର୍ଥନା କରାଯାଇ ଥିଲା। ବୈଠକରେ ୩ଜଣଙ୍କ ନୂତନ ସଦସ୍ୟ ଭାବେ ଗ୍ରହଣ କରାଯାଇଥିଲା। ଅନ୍ୟମାନଙ୍କ ମଧ୍ୟରେ ଉପସଭାପତି ଡା. ଇନ୍ଦୁ ଭୂଷଣ ପଟନାୟକ, ଅଭିଯୋଗ ପ୍ରକୋଷ୍ଠ ଅଧ୍ୟକ୍ଷ ନରସୁ ଜେନା, ସମ୍ପାଦକ ଭୀଷ୍ମଚାର୍ଯ୍ୟ ଚୌଧୁରୀ, ପୂର୍ଣ୍ଣ ଚନ୍ଦ୍ର ମହାରଣା, ରାଜକିଶୋର ସ୍ୱାଇଁ, ପ୍ରଶାନ୍ତ ମହାପାତ୍ର ଓ ଦେବରାଜ କୋଠିଆଙ୍କ ସମେତ ବହୁ ସଦସ୍ୟ ଉପସ୍ଥିତ ଥିଲେ।



## ଆଜିର ରାଶିଫଳ

**ମେଷ:** ଅଫିସ୍‌ରେ ସମସ୍ୟା ଦେଖା ଦେବ। ଗୁରୁଜନଙ୍କ ସହ ଉତ୍ତମ ବୁଝାମଣା ରହିବ। ଆର୍ଥିକ ଦୃଷ୍ଟିରୁ ଦିନଟି ଉତ୍ତମ। ରୋଜଗାର ବୃଦ୍ଧି ହେବ। ମନ ପ୍ରସନ୍ନ ରହିବ। ଜୀବନସାଥୀଙ୍କ ସହଯୋଗ ମିଳିବ।

**ବୃଷ:** ଦିନଟି ମିଶ୍ରଫଳ ପ୍ରଦାନ କରିବ। କୌଣସି କାର୍ଯ୍ୟ ବିଗିଡ଼ିଯାଇପାରେ। ଧାର୍ମିକ କାର୍ଯ୍ୟ ପ୍ରତି ଆଗ୍ରହ ବଢ଼ିବ। ଆଚରଣରେ ନିୟନ୍ତ୍ରଣ ରକ୍ଷା କରିବେ। ଆତ୍ମବିଶ୍ୱାସର ସହ କାର୍ଯ୍ୟ କରିବେ। ନିବେଶ ଲାଗି ଉପଯୁକ୍ତ ସମୟ।

**ମିଥୁନ:** ବିରୋଧୀଙ୍କ ସହ ମତାନ୍ତର ଦୂର ହେବ। ଆଇନ ସମ୍ବନ୍ଧୀୟ ମାମଲା ଆପଣଙ୍କ ସପକ୍ଷରେ ଯିବ। ଭୁଲ୍ କାମରୁ ଦୂରେଇ ରହିବେ। ପାରିବାରିକ ଜୀବନରେ ସୁଖଶାନ୍ତି ରହିବ। ପ୍ରେମିକ ପ୍ରେମିକାଙ୍କ ପାଇଁ ଦିନଟି ଭଲ।

**କର୍କଟ:** ବିଦ୍ୟାର୍ଥୀ ବିଦେଶ ଯାତ୍ରା କରିବେ। ଗରିବଙ୍କୁ ସାହାଯ୍ୟ କରିବେ। ମାନସିକ ଶାନ୍ତି ମିଳିବ। କାର୍ଯ୍ୟ କ୍ଷେତ୍ରରେ ବରିଷ୍ଠ ଅଧିକାରୀଙ୍କ ମାର୍ଗଦର୍ଶନରେ ପରିଚାଳିତ ହେବେ। ଖର୍ଚ୍ଚରେ ନିୟନ୍ତ୍ରଣ ରକ୍ଷା କରିବେ।

**ସିଂହ:** ଆର୍ଥିକ ସମସ୍ୟା ସୃଷ୍ଟି ହେବ। ସେଲ୍ସ ମାର୍କେଟିଂ କ୍ଷେତ୍ରରେ ସଫଳତା ମିଳିବ। କାର୍ଯ୍ୟକ୍ଷେତ୍ରରେ ବିଶେଷ ଧ୍ୟାନ ଦେବେ। ଦୁର୍ଗା ଚାଳିଶା ପାଠ କରିବା ଭଲ। କାର୍ଯ୍ୟ ଧାରାରେ ପରିବର୍ତ୍ତନ ଆଣିବେ।

**କନ୍ୟା:** ସମାଜରେ ମାନ ସମ୍ମାନ ବୃଦ୍ଧି ପାଇବ। ବନ୍ଧୁଙ୍କ ସହାୟତାରେ କାମ ପୂରା କରିବେ। ଛାତ୍ରଛାତ୍ରୀ ପଢ଼ାକୁ ନେଇ ଚିନ୍ତାରେ ରହିବେ। ସ୍ୱାସ୍ଥ୍ୟ ସମସ୍ୟା ଉପୁଜିବ। ଦାମ୍ପତ୍ୟ ଜୀବନ ସୁଖମୟ ହେବ।

**ତୁଳା:** ଦିନଟିରେ ସଫଳତା ମିଳିବ। ପୈତୃକ ବ୍ୟବସାୟରୁ ଲାଭବାନ ହେବେ। ସକାରାତ୍ମକ ଚିନ୍ତାଧାରାରେ ସମସ୍ତ କାର୍ଯ୍ୟ କରିବେ। ଆର୍ଥିକ ଲାଭ ମିଳିବ। ବଚନରେ ମଧୁରତା ରକ୍ଷା କରିବେ।

**ବିଛା:** ବାଦବିବାଦରୁ ଦୂରେଇ ରହିବେ। ତରବରିଆ ଭାବେ ନିଷ୍ପତ୍ତି ନେବେ ନାହିଁ। କାମରୁ ଲାଭ ଓ ସଫଳତା ମିଳିବ। ବ୍ୟବସାୟରେ ଦୂରସ୍ଥାନକୁ ଯାତ୍ରା କରିବେ। ପ୍ରେମ ସମ୍ପର୍କ ସୁଖମୟ ହେବ।

**ଧନୁ:** କାର୍ଯ୍ୟକ୍ଷେତ୍ରରେ ଆତ୍ମବିଶ୍ୱାସର ଅଭାବ ରହିବ। କୌଣସି ସମସ୍ୟାରେ ପଡ଼ିପାରନ୍ତି। ପରିଶ୍ରମ ଅନୁସାରେ ସଫଳତା ମିଳିବ। ମହାଦେବଙ୍କ ପୂଜାର୍ଚ୍ଚନାରେ ସମୟ ବିତିବ।

**ମକର:** ବିବାହ ପ୍ରସ୍ତାବ ଆସିବ। ଧନଲାଭ ଯୋଗ ଅଛି। କୌଣସି କଥାକୁ ନେଇ ଅଧିକ ଚିନ୍ତା କରିବେ ନାହିଁ। ଭାଇ,ଭଉଣୀଙ୍କ ସହ ହସ ଖୁସିରେ ଦିନ କାଟିବେ। ଡାକ୍ତରୀ ଛାତ୍ରଛାତ୍ରୀଙ୍କୁ ନିଯୁକ୍ତି ସୁଯୋଗ ମିଳିବ।

**କୁମ୍ଭ:** ପରନିନ୍ଦାରୁ ଦୂରେଇ ରହିବେ। ପ୍ରେମିକ-ପ୍ରେମିକାଙ୍କ ମଧ୍ୟରେ ମତାନ୍ତର ଦେଖା ଦେବ। ରଣନୀତିରେ କାମ କରିବେ ଏବଂ ସଫଳତା ପ୍ରାପ୍ତି ହେବ। ସ୍ୱାସ୍ଥ୍ୟ ସମସ୍ୟା ପାଇଁ ଖର୍ଚ୍ଚାନ୍ତ ହେବେ।

**ମୀନ:** ମାନସିକ ଶାନ୍ତି ପାଇବେ। ଆର୍ଥିକ ଦୃଷ୍ଟିରୁ ଦିନଟି ଶୁଭ। କାମ ଆରମ୍ଭ ପୂର୍ବରୁ ଗୁରୁଜନଙ୍କ ପରାମର୍ଶ ନେବେ। ସମସ୍ତ କାମ ସହଜରେ ପୂରା କରିବେ। ବ୍ୟବସାୟୀ କୌଣସି ଶୁଭ ଖବର ପାଇବେ।

## ଆଜିର ଇତିହାସ

- ୧୮୨୨- ନରୱେର ଏକ ଚର୍ଚ୍ଚରେ ନିଆଁ ଲାଗିଯିବାରୁ ୧୨୨ ଲୋକଙ୍କ ମୃତ୍ୟୁ।
- ୧୯୫୭- ମୁମ୍ବାଇରେ ଜନତା ବୀମା ପଲିସିର ଆରମ୍ଭ।
- ୧୯୬୯- ଆପୋଲୋ-୧୦ର ମହାକାଶଚାରୀ ପୃଥିବୀପୃଷ୍ଠକୁ ଫେରିଲେ।
- ୧୯୮୩- ଜାପାନରେ ୭.୮ ତୀବ୍ରତାର ଭୂମିକମ୍ପ ହେବାରୁ ୧୦୪ ଲୋକ ମୃତ।
- ୧୯୯୧- ବ୍ୟାଙ୍କକ୍‌ରେ ଏକ ବିମାନ ଦୁର୍ଘଟଣାରେ ୨୨୩ ଜଣଙ୍କ ମୃତ୍ୟୁ।
- ୨୦୧୪-ନରେନ୍ଦ୍ର ମୋଦୀ ଭାରତର ୧୫ତମ ପ୍ରଧାନମନ୍ତ୍ରୀ ଭାବେ ଶପଥ ନେଲେ।

## କୁଟିକେୟାର

### ରୋଗୀ ଓ ବୟସ୍କଙ୍କ ମନୋବଳ ବଢ଼ାଉଛନ୍ତି ଛାତ୍ର



କେରଳର ପତନମତିଟ୍ଟା ଜିଲ୍ଲା ନେନ୍ଦୁବପୁରମ୍ ଗ୍ରାମ ପଞ୍ଚାୟତ ପିଲାମାନଙ୍କୁ ନିଶାଦ୍ରବ୍ୟ ତଥା ମୋବାଇଲ ଫୋନ୍ ବ୍ୟବହାରରୁ ଦୂରେଇ ରଖିବା ପାଇଁ ଏକ ନିଆରା ପଦକ୍ଷେପ ହାତକୁ ନେଇଛି। ଏହା କୁଟିକେୟାର ନାମରେ ପରିଚିତ। ପିଲାଙ୍କୁ ସାମାଜିକ ସମ୍ପର୍କ ସହ ପରିଚିତ କରିବା ଉଦ୍ଦେଶ୍ୟରେ ଏହି ପ୍ରୟାସ ଆରମ୍ଭ କରାଯାଇଛି। ଏହି ପ୍ରୋଜେକ୍ଟ ଜରିଆରେ ଅଷ୍ଟମରୁ ଦ୍ୱାଦଶ ଶ୍ରେଣୀର ଛାତ୍ରମାନେ ଗାଁ ଗାଁ ବୁଲି ବୃଦ୍ଧ ଓ ରୋଗାକ୍ରାନ୍ତ ଲୋକଙ୍କୁ ଭେଟିଥାନ୍ତି। ଏଥିସହ ସେମାନଙ୍କ ସ୍ୱାସ୍ଥ୍ୟାବସ୍ଥା ବାବଦରେ ପଚାରି ଶୀଘ୍ର ସୁସ୍ଥ ହେବା ନେଇ ସେମାନଙ୍କୁ ପ୍ରୋତ୍ସାହିତ କରିଥାନ୍ତି। ୪ ଏପ୍ରିଲ୍, ୨୦୨୪ ମସିହାରେ ଏଭଳି ଏକ ପ୍ରୟାସର ଆରମ୍ଭ ହୋଇଥିଲା। ଛାତ୍ରମାନେ ଗାଁର ବିଭିନ୍ନ ୱାର୍ଡ ବୁଲି ବୃଦ୍ଧ କିମ୍ବା ରୋଗୀ ଥିବା ଲୋକଙ୍କ ପାଖରେ ପହଞ୍ଚିଥାନ୍ତି। ଏହାଦ୍ୱାରା ପିଲାଙ୍କଠାରେ ସମ୍ବେଦନଶୀଳତା ଓ ସାମାଜିକ ଦାୟିତ୍ୱବୋଧ ବୃଦ୍ଧି ହେଉଥିବାର ଲକ୍ଷ୍ୟ କରାଯାଇଛି। ଏମାନେ ରୋଗୀଙ୍କୁ ସାନ୍ତ୍ୱନା ଦେବା ସହ ଜରୁରୀ ସୂଚନା ମଧ୍ୟ ଦେଇଥାନ୍ତି। ସେହିପରି କୁଟିକେୟାରରେ ୧୬ ଜଣ ପିଲାଙ୍କୁ ପ୍ରାଥମିକ ଚିକିତ୍ସା ପାଇଁ ତାଲିମ ଦିଆଯାଇଛି। ଆୟୁର୍ବେଦିକ ଡାକ୍ତର ଅଧିନେଶ ଗୋପନ ଏହି ପ୍ରୋଜେକ୍ଟ ଆରମ୍ଭ କରିଥିଲେ। ଅଧିନେଶଙ୍କ କହିବା ଅନୁଯାୟୀ, 'ପିଲାମାନେ ପ୍ରଥମେ ସର୍ଭେ କରି ଗାଁରେ ରୋଗୀମାନଙ୍କ ତଥ୍ୟକୁ ଏକତ୍ର କରନ୍ତି। ପରେ ସେହି ତଥ୍ୟକୁ ବିଶ୍ଳେଷଣ କରନ୍ତି। ଏଥିସହ ଗୋଟିଏ ମାସରେ ଅତି କମ୍‌ରେ ଜଣେ ହେଲେ ରୋଗୀକୁ ସେମାନେ ଭେଟିଥାନ୍ତି। ଅବଶ୍ୟ ପିଲାମାନେ ଚାହିଁଲେ ଅଧିକ ରୋଗୀଙ୍କୁ ମଧ୍ୟ ଭେଟି ପାରିବେ। ପ୍ରତିପିଲାଙ୍କୁ ଗୋଟିଏ ଗୋଟିଏ ଡାଏରୀ ଦିଆଯାଇଛି, ଯେଉଁଥିରେ ସେମାନେ ସେମାନଙ୍କ ଅନୁଭୂତି, ଭାବନା ଓ ରୋଗୀଙ୍କ ସହ ଜଡ଼ିତ ତଥ୍ୟ ଲେଖନ୍ତି। ପିଲାଙ୍କ ଡାଏରୀଗୁଡ଼ିକ ଯାଞ୍ଚ ହୁଏ। ଏଥିସହ ସବୁଠୁ ଭଲ ସେବା ପ୍ରଦାନ କରିଥିବା ପିଲାଙ୍କୁ ପୁରସ୍କୃତ କରାଯାଏ। ଏନ୍‌ସିସି ଓ ରେଡ୍‌କ୍ରସ୍‌ରେ ଭାଗ ନେଉଥିବା ପିଲାଙ୍କୁ ଗ୍ରେସ୍ ମାର୍କ ମିଳିଥାଏ। ସେହିଭଳି କୁଟିକେୟାରରେ ସ୍ୱେଚ୍ଛାସେବୀ ଭାବେ କାର୍ଯ୍ୟରତ ପିଲାଙ୍କୁ ମଧ୍ୟ ଦ୍ୱାଦଶ ପରୀକ୍ଷାରେ ଗ୍ରେସ୍ ମାର୍କ ମିଳିଥାଏ।



## 'ଲଭ୍ ଆଣ୍ଡ ୱାର୍' ଓଜନ କମାଇଲେ ରଣବୀର, ଭିକି

ବଲିଉଡ୍‌ର ଲୋକପ୍ରିୟ ଅଭିନେତା ରଣବୀର କପୁର ବହୁତ ଜଲ୍‌ଦି 'ଲଭ୍ ଆଣ୍ଡ ୱାର୍' ଫିଲ୍ମରେ ନଜର ଆସିବେ। ତାଙ୍କ ସହ ଭିକି କୌଶଳ ଓ ଆଲିଆ ଭଟ୍ଟ ମଧ୍ୟ ଲିଡ୍ ରୋଲରେ ନଜର ଆସିବେ। ତେବେ ଏହି ଫିଲ୍ମର ସୁଟିଂ ଆରମ୍ଭ ହେବା ପୂର୍ବରୁ ଭିକି ଓ ରଣବୀର ସେମାନଙ୍କ ଶରୀରରେ ପରିବର୍ତ୍ତନ ଆଣିଛନ୍ତି। ଉଭୟ ସେମାନଙ୍କ ଚରିତ୍ରକୁ ପରଦା ଉପରେ ସଫଳ ରୂପାୟନ ପାଇଁ ଓଜନ ହ୍ରାସ କରିଛନ୍ତି। ରଣବୀର ପାଖାପାଖି ୧୨ କେଜି ଓଜନ ହ୍ରାସ କରିଥିବାବେଳେ ଭିକି ୧୫ କେଜି କମାଇଛନ୍ତି। 'ଲଭ୍ ଆଣ୍ଡ ୱାର୍'ର କାହାଣୀ ଯୁଦ୍ଧପୃଷ୍ଠ ଭୂମି ଉପରେ ଗଢ଼ିଉଠିଥିବା ଏକ ତ୍ରିକୋଣୀୟ ପ୍ରେମ ଉପରେ ଆଧାରିତ। ସଞ୍ଜୟ ଲୀଳା ଭଁସାଲୀ ଏହାର ନିର୍ଦ୍ଦେଶନା ଦେଇଛନ୍ତି। ଏହାପୂର୍ବରୁ ରଣବୀର, ସଞ୍ଜୟଙ୍କ ଫିଲ୍ମ 'ସାଓଁରିୟା'ରେ କାମ କରିଥିଲେ। ତେବେ ଭିକି ପ୍ରଥମ ଥର ପାଇଁ ସଞ୍ଜୟଙ୍କ ସହ କାମ କରୁଛନ୍ତି। ଏହା ୨୦୨୬ରେ ପରଦାକୁ ଆସିପାରେ ବୋଲି କୁହାଯାଉଛି।

## ଦୋକାନରେ ନାହାନ୍ତି ଦୋକାନୀ

ଦକ୍ଷିଣ କୋରିଆ ରାଜଧାନୀ ସିଓଲରେ କିଛି ଦୋକାନ ଏମିତି ଅଛି, ଯେଉଁଠି କୌଣସି ଦୋକାନୀ ନାହାନ୍ତି। ଏଠାରେ ଗ୍ରାହକଙ୍କ ହାତକୁ ଜିନିଷ ଦେବା ପାଇଁ ନା ଦୋକାନୀ ଥାଆନ୍ତି ନା ଦୋକାନକୁ ଜଗିବା ପାଇଁ ସିକ୍ୟୁରିଟି ଗାର୍ଡ। ଏଠାରେ ଗ୍ରାହକଙ୍କ ଭରସାରେ ହିଁ ଦୋକାନ ଚାଲେ। ଗ୍ରାହକ ଦୋକାନକୁ ଆସନ୍ତି ଏବଂ ଟଙ୍କା ଦେଇ ଆବଶ୍ୟକ ଜିନିଷ କିଣନ୍ତି। ଏ ଲାଗି ସ୍ୱୟଂଚାଳିତ ମେସିନ୍‌ର ବ୍ୟବସ୍ଥା କରାଯାଇଛି। ଗ୍ରାହକ ମେସିନ୍‌ରେ ଟଙ୍କା ପୈଠ କରି ନିଜ ମନ ମୁତାବିକ ଜିନିଷ କିଣନ୍ତି। କେବଳ ଦୋକାନ ନୁହେଁ, ଏଠାରେ ଥିବା କିଛି ବାର୍ ବି ସମ୍ପୂର୍ଣ୍ଣ ସ୍ୱୟଂଚାଳିତ। ଗ୍ରାହକଙ୍କୁ ପରଷିବା ପାଇଁ ଏଠାରେ ୱେଟର୍‌ଙ୍କ ସ୍ଥାନରେ ରୋବଟ୍ ଅଛନ୍ତି। ଲୋକେ ଦୋକାନରେ ଲାଗିଥିବା ମେସିନ୍‌ରେ ପେମେଣ୍ଟ କରିଥାନ୍ତି। ତେବେ ଦୋକାନରେ ଦୋକାନୀ ନ ରହିବାର ଏକ ନିର୍ଦ୍ଦିଷ୍ଟ କାରଣ ଅଛି। ସିଓଲରେ ଜନ୍ମହାର ହ୍ରାସ ପାଇବା ଯୋଗୁଁ ଏଭଳି ବ୍ୟବସ୍ଥାକୁ ପରିଚିତ କରାଯାଇଛି। ବିଶେଷକରି ଏଠାରେ ଯୁବପିଢ଼ିଙ୍କ ସଂଖ୍ୟା ଦ୍ରୁତ ଭାବେ କମୁଛି। ଫଳରେ ଦୋକାନ ତଥା ଅନ୍ୟ ସ୍ଥାନରେ କାମ କରିବା ପାଇଁ ଲୋକଙ୍କ ଅଭାବ ପରିଲକ୍ଷିତ ହେଉଛି। ଶ୍ରମିକଙ୍କ ଅଭାବ ଯୋଗୁଁ ମଜୁରି ମଧ୍ୟ ବଢ଼ୁଛି। ଏଭଳି ସ୍ଥିତିରେ କୌଣସି ଦୋକାନୀ ଲୋକଙ୍କୁ ରଖିବା ପରିବର୍ତ୍ତେ ରୋବଟ୍‌କୁ ରଖୁଛନ୍ତି। ଯାହାକି ସେମାନଙ୍କୁ ଶସ୍ତା ଓ ସୁବିଧାଜନକ ହେଉଛି।



## ସାବିତ୍ରୀ ଅମାବାସ୍ୟା

ଆଜି ପବିତ୍ର ସାବିତ୍ରୀ ବ୍ରତ। ଏହାକୁ ଜ୍ୟେଷ୍ଠ ମାସ ଅମାବାସ୍ୟାରେ ପାଳନ କରାଯାଏ। ସଧବା ନାରୀମାନେ ଅଖଣ୍ଡ ସୌଭାଗ୍ୟ ଓ ସ୍ୱାମୀଙ୍କ ଦୀର୍ଘ ଜୀବନ କାମନା କରି ଏହି ବ୍ରତ ପାଳନ କରିଥାନ୍ତି। ଏହି ଦିନ ମହିଳାମାନେ ଉପବାସ ରଖନ୍ତି। ସାବିତ୍ରୀ ବ୍ରତରେ ଦେବୀ ସାବିତ୍ରୀ, ଯମଦେବତା ଓ ସତ୍ୟବାନଙ୍କୁ ପୂଜା କରାଯାଏ। ପୁରାଣ କାହାଣୀ ଅନୁସାରେ, ଯମରାଜା ଆସି ସତ୍ୟବାନଙ୍କ ପ୍ରାଣ ନେବା ସମୟରେ ସାବିତ୍ରୀ ନିଜ ବୁଦ୍ଧି ଓ ସତୀତ୍ୱ ବଳରେ ଯମରାଜଙ୍କ ଠାରୁ ନିଜ ସ୍ୱାମୀଙ୍କ ପ୍ରାଣ ଫେରି ପାଇଥିଲେ। ଏହାବାଦ୍ ଏହି ପୂଜାରେ ବର ଗଛ ପୂଜାର ବିଶେଷ ମହତ୍ତ୍ୱ ରହିଛି। ଓଡ଼ିଆ ଘରର ପରମ୍ପରା ଅନୁସାରେ, ବ୍ରତ ପାଇଁ ସମସ୍ତ ଜିନିଷ ମହିଳାଙ୍କ ବାପଘରୁ ଆସିଥାଏ। ଯାହା ସାବିତ୍ରୀ ଭାର ନାମରେ ଜଣାଶୁଣା।

ଏହି ପୂଜାର ଆରାଧ୍ୟ ଦେବୀ ହେଉଛନ୍ତି ମା' ସାବିତ୍ରୀ। ସ୍ୱାମୀଙ୍କର ନିରାମୟ ଜୀବନ ତଥା ମଙ୍ଗଳ କାମନା କରି ସଧବା ନାରୀମାନେ ସାବିତ୍ରୀ ବ୍ରତ ପାଳନ କରିବାର ପ୍ରଥା ରହିଛି। ଅନ୍ନ ଜଳ ସ୍ପର୍ଶ ନ କରି ସଧବା ନାରୀମାନେ ଏହି ବ୍ରତ ପାଳନ କରି ସ୍ୱାମୀଙ୍କୁ ପୂଜା କରିବାର ପରମ୍ପରା ରହିଛି। ଚଉଁରା ମୂଳ, ଠାକୁର ଘର ଏବଂ ବରଗଛରେ ସଧବା ନାରୀମାନେ ଏହି ପୂଜା କରିଥାନ୍ତି। ନୂଆ ଶାଢ଼ି ସହିତ ଶଙ୍ଖା, ସିନ୍ଦୂର ଏବଂ ଅଳତାକୁ ପୂଜା କରନ୍ତି। ଏହାବାଦ୍ ନଡ଼ିଆ, ଖଜୁରି, ତାଳ, ଆମ୍ବ, ପଣସ, ଲିଚୁ ଆଦି ଭୋଗ ଲାଗି କରନ୍ତି। ସ୍ୱାମୀଙ୍କ ଦୀର୍ଘ ଆୟୁଷ ପାଇଁ ଏହି ବ୍ରତରେ ସାବିତ୍ରୀ ଉପାଖ୍ୟାନ ପାଠ କରାଯାଏ। ସଧବା ନାରୀମାନେ ଏହି ବ୍ରତକୁ ନିଷ୍ଠାର ସହ ପାଳନ କରନ୍ତି। ପୂଜା ଶେଷ ପରେ ଫଳାହାର କରନ୍ତି। ବରଗଛର ବିଭିନ୍ନ ଶାଖାରେ ଭିନ୍ନ ଭିନ୍ନ ଦେବତା ବାସ କରୁଥିବା ବିଶ୍ୱାସ ରହିଛି। ସାବିତ୍ରୀ ଅମାବାସ୍ୟାରେ ବରଗଛକୁ ପୂଜା କରିବା ବିଧି ଅଛି। ପୌରାଣିକ କାହାଣୀ ଅନୁସାରେ, ସାବିତ୍ରୀ ପତିବ୍ରତା ଧର୍ମ ପାଳନ କରି ନିଜ ସ୍ୱାମୀ ସତ୍ୟବାନଙ୍କ ଜୀବନ ଫେରାଇ ଆଣିଥିଲେ। ଯୁବାବସ୍ଥାରେ ସତ୍ୟବାନଙ୍କ ମୃତ୍ୟୁ ହୋଇଥିଲା। ସେଇଠୁ ସାବିତ୍ରୀ ମୃତ୍ୟୁ ଦେବତା ଯମରାଜଙ୍କୁ ନିଜ ସ୍ୱାମୀଙ୍କ ଜୀବନ ମାଗିଥିଲେ। ସେ ଭକ୍ତି ଓ ନିଷ୍ଠାର ସହ ଯମରାଜଙ୍କୁ ପ୍ରସନ୍ନ କରି ସତ୍ୟବାନଙ୍କୁ ମୃତ୍ୟୁ କବଳରୁ ଫେରାଇ ଆଣିବାରେ ସଫଳ ହୋଇଥିଲେ। ସାବିତ୍ରୀ ବରଗଛ ତଳେ ହିଁ ନିଜ ସ୍ୱାମୀଙ୍କ ଜୀବନ ଫେରି ପାଇଥିଲେ। ଏହି କାରଣ ଯୋଗୁଁ ଏହିଦିନ ବରଗଛ ପୂଜାର ପରମ୍ପରା ଥିବା କୁହାଯାଏ।



## ସ୍ୱସ୍ତି




ଜ୍ୟୋତିଷଙ୍କ ମତେ ପ୍ରତିବର୍ଷ ଜ୍ୟେଷ୍ଠ ମାସରେ ସୂର୍ଯ୍ୟ ରୋହିଣୀ ନକ୍ଷତ୍ରରେ ୧୫ ଦିନ ଅବସ୍ଥାନ କରି ମୃଗଶିରା ନକ୍ଷତ୍ରକୁ ଗୋଚର ହୁଅନ୍ତି। ଏହି ୧୫ ଦିନ ମଧ୍ୟରୁ ପ୍ରଥମ ୯ ଦିନ ପ୍ରଚଣ୍ଡ ଗ୍ରୀଷ୍ମ ପ୍ରବାହ ହୋଇଥାଏ। ଏହାକୁ 'ନୌତପା' ବା 'ନୌତାପ' କୁହାଯାଏ। ମଇ ୨୫ରୁ ଏହା ଆରମ୍ଭ ହୋଇଛି ଏବଂ ଜୁନ୍ ୮ ରେ ସମାପ୍ତ ହେବ। ବୈଜ୍ଞାନିକ ଦୃଷ୍ଟିକୋଣରୁ ଦେଖିଲେ ଏହି ସମୟକାଳରେ ସୂର୍ଯ୍ୟ ଓ ପୃଥିବୀ ମଧ୍ୟରେ ଦୂରତା ହ୍ରାସ ପାଇଥାଏ। ପୃଥିବୀର ଉତ୍ତର ଗୋଲାର୍ଦ୍ଧ ସୂର୍ଯ୍ୟଙ୍କର ଅତି ନିକଟତର ରହିଥିବାରୁ ସୌର ରଶ୍ମି ସିଧାସଳଖ ପଡ଼େ। ଫଳରେ ତାପାମାତ୍ରା ଅଧିକ ରହେ। କୁହାଯାଏ କି, ନୌତାପ ସମୟରେ ପ୍ରବଳ ଗରମ ଅନୁଭୂତ ହେଲେ ଭଲ ବର୍ଷା ହୁଏ। ଅନ୍ୟପକ୍ଷରେ କମ୍ ତାପ ପ୍ରବାହ ହେଲେ ସ୍ୱାଭାବିକ ବୃଷ୍ଟିପାତ ହୋଇଥାଏ। ଏହି ସମୟରେ ସୂର୍ଯ୍ୟଙ୍କ ଉପାସନା ମହତ୍ତ୍ୱ ରଖେ। ତେବେ ଜାତକରେ ସୂର୍ଯ୍ୟଙ୍କୁ ମଜଭୁତ କରିବା ପାଇଁ ନୌତାପରେ କିଛି ଉପାୟ ଆପଣାଇବା ଉଚିତ।


- ନୌତପା ସମୟରେ ନିତିଦିନ ସୂର୍ଯ୍ୟଦେବଙ୍କ ଆରାଧନା କରନ୍ତୁ।
- ଭୋର୍‌ରୁ ସ୍ନାନ ସାରି ସୂର୍ଯ୍ୟ ଦେବଙ୍କୁ ଜଳ ଅର୍ଘ୍ୟ ଅର୍ପଣ କରନ୍ତୁ।
- ଆଦିତ୍ୟ ହୃଦୟ ସ୍ତୋତ୍ର ପାଠ କରନ୍ତୁ।
- ନୌତାପରେ ଦହି, ନଡ଼ିଆ, ଜଳ, ଗୁଡ଼, ବସ୍ତ୍ର ଆଦି ଦାନ କରନ୍ତୁ।

## ଜ୍ୟେଷ୍ଠ ମାସରେ ଜଳ ଦାନ

**ଜ୍ୟେଷ୍ଠ ମାସ ସୂର୍ଯ୍ୟଦେବଙ୍କୁ ସମର୍ପିତ। କୁହାଯାଏ, ଜ୍ୟେଷ୍ଠ ପୂର୍ଣ୍ଣିମା ଦିନ ଚନ୍ଦ୍ର ଜ୍ୟେଷ୍ଠ ନକ୍ଷତ୍ରରେ ଥାନ୍ତି। ସେଥିପାଇଁ ଏହି ମାସର ନାଁ ଜ୍ୟେଷ୍ଠ। ଉକ୍ତ ମାସର ପ୍ରାରମ୍ଭ କୃଷ୍ଣ ପ୍ରତିପଦାରୁ ଆରମ୍ଭ ହୋଇଥାଏ ଏବଂ ଜ୍ୟେଷ୍ଠ ପୂର୍ଣ୍ଣିମାରେ ସମାପ୍ତ ହୁଏ। ତେବେ ଏହି ମାସର ସମ୍ବନ୍ଧ ଜଳ ସହ ଯୋଡ଼ା ଯାଇଛି। ଏହି ମାସରେ ସୂର୍ଯ୍ୟଦେବ ଏବଂ ବରୁଣ ଦେବଙ୍କ ଉପାସନା ଫଳଦାୟୀ। ଜ୍ୟେଷ୍ଠ ମାସରେ ଭୀଷଣ ଗରମ ଅନୁଭୂତ ହୋଇଥାଏ। ଏଣୁ ଏହି ମାସରେ ଜଳ ଦାନକୁ ଶୁଭ ବୋଲି କୁହାଯାଏ।**


**ଜଳର ମହତ୍ତ୍ୱ:** ଏହି ମାସରେ ଭୀଷଣ ଗରମ ହୋଇଥାଏ। ସେଥିପାଇଁ ଅଧିକାଂଶ ନଦୀ, ପୋଖରୀ, କୂଅ ଶୁଖି ଯାଏ। ପୁଣି କେତେକ ସ୍ଥାନରେ ଜଳାଭାବ ଦେଖାଯାଏ। ସେଥିପାଇଁ ଏହି ମାସରେ ଜଳ ସଂରକ୍ଷଣ କରିବାର ପରମ୍ପରା ଅଛି। ଭୀଷଣ ଗରମ ଏବଂ ଜଳାଭାବ ଯୋଗୁଁ ବହୁ ସମସ୍ୟା ସୃଷ୍ଟି ହୋଇଥାଏ। ଏହିପରି ଭାବେ ଏହି ମାସ ଜଳର ମହତ୍ତ୍ୱ ବାବଦରେ ବୁଝାଏ। ସେହିପରି ନିର୍ଜଳା ଏକାଦଶୀର ସମ୍ବନ୍ଧ ଜଳ ସହ ଜଡ଼ିତ। ନିର୍ଜଳା ରହି ଭକ୍ତ ଏହାକୁ ପାଳନ କରନ୍ତି। ଏହି ବ୍ରତରେ ଅନ୍ନ ସହିତ ଜଳ ମଧ୍ୟ ତ୍ୟାଗ କରାଯାଏ।

**ବିଷ୍ଣୁଙ୍କ ପ୍ରିୟ ମାସ:** ଏହି ମାସ ଭଗବାନ ବିଷ୍ଣୁଙ୍କ ପ୍ରିୟ ମାସ ବୋଲି ବିଚାର କରାଯାଏ। ତା'ସହ ବରୁଣ ଦେବ, ଶନିଦେବ, ସୂର୍ଯ୍ୟ ଦେବ ଏବଂ ହନୁମାନଙ୍କ ଉପାସନା କରାଯାଏ। ଏହି ମାସରେ ଏହି ସବୁ ଦେବତାଙ୍କ ବିଶେଷ ପୂଜାପାଠ କରିବା ସହ ଜଳଦାନ କରିବାର ପରମ୍ପରା ଅଛି। କେବଳ ସେତିକି ନୁହେଁ, ପବିତ୍ର ନଦୀ ଗଙ୍ଗା, ଯମୁନା, ନର୍ମଦାରେ ସ୍ନାନ କରିବାକୁ କୁହାଯାଏ।



## କାଚ ଭାଙ୍ଗିବା ଅଶୁଭ

ଘରେ କାଚ ଭାଙ୍ଗିବାକୁ ଅଶୁଭ ବୋଲି କୁହାଯାଏ। ଏହା ନକାରାତ୍ମକ ଶକ୍ତି, ଦୁର୍ଭାଗ୍ୟର କାରଣ ସାଜିଥାଏ। ତେବେ ବାସ୍ତୁ ଶାସ୍ତ୍ରରେ କାଚ ଭାଙ୍ଗିବା କେଉଁ ସଙ୍କେତ ଦିଏ, ସେ ସମ୍ପର୍କରେ ଜାଣିବା।



- ବାସ୍ତୁ ଶାସ୍ତ୍ର ଅନୁସାରେ, କାଚ ଭାଙ୍ଗିବା ଘରେ ନକାରାତ୍ମକ ଶକ୍ତିକୁ ଆକର୍ଷିତ କରିଥାଏ। ଏହା ଦ୍ୱାରା ମାନସିକ ଅଶାନ୍ତି, ପାରିବାରିକ ଝଗଡ଼ା ଏବଂ ଅଶାନ୍ତି ବୃଦ୍ଧି ପାଏ।
- କାଚକୁ ମା' ଲକ୍ଷ୍ମୀଙ୍କ ପ୍ରତୀକ ଭାବେ ବିବେଚନା କରାଯାଏ। ଏଣୁ ଭଙ୍ଗା କାଚ ରଖିବା ଲକ୍ଷ୍ମୀଙ୍କ ପ୍ରତି ଅସମ୍ମାନକୁ ସୂଚାଏ। ଏହାଦ୍ୱାରା ଆର୍ଥିକ ସମସ୍ୟା ଉପୁଜେ।
- ଭଙ୍ଗା କାଚ ପରିବାର ମଧ୍ୟରେ ଫାଟ ସୃଷ୍ଟି କରେ। ଏହା ପ୍ରେମ ଜୀବନକୁ ପ୍ରଭାବିତ କରିଥାଏ।
- ଶୁଭ କାର୍ଯ୍ୟରେ ବାଧା ସୃଷ୍ଟି କରେ। ଫଳରେ କାର୍ଯ୍ୟରେ ବାରମ୍ବାର ବାଧା ଆସେ।
- ଘର ଦର୍ପଣ କାଚ ଭାଙ୍ଗିବାକୁ ମଧ୍ୟ ଅଶୁଭ ବୋଲି କୁହାଯାଇଛି। ଏହା ଦୁର୍ଭାଗ୍ୟ ଆଣେ ଓ ଆତ୍ମବିଶ୍ୱାସକୁ ପ୍ରଭାବିତ କରେ।

ଫ୍ରେଞ୍ଚ୍ ଓପନ୍ ଟେନିସ୍ ଆରମ୍ଭ

# ସାବାଲେଙ୍କା, ଝେଙ୍ଗ୍‌ଙ୍କ ବିଜୟ



ପ୍ୟାରିସ,୨୫ ।୫(ସମିସ): ଐତିହାସିକ ରୋଲାଣ୍ଡ ଗ୍ୟାରସ୍ ଷ୍ଟାଡିୟମରେ ବର୍ଷର ଦ୍ୱିତୀୟ ଗ୍ରାଣ୍ଡସ୍ଲାମ ଟୁର୍ଣ୍ଣାମେଣ୍ଟ ଫ୍ରେଞ୍ଚ୍ ଓପନ୍ ରବିବାରଠାରୁ ଆରମ୍ଭ ହୋଇଛି । ଉଭୟ ପୁରୁଷ ଓ ମହିଳା ଏକକ ପ୍ରତିଯୋଗିତାରେ ସିଡେଡ୍ ଖେଳାଳିମାନେ ପ୍ରଥମ ରାଉଣ୍ଡରେ ବିଜୟୀ ହୋଇ ଅଭିଯାନ ଆରମ୍ଭ କରିଛନ୍ତି । ମହିଳା ଏକକରେ ବିଜୟର ନ ୧ ଖେଳାଳି ତଥା ଟପ୍ ସିଡ୍ ଖେଳାଳି ବେଲାରୁଷର ଅରିନା ସାବାଲେଙ୍କା ୬-୧, ୬-୦ ସିଧା ସେଟ୍‌ରେ ରୁଷିଆର କାମିଲା ରାଖିମୋଭାଙ୍କୁ ପରାସ୍ତ କରି ଦ୍ୱିତୀୟ ରାଉଣ୍ଡରେ ପ୍ରବେଶ କରିବା ସହ ଅଭିଯାନ ଆରମ୍ଭ କରିଛନ୍ତି । ସେହିପରି ଅଷ୍ଟମ ସିଡ୍ ଚୀନ୍‌ର କିନୱେନ ଝେଙ୍ଗ୍ ୬-୪, ୬-୩ ସେଟ୍‌ରେ ରୁଷିଆର ଆନାଷ୍ଟାସିଆ ପାଭଲ୍ୟୁଚେଙ୍କୋଭାଙ୍କୁ, ୧୩ତମ ସିଡ୍ ଏଲିନା ଭିଟୋଲିନା ୬-୧,୬-୧ ସେଟ୍‌ରେ ତୁର୍କୀର ସେନେପ ସୋନମେଜଙ୍କୁ ପରାସ୍ତ କରି ଦ୍ୱିତୀୟ ରାଉଣ୍ଡକୁ ଉଠିଛନ୍ତି । ଆମେରିକାର ୨୮ତମ ସିଡ୍ ଖେଳାଳି ପେଟୋନ ଷ୍ଟେର୍ଣ୍ଣ୍ସ ୦-୬, ୩-୬ ସେଟ୍‌ରେ ଜର୍ମନୀର ଇଭା ଲିସ୍‌ଙ୍କଠାରୁ ପରାସ୍ତ ହୋଇ ବିଦାୟ ନେଇଛନ୍ତି ।


## ଦ୍ୱିତୀୟ ରାଉଣ୍ଡରେ ଟମି ପଲ୍

ପୁରୁଷ ଏକକରେ ଦ୍ୱାଦଶ ସିଡ୍ ଆମେରିକାର ଟମି ପଲ ପ୍ରଥମ ରାଉଣ୍ଡରେ ବିଜୟ ହୋଇ ଅଭିଯାନ ଆରମ୍ଭ କରିଛନ୍ତି । ପଲ୍ ୬-୭, ୬-୨, ୬-୩, ୬-୧ ମାରାଥନ ସେଟ୍‌ରେ ଡେନମାର୍କର ଏଲମେର ମୋଲୋରଙ୍କୁ ପରାସ୍ତ କରି ଦ୍ୱିତୀୟ ରାଉଣ୍ଡରେ ପ୍ରବେଶ କରିଛନ୍ତି । ଫ୍ରାନ୍ସର ୩୧ତମ ସିଡ୍ ଜିଓଭାନି ଏମ୍‌ପେସି ପେରିକାର୍ଡ ୪-୬, ୬-୩, ୭-୬, ୬-୪ ସେଟ୍‌ରେ ବେଲଜିୟମର ଜିଜୋଉ ବେର୍ଗସ୍‌ଙ୍କୁ ହରାଇ ଦ୍ୱିତୀୟ ରାଉଣ୍ଡକୁ ଉଠିଛନ୍ତି । ୨୮ତମ ସିଡ୍ ଆମେରିକାର ବ୍ରାଣ୍ଡନ ନାକାସିମା ୬-୭, ୬-୪, ୧-୬, ୨-୬ ସେଟ୍‌ରେ ଆର୍ଜେଣ୍ଟିନାର ମାରିଆନୋ ନାଭୋନଙ୍କଠାରୁ ପରାସ୍ତ ହୋଇ ବିଦାୟ ନେଇଛନ୍ତି । ଦ୍ୱିତୀୟ ସିଡ୍ ସ୍ପେନର କାର୍ଲୋସ ପ୍ରଥମ ରାଉଣ୍ଡରେ ଜାପାନର କେଇ ନିଶିକୋରୀଙ୍କୁ ଭେଟିବେ । ସେହିପରି ଅନ୍ୟଏକ ପ୍ରଥମ ରାଉଣ୍ଡ ମୁକାବିଲାରେ ଆମେରିକାର ରେଇଲି ଓପେଲକା ୧-୬, ୬-୩, ୭-୫, ୭-୬ ସେଟ୍‌ରେ ଅଷ୍ଟ୍ରେଲିଆର ରିଙ୍କି ହିଜିକାଟାଙ୍କୁ ପରାସ୍ତେ କରି ଅଗ୍ରଗତି କରିଛନ୍ତି । ସର୍ବିଆର ହମାଦ ମେଡଜେଡୋଭିକ ୬-୩, ୬-୩, ୭-୬ ସେଟ୍‌ରେ କାମିଲ୍ ମାଜଚରଜାକଙ୍କୁହ ହରାଇ ଅଗ୍ରଗତି କରିଛନ୍ତି ।

ମୋନାକୋ ଫର୍ମୁଲା-୧ ଗ୍ରାଁପ୍ରି

# ସିଜିନର ଦ୍ୱିତୀୟ ଟାଇଟଲ୍ ଜିତିଲେ ନୋରିସ୍

ମୋନାକୋ,୨୫ ।୫(ସମିସ): ମ୍ୟାକଲରେନ୍ ଡ୍ରାଇଭର ତଥା ବ୍ରିଟ୍ ଫର୍ମୁଲା-୧ ରେସନ ଲାଣ୍ଡୋ ନୋରିସ ମୋନାକୋ ଫର୍ମୁଲା-୧ ଗ୍ରାଁପ୍ରିରେ ବାଜି ମାରିଛନ୍ତି । ରବିବାର ଅନୁଷ୍ଠିତ



ଅନ୍ତିମ ରେସ୍‌ରେ ସେ ଫେରାରୀର ଚର୍ଲ୍ସ ଲେକଲେର୍କ ଓ ମ୍ୟାକଲରେନ ସାଥି ଡ୍ରାଇଭର ଓସ୍କାର ପିଆଷ୍ଟ୍ରିଙ୍କୁ ପଛରେ ପକାଇ ସେ ସିଜିନର ଦ୍ୱିତୀୟ ଟାଇଟଲ ହାସଲ କରିଛନ୍ତି । ପୂର୍ବରୁ ସେ ସିଜିନ ଆରମ୍ଭରେ ଅଷ୍ଟ୍ରେଲିଆନ୍ ଗ୍ରାଁପ୍ରି ଟାଇଟଲ ହାସଲ କରିଥିଲେ । ସେହିପରି ରେଡବୁଲ୍‌ର ମ୍ୟାକ୍ସ ଭର୍ଷ୍ଟାପେନ ଚତୁର୍ଥ ଓ ଫେରାରୀର ଲୁଇସ ହାମିଲଟନ ୫ ସ୍ଥାନରେ ରହି ଅଭିଯାନ ଶେଷ କରିଛନ୍ତି । ୨୫ ବର୍ଷୀୟ ନୋରିସ୍ ଏପର୍ଯ୍ୟନ୍ତ ୭ଟି ସଜିନ୍‌ରେ ଅଂଶଗ୍ରହଣ କରି ମୋଟ୍ ଉପରେ ୫ଟି ଗ୍ରାଁପ୍ରିରେ ଟାଇଟଲ ହାସଲ କରିଛନ୍ତି ।

ଜର୍ମାନୀ କପ୍ ଫୁଟବଲ

# ୨୮ ବର୍ଷ ପରେ ଷ୍ଟର୍ଟଗାର୍ଟକୁ ପ୍ରଥମ ଟାଇଟଲ



ବର୍ଲିନ୍,୨୫ ।୫(ସମିସ): ଜର୍ମାନୀ କପ୍ ଫୁଟବଲ ଟୁର୍ଣ୍ଣାମେଣ୍ଟରେ ଭିଏଫ୍‌ବି ଷ୍ଟର୍ଟଗାର୍ଟ ଚାମ୍ପିଅନ ହୋଇଛି । ଫାଇନାଲ ମୁକାବିଲାରେ ଷ୍ଟର୍ଟଗାର୍ଟ ୪-୨ ଗୋଲରେ ଥାର୍ଡ ଟାୟର ଦଳ ଅର୍ମିନିଆ ବିଏଲେଫେଲ୍ଡକୁ ପରାସ୍ତ କରି ଦୀର୍ଘ ୨୮ ବର୍ଷରେ ପ୍ରଥମ ଟାଇଟଲ ହାସଲ କରିଛି । ପୂର୍ବରୁ ୧୯୯୭ରେ ଷ୍ଟର୍ଟଗାର୍ଟ ପ୍ରଥମ ଜର୍ମାନ କପ୍ ଟାଇଟଲ ଜିତିଥିଲା । ସ୍ଥାନୀୟ ଅଲିମ୍ପିଆ ଷ୍ଟାଡିଅନରେ ଅନୁଷ୍ଠିତ ଫାଇନାଲ ମ୍ୟାଚ୍‌ରେ ଷ୍ଟର୍ଟଗାର୍ଟ ତରଫରୁ ଏଞ୍ଜୋ ମିଲୋଟ ୨୨ ଓ ୬୬ତମ ମିନିଟ୍‌ରେ ଦୁଇଟି, ନିକ ଓଲ୍ଟମେଡ୍ ୧୫ ଓ ଡେନିଜ ଉନଦାଭ ୨୮ତମ ମିନିଟ୍‌ରେ ଗୋଲ ସ୍କୋର କରିଥିଲେ । ସେହିପରି ଅର୍ମିନିଆ ତରଫରୁ ୮୨ତମ ମିନିଟ୍‌ରେ ଜୁଲିଆନ କାନିଆ ଗୋଲ ଦେଇଥିଲେ । କିନ୍ତୁ ୮୫ତମ ମିନିଟ୍‌ରେ ଷ୍ଟର୍ଟଗାର୍ଟର ଜୋଶା ଭାଗନୋମାନଙ୍କ ଆତ୍ମଘାତୀ ଗୋଲ ଫଳରେ ଅର୍ମିନିଆ ପରାଜୟ ବ୍ୟବଧାନ କମିଥିଲା ।

ଆଇପିଏଲ୍ ୧୮ ରେ କ୍ଲାସେନ୍‌ଙ୍କ ଶତକ; କୋଲକାତା ୧୧୦ ରନ୍‌ରେ ପରାସ୍ତ

# ପ୍ରଥମ ଓ ଶେଷରେ ହାଇଦରାବାଦ୍‌ର ଦମ୍‌ଦାର ବିଜୟ

ଦିଲ୍ଲୀ, ୨୫।୫ (ଏଜେନ୍ସି)

ହେନ୍‌ରିକ୍ କ୍ଲାସେନ (୧୦୫*) ଓ ଟ୍ରାଭିସ ହେଡ୍ (୭୮)ଙ୍କ ବିସ୍ଫୋରକ ବ୍ୟାଟିଂ ବଳରେ ଏଠାରେ ରବିବାର ଅନୁଷ୍ଠିତ ଆଇପିଏଲ୍‌ର ୬୭ତମ ଲିଗ୍ ମ୍ୟାଚ୍‌ରେ ସନ୍‌ରାଇଜର୍ସ ହାଇଦରାବାଦ୍ ୧୧୦ ରନ୍‌ରେ କୋଲକାତା ନାଇଟ୍ ରାଇଡର୍ସକୁ ପରାସ୍ତ କରିଛି । ଏହା ଫଳରେ ଦଳ ପ୍ରଥମ ଓ ଶେଷ ମ୍ୟାଚ୍‌ରେ ଦମ୍‌ଦାର ବିଜୟ ହାସଲ କରି ଆଇପିଏଲ୍-୧୮ ଅଭିଯାନ ଶେଷ କରିଛି । ଚଳିତ ଆଇପିଏଲ୍‌ରେ ହାଇଦରାବାଦ୍ ଖେଳିଥିବା ପ୍ରଥମ ମ୍ୟାଚ୍‌ରେ ରାଜସ୍ଥାନ ରୟାଲ୍ସକୁ ୪୪ ରନ୍‌ରେ ପରାସ୍ତ କରିଥିଲା । ଏଥିରେ ଇଶାନ କିଶାନ ଅପରାଜିତ ୧୦୬ ଓ ଟ୍ରାଭିସ୍ ହେଡ୍ ୬୭ ରନ୍ କରିବା ଫଳରେ ଦଳ ପ୍ରଥମେ ବ୍ୟାଟିଂ କରି ୬ ୱିକେଟରେ ୨୮୬ (ଚଳିତ ସଂସ୍କରଣରେ ସର୍ବାଧିକ) ରନ୍ କରିଥିଲା । ଜବାବରେ ରାଜସ୍ଥାନ ୬/୨୪୨ ରନ୍ କରିଥିଲା । ସେହିପରି ଆଜି କ୍ଲାସେନ ୩୯ ବଲ୍‌ରେ ୧୦୫ ଓ ହେଡ୍ ୪୦ ବଲ୍‌ରେ ୭୬ ରନ୍ କରିବା ଫଳରେ ଦଳ ପ୍ରଥମେ ବ୍ୟାଟିଂ କରି ୩ ୱିକେଟରେ ୨୭୮ ରନ୍ ବା ଆଇପିଏଲ୍ ଇତିହାସରେ ତୃତୀୟ ସର୍ବାଧିକ ସ୍କୋର କରିଥିଲା । ଜବାବରେ ଡିଫେଣ୍ଡିଂ ଚାମ୍ପିଅନ କୋଲକାତା ଆଉ ୮ଟି ବଲ ବାକିଥାଇ ୧୬୮ ରନ୍‌ରେ ଅଲଆଉଟ ହୋଇଯାଇଥିଲା । ଫଳରେ ଦଳ ୧୧୦ ରନ୍‌ରେ ମ୍ୟାଚ୍‌କୁ ଜିତିବା ସହ ପ୍ରଥମ ଓ ଶେଷ ମ୍ୟାଚ୍‌ରେ ଦମ୍‌ଦାର ଖେଳିବାରେ ସମର୍ଥ ହୋଇଥିଲା । ଏହି ବିଜୟ ପରେ ହାଇଦରାବାଦ୍ ୧୪ଟି ମ୍ୟାଚ୍‌ରୁ ୬ ବିଜୟ ସହ ୧୩ ପଏଣ୍ଟ ପାଇ ଟେବଲର ୬ଷ୍ଠ ସ୍ଥାନରେ ରହି ଅଭିଯାନ ଶେଷ କରିଛି । ଅନ୍ୟ ପକ୍ଷରେ କୋଲକାତା ୧୪ ମ୍ୟାଚ୍‌ରୁ ୫ ବିଜୟ ସହ ୧୨ ପଏଣ୍ଟ ପାଇ ୮ମ ସ୍ଥାନରେ ରହିଛି । ଆଇପିଏଲ୍ ଇତିହାସରେ ଏହା କୋଲକାତା ରନ୍ ବ୍ୟବଧାନରେ ସର୍ବବୃହତ ପରାଜୟ ବରଣ କରିଛି । ବିଜୟୀ ଦଳର କ୍ଲାସେନ୍‌ଙ୍କୁ ମ୍ୟାଚ୍‌ର ଶ୍ରେଷ୍ଠ ଖେଳାଳି ବିବେଚିତ କରାଯାଇଛି ।

ଏହି ମ୍ୟାଚ୍‌ରେ ଦକ୍ଷିଣ ଆଫ୍ରିକୀୟ କ୍ଲାସେନ ୩୭ ବଲ୍‌ରେ ଶତକ ହାସଲ କରିବା ସହ ୩୯ ବଲ୍‌ରେ ୭ ଚୌକା ଓ ୯ ଛକା ସହ ୧୦୫ ରନ୍‌ରେ ଅପରାଜିତ ରହିଥିଲେ । ଫଳରେ ଆଇପିଏଲ୍ ଇତିହାସରେ କ୍ଲାସେନ ତୃତୀୟ ଯୁଗ୍ମ ଦ୍ରୁତତମ ଶତକ ହାସଲ କରିଥିଲେ । ତାଙ୍କ ବ୍ୟତୀତ ଟ୍ରାଭିସ ହେଡ୍ ୪୦ ବଲ୍‌ରେ ୬ଟି ଲେଖାଏଁ ଚୌକା ଓ ଛକା ସହ ୭୬, ଅଭିଷେକ ଶର୍ମା ୧୬ ବଲ୍‌ରେ ୩୨, ଇଶାନ କିଶାନ ୨୦ ବଲ୍‌ରେ ୨୯ ରନ୍ କରିଥିଲେ । ଜବାବରେ କୋଲକାତା ୧୮.୪ ଓଭରରେ ୧୬୮ ରନ୍ କରିଥିଲା । ଦଳ ପକ୍ଷରୁ କେହି ବଡ଼ ସ୍କୋର କରି ନ ଥିଲାବେଳେ ମନୀଷ ପାଣ୍ଡେ ସର୍ବାଧିକ ୩୭, ହର୍ଷିତ ରାଣା ୩୪ ଓ ସୁନୀଲ ନାରାୟଣ ୩୧ ରନ୍ କରିଥିଲେ । ହାଇଦରାବାଦ୍ ପକ୍ଷରୁ ଜୟଦେବ ଉନାଦକତ, ଏଶାନ ମାଲିଙ୍ଗା ଓ ବାମହାତୀ ସ୍ପିନର ହର୍ଷ ଦୁବେ ୩ଟି ଲେଖାଏଁ ୱିକେଟ ଅକ୍ତିଆର କରି ଦଳକୁ ବଡ଼ ବିଜୟ ପ୍ରଦାନ କରିଥିଲେ ।



### ଆଇପିଏଲ୍‌ରେ ୫ ଉଚ୍ଚତମ ସ୍କୋର

| ଦଳ | ସ୍କୋର | ବିପକ୍ଷ | ଭେନ୍ୟୁ |
|---|---|---|---|
| ହାଇଦରାବାଦ୍ | ୨୮୭/୩ | ବେଙ୍ଗାଲୁରୁ | ବେଙ୍ଗାଲୁରୁ |
| ହାଇଦରାବାଦ୍ | ୨୮୬/୬ | ରାଜସ୍ଥାନ | ହାଇଦରାବାଦ୍ |
| ହାଇଦରାବାଦ୍ | ୨୭୭/୩ | ମୁମ୍ବାଇ | ହାଇଦରାବାଦ୍ |
| କୋଲକାତା | ୨୭୨/୭ | ଦିଲ୍ଲୀ | ବିଶାଖାପାଟନମ |
| ହାଇଦରାବାଦ୍ | ୨୬୬/୭ | ଦିଲ୍ଲୀ | ଦିଲ୍ଲୀ |

### ଆଇପିଏଲ୍‌ରେ ଦ୍ରୁତତମ ଶତକ

| ଖେଳାଳି | ବଲ୍ | ମ୍ୟାଚ୍ | ଭେନ୍ୟୁ |
|---|---|---|---|
| କ୍ରିସ୍ ଗେଲ୍ | ୩୦ | ବେଙ୍ଗାଲୁରୁ- ପୁଣେ | ବେଙ୍ଗାଲୁର |
| ବୈଭବ ସୂର୍ଯ୍ୟବଂଶୀ | ୩୫ | ରାଜସ୍ଥାନ- ଗୁଜରାଟ | ଜୟପୁର |
| ୟୁସୁଫ ପଠାନ | ୩୭ | ରାଜସ୍ଥାନ- ମୁମ୍ବାଇ | ମୁମ୍ବାଇ |
| ଡେଭିଡ ମିଲର | ୩୮ | ପଞ୍ଜାବ-ବେଙ୍ଗାଲୁରୁ | ମୋହାଲି |
| ଟ୍ରାଭିସ ହେଡ | ୩୯ | ହାଇଦରାବାଦ- ବେଙ୍ଗାଲୁରୁ | ବେଙ୍ଗାଲୁରୁ |

### ଆଇପିଏଲ୍-୨୦୨୫: ପଏଣ୍ଟ ସାରଣୀ

| ଦଳ | ମ୍ୟାଚ୍ | ବିଜୟ | ପରାଜୟ | ବାତିଲ୍ | ପଏଣ୍ଟ | ରନରେଟ୍ |
|---|---|---|---|---|---|---|
| ଗୁଜରାଟ | ୧୪ | ୯ | ୫ | ୦ | ୧୮ | +୦.୨୫୪ |
| ପଞ୍ଜାବ | ୧୩ | ୮ | ୪ | ୧ | ୧୭ | +୦.୩୨୭ |
| ବେଙ୍ଗାଲୁରୁ | ୧୩ | ୮ | ୪ | ୧ | ୧୭ | +୦.୨୫୫ |
| ମୁମ୍ବାଇ | ୧୩ | ୮ | ୫ | ୦ | ୧୬ | +୧.୨୯୨ |
| ଦିଲ୍ଲୀ | ୧୪ | ୭ | ୬ | ୧ | ୧୫ | +୦.୦୧୧ |
| ହାଇଦରାବାଦ୍ | ୧୪ | ୬ | ୭ | ୧ | ୧୩ | -୦.୨୪୧ |
| ଲକ୍ଷ୍ନୌ | ୧୩ | ୬ | ୭ | ୦ | ୧୨ | -୦.୩୩୭ |
| କୋଲକାତା | ୧୪ | ୫ | ୭ | ୨ | ୧୨ | +୦.୩୦୫ |
| ରାଜସ୍ଥାନ | ୧୪ | ୪ | ୧୦ | ୦ | ୮ | -୦.୫୪୯ |
| ଚେନ୍ନାଇ | ୧୪ | ୪ | ୧୦ | ୦ | ୮ | -୦.୬୪୭ |

ଆସାମ ପ୍ରିମିୟର ଲିଗ୍

# କଳିଙ୍ଗ ୱାରିୟର୍ସ ଚାମ୍ପିଅନ




ଭୁବନେଶ୍ୱର, ୨୫।୫ (ସମିସ): ଆସାମର ଗୁଆହାଟୀଠାରେ ଚାଲିଥିବା ଆସାମ ଚେସ୍ ପ୍ରିମିୟର ଲିଗ୍ ରବିବାର ଶେଷ ହୋଇଛି । ଏଥିରେ ଭାଗ ନେଇଥିବା ଓଡ଼ିଶା ଭିତ୍ତିକ ଫ୍ରାଞ୍ଚାଇଜ୍ କଳିଙ୍ଗ ୱାରିୟର୍ସ ସର୍ବାଧିକ ପଏଣ୍ଟ ପାଇ ଚାମ୍ପିଅନ ଆଖ୍ୟା ଅର୍ଜନ କରିଛି । ଏହି ଫ୍ରାଞ୍ଚାଇଜ୍‌ର ମାଲିକ ଅଲ୍ ଓଡ଼ିଶା ଚେସ ସଂଘ ରହିଛି । ଏହି ସଂଘର ସମ୍ପାଦକ ଦେବବ୍ରତ ଭଞ୍ଜଙ୍କ ନେତୃତ୍ୱରେ କଳିଙ୍ଗ ୱାରିୟର୍ସ ଏହି ଟୁର୍ଣ୍ଣାମେଣ୍ଟରେ ଅଂଶଗ୍ରହଣ କରି ଶ୍ରେଷ୍ଠ ସଫଳତା ପାଇଛି । ଏହି ଦଳରେ ଜିଏମ୍ ଅଙ୍କିତ ରାଜପାରା, ଅମେୟ ଗୁପ୍ତା, ଅମ୍ଳାନ ମହନ୍ତ, ମୃଣ୍ମୟ ରାଜଖୋୱା ପ୍ରମୁଖ ଭାଗ ନେଇଛନ୍ତି । ଓଡ଼ିଆ ଖେଳାଳି ସିଏମ୍ ହର୍ଷିତ ରଞ୍ଜନ ସାହୁ ଓ ଏଫ୍‌ଏମ୍ ରାଜେଶ ନାୟକ ସୁନ୍ଦର ଖେଳ ପ୍ରଦର୍ଶନ କରିଥିଲେ । କଳିଙ୍ଗ ୱାରିୟର୍ସ ସର୍ବାଧିକ ୫.୫ ପଏଣ୍ଟ ପାଇଥିଲା । ପୁରସ୍କାର ବାବଦରେ ଓଡ଼ିଶା ଭିତ୍ତିକ ଦଳ ୩ ଲକ୍ଷ ଟଙ୍କା ଓ ଟ୍ରଫି ପାଇଥିଲା । ଏହି ଟୁର୍ଣ୍ଣାମେଣ୍ଟରେ ମୋଟ ୮ଟି ଦଳ ଭାଗନେଇଥିଲା । ଅନ୍ୟ ଦଳଗୁଡିକ ହେଲେ ଆକ୍ସମ ରାଇନୋସ ଚେକ୍‌ମେଟ୍ସ, ରାଞ୍ଚି କ୍ୟାପିଟାଲ୍ସ, ସାଉୟ ଚେକ୍‌ମେଟ୍ସ, ନାଇଟ୍ ମୁଭର୍ସ, ଏଜୁ ହବ୍ ଚେକ୍‌ମେଟ୍ସ, ବିଟିଆର୍ ୱାରିୟର୍ସ ଓ ୯୧ ୟାର୍ଡ୍ସ କ୍ଲବ୍ ।

# ଟ୍ରଏ କୁଲେ ଭାରତ-ଏ ବୋଲିଂ କୋଚ୍

ମୁମ୍ବାଇ,୨୫ ।୫(ସମିସ): ଅଷ୍ଟ୍ରେଲିଆର ପୂର୍ବତନ ଘରୋଇ କ୍ରିକେଟର ଟ୍ରଏ କୁଲେ ଭାରତ-ଏ ଦଳର ବୋଲିଂ କୋଚ୍ ନିଯୁକ୍ତ ହୋଇଛନ୍ତି । ସେ ଆଗାମୀ ଇଂଲଣ୍ଡ ଗସ୍ତରେ ଦାୟିତ୍ୱ ବହନ କରିବେ । ରବିବାର ଭାରତ-ଏ ଦଳ ଇଂଲଣ୍ଡରେ ପହଞ୍ଚିଛି । କୁଲେ ଭାରତୀୟ କ୍ରିକେଟ କଣ୍ଟ୍ରୋଲ ବୋର୍ଡ (ବିସିସିଆଇ) ସେଣ୍ଟର ଅଫ୍ ଏକ୍ସିଲେନ୍ସ (ସିଓଇ) ରେ ବୋଲିଂ କୋଚ୍ ରହିଛନ୍ତି । ସେ ମଧ ଇଂଲଣ୍ଡର ବୋଲିଂ କୋଚ୍ ରହିଥିଲେ । ତାଙ୍କ ତତ୍ତ୍ୱାବଧାନରେ ଇଂଲଣ୍ଡ ୨୦୦୫ ଆଶେଶ୍‌ରେ ୨-୧ରେ ସିରିଜ ବିଜୟୀ ହୋଇଥିଲା । ୫୭ ବର୍ଷୀୟ କୁଲେ ବେଙ୍ଗାଲୁରୁସ୍ଥିତ ଜାତୀୟ କ୍ରିକେଟ ଏକାଡେମୀରେ ଦ୍ରୁତ ବୋଲିଂ କୋଚ୍ ଭାବେ କାର୍ଯ୍ୟ କରିଆସୁଛନ୍ତି । ୨୦୨୨ ଫେବୃଆରୀରେ ଦକ୍ଷିଣ ଆଫ୍ରିକାରେ ଅନୁଷ୍ଠିତ ଟି-୨୦ ବିଶ୍ୱକପରେ ଭାରତୀୟ ମହିଳା ଦଳର ବୋଲିଂ କୋଚ୍ ଭାବେ ଦାୟିତ୍ୱ ସମ୍ପାଦନ କରିଥିଲେ । ହୃଷିକେଶ କାନିତକର ଭାରତ-ଏ ଦଳର ମୁଖ୍ୟ କୋଚ୍ ରହିଛନ୍ତି ।



ଇଂଲଣ୍ଡ ଗସ୍ତରେ ଯାଇ ଲଣ୍ଡନରେ ପହଞ୍ଚିଥିବା ଭାରତ-ଏ କ୍ରିକେଟ ଦଳର ଖେଳାଳିମାନେ ।

# ଓସିଏର ଅମ୍ପାୟାର ପଦୋନ୍ନତି ପରୀକ୍ଷା


କଟକ,୨୫।୫(ସମିସ): ଓଡିଶା କ୍ରିକେଟ ଆସୋସିଏସନ(ଓସିଏ)ର ଅମ୍ପାୟାର ପଦୋନ୍ନତି ପରୀକ୍ଷା ବାରବାଟୀ ଷ୍ଟାଡିୟମରେ ଆୟୋଜିତ ହୋଇଛି । ଏଥିରେ ଓସିଏର ୨୧ଜଣ ପ୍ୟାନେଲ ଅମ୍ପାୟାର ଅଂଶ ଗ୍ରହଣ କରିଥିଲେ । ବିସିସିଆଇର ବରିଷ୍ଠ ଅମ୍ପାୟାର ଅରୁଣ




କୁମାର ବାସା ପରୀକ୍ଷା ପରିଚାଳନା କରିଥିଲେ । ରାଜ୍ୟରେ କ୍ରିକେଟର ବିକାଶ ଦିଗରେ ଓସିଏ ନିରନ୍ତର କାର୍ଯ୍ୟ କରୁଛି । ଏହି ପରିପ୍ରେକ୍ଷୀରେ ଅମ୍ପାୟାରମାନଙ୍କ କୌଶଳ ବିକାଶ ପାଇଁ ଏଭଳି ପରୀକ୍ଷା ହୋଇଥିବା ନେଇ ଓସିଏ ପକ୍ଷରୁ ପ୍ରେସ ବିବୃତ୍ତି ମାଧ୍ୟମରେ ସୂଚନା ଦିଆଯାଇଛି ।

ଖେଲୋ ଇଣ୍ଡିଆ ବିଚ୍ ଗେମ୍ସ


# ପେଞ୍ଚକ ସିଲାଟ୍‌ରେ ଓଡ଼ିଶାକୁ ୮ ପଦକ



ଭୁବନେଶ୍ୱର,୨୫ ।୫(ସମିସ)

ଡିୟୁର ଘୋଗ୍ଲା ବିଚ୍‌ରେ ଚାଲିଥିବା ପ୍ରଥମ ଖେଲୋ ଇଣ୍ଡିଆ ବିଚ୍ ଗେମ୍ସରେ ଓଡ଼ିଶା ୮ଟି ପଦକ ହାସଲ କରିଛି । ଏହି ଇଭେଣ୍ଟରେ ୨୦ ଜଣ ଓଡ଼ିଆ ପ୍ରତିଭାବାନ ଖେଳାଳି ଅଂଶଗ୍ରହଣ କରିଥିଲେ । ଓଡ଼ିଆ ଖେଳାଳିମାନେ ୩ଟି ରୌପ୍ୟ ଓ ୫ଟି କାଂସ୍ୟ ପଦକ ହାସଲ କରିଛନ୍ତି । ଓଡ଼ିଶାର ସୋହିଲ ଗୁରୁଙ୍ଗ୍ ସୋଲୋ ଓ ଟେଣ୍ଡି ଇଭେଣ୍ଟରେ ୨ଟି ରୌପ୍ୟ ପଦକ ଜିତିଛନ୍ତି । ପୁରୁଷ ଗାଣ୍ଡା ଓ ଉଭୟ ପୁରୁଷ ଓ ମହିଳା ରେଗୁ ଟିମ୍ କାଂସ୍ୟ ପଦକ ଜିତିଛନ୍ତି । ଅନିନ୍ଦିତା ପାତ୍ର ଟେଣ୍ଡିଂ ଇଭେଣ୍ଟରେ ରୌପ୍ୟ, ରୁଦ୍ର ପ୍ରତାପ ଷଡଙ୍ଗୀ ରତ୍ନ ଗିଲ୍ କାଂସ୍ୟ ପଦକଜିତି ଓଡ଼ିଶାକୁ ଗୌରବାନ୍ୱିତ କରିଛନ୍ତି । ଓଡ଼ିଶା ସରକାରଙ୍କ କ୍ରୀଡ଼ା ବିଭାଗ ତରଫରୁ ଖେଳାଳିମାନଙ୍କୁ ସ୍ଥାନୀୟ ବିଜୁ ପଟ୍ଟନାୟକ ବିମାନ ବନ୍ଦରରେ ସ୍ୱାଗତ ସମ୍ବର୍ଦ୍ଧନା ଜ୍ଞାପନ କରାଯାଇଥିଲା । ଏହି ପ୍ରତିଯୋଗିତାରେ ପ୍ରେମ ସିଂ ଥାପ୍ପା ଦାୟିତ୍ୱର ରେଫ୍ରିସିପ୍ କରିଥିବାରୁ ଇଣ୍ଡିଆ ଫେଡେରେସନ ତରଫରୁ ସମ୍ମାନୀତ ହୋଇଥିଲେ । କ୍ରୀଡ଼ା ବିଭାଗ ନିର୍ଦ୍ଦେଶକ ଦୀପଙ୍କର ମହାପାତ୍ର, ଅନୁସଚିବ ବିଜୟ ସ୍ୱାଇଁ, ଓଏସ୍‌ଡି ଧିରଜ ପଟ୍ଟନାୟକଙ୍କ ସମେତ ସମାଜସେମୀ ତଥା ପେଞ୍ଚକ ସିଲାଟ ଆସୋସିଏସନ ଖୋର୍ଦ୍ଧାର ସମ୍ପାଦକ ଜୀତେନ୍ଦ୍ର କୁମାର ରାଉତ, ଆସୋସିଏସନ ଓଡ଼ିଶା ସଭାପତି ତାପସ କୁମାର ରାୟ ଚୌଧୁରୀ, ଉପ-ସଭାପତି ମନୋରଞ୍ଜ ଭଞ୍ଜ, ଅରବିନ୍ଦ ନାୟକ, ସାଧାରଣ ସମ୍ପାଦକ ଗୁରୁ ପ୍ରେମ୍ ସିଂ ଥାପ୍ପା, ବ୍ୟକ୍ତିଗତ ଉପଦେଷ୍ଟା ସୁମନ ମୋଦି ପ୍ରମୁଖ ଖେଳାଳିଙ୍କୁ ଅଭିନନ୍ଦନ ଜଣାଇଛନ୍ତି ।

# ଏସୀୟ ଜୁ ଜିତ୍‌ସୁରେ ଅନୁପମାଙ୍କୁ ଦ୍ୱିତୀୟ ପଦକ



ଭୁବନେଶ୍ୱର, ୨୫।୫ (ସମିସ): ଓଡ଼ିଶାର ଅନୁପମା ସ୍ୱାଇଁ ଭାରତ ପକ୍ଷରୁ ନବମ ଏସୀୟ ଜୁ ଜିତ୍‌ସୁରେ ପଦକ ଜିତିବାରେ ସମର୍ଥ ହୋଇଛନ୍ତି । ଜୋର୍ଡାନ୍‌ରେ ଚାଲିଥିବା ଏହି ପ୍ରତିଯୋଗିତାର ମହିଳା ୫୨ କିଲୋଗ୍ରାମ୍ କାଟାଗୋରୀରେ କଣ୍ଟାକ୍ଟରେ ସେ କାଂସ୍ୟ ପଦକ ହାସଲ କରିଛନ୍ତି । ଏହି ପ୍ରତିଯୋଗିତାରେ ଅନୁପମା ଦ୍ୱିତୀୟ ପଦକ ବିଜୟୀ ହେବାରେ ସମର୍ଥ ହୋଇଛନ୍ତି ।

୧୯ ବର୍ଷରୁ କମ୍ ଆନ୍ତଃ ଜିଲ୍ଲା କ୍ରିକେଟ

# ଆଜିଠାରୁ ଦ୍ୱିତୀୟ ପର୍ଯ୍ୟାୟ ଲିଗ୍

କଟକ,୨୫।୫(ସମିସ): ଓଡ଼ିଶା କ୍ରିକେଟ ଆସୋସିଏସନ(ଓସିଏ) ଆନୁକୂଲ୍ୟରେ କଟକରେ ୧୯ ବର୍ଷରୁ କମ୍ ଆନ୍ତଃଜିଲ୍ଲା କ୍ରିକେଟ ଟୁର୍ଣ୍ଣାମେଣ୍ଟ ଖେଳାଯାଉଛି । ପ୍ରଥମ ପର୍ଯ୍ୟାୟରେ ଗ୍ରୁପ-ଏ ଏବଂ ଗ୍ରୁପ-ବିର ମ୍ୟାଚ୍ ଶେଷ ହୋଇଛି । ଗ୍ରୁପ-ଏରୁ ଝାରସୁଗୁଡା ଏବଂ ଗ୍ରୁପ-ବିରୁ ଖୋର୍ଦ୍ଧା ଉଭୟ ୧୬ ପଏଣ୍ଟ ଲେଖାଏ ସଂଗ୍ରହ କରି ଶୀର୍ଷରେ ରହିଛନ୍ତି । ସୋମବାରଠାରୁ ଦ୍ୱିତୀୟ ପର୍ଯ୍ୟାୟ ଲିଗ୍ ମ୍ୟାଚ୍ ଆରମ୍ଭ ହେବ । ଗ୍ରୁପ-ସି ଏବଂ ଗ୍ରୁପ-ଡିରେ ସ୍ଥାନ ପାଇଥିବା ଦଳ ପ୍ରତିଯୋଗିତାକୁ ଓହ୍ଲାଇବେ । ରେଭେନ୍ସା ବିଶ୍ୱବିଦ୍ୟାଳୟର ଦୁଇଟି ଗ୍ରାଉଣ୍ଡ ସମେତ ଅଡଶପୁର, ଡ୍ରିମସ, ସନସାଇନ ଏବଂ ବିଡାନାସୀ ଗ୍ରାଉଣ୍ଡରେ ସମସ୍ତ ମ୍ୟାଚ୍ ଖେଳାଯିବ । ୩୧ ତାରିଖ ପର୍ଯ୍ୟନ୍ତ ଦ୍ୱିତୀୟ ପର୍ଯ୍ୟାୟ ଲିଗ୍ ମ୍ୟାଚସୂଚୀ ରହିଛି । ସୋମବାର କଟକ-ଏ ଏବଂ କେନ୍ଦୁଝର, ବାଲେଶ୍ୱର ଓ ଢ଼େଙ୍କାନାଳ, ପୁରୀ ଓ କନ୍ଧମାଳ, ଭୁବନେଶ୍ୱର-ଏ ଓ ରାଉରକେଲା, ଗଞ୍ଜାମ ଓ ବରଗଡ, ନୂଆପଡା ଏବଂ ପୁରୀ ମଧ୍ୟରେ ମୁକାବିଲା ହେବ ।

୩୮ତମ ଭୁବନେଶ୍ୱର ସ୍କୁଲ ଓପନ ଚେସ୍

# ସତ୍ୟମ୍ ଚାମ୍ପିଅନ, ପ୍ରୀତମ ରନର୍ସ ଅପ୍



ଭୁବନେଶ୍ୱର, ୨୫।୫ (ସମିସ): ସତ୍ୟମ ସ୍ୱରୂପ ସାହୁ ଓ ପ୍ରୀତମ ହୋତା ୩୮ତମ ଭୁବନେଶ୍ୱର ସ୍କୁଲ୍ ଓପନ ଚେସ୍ ଚାମ୍ପିଅନ୍‌ସିପ୍‌ରେ ଯଥାକ୍ରମେ ଚାମ୍ପିଅନ ଓ ରନର୍ସ ଅପ୍ ହୋଇଛନ୍ତି । କଟକ ଗୁରୁ ନାନକ ପବ୍ଲିକ୍ ସ୍କୁଲ୍‌ର ସତ୍ୟମ ୫ ରାଉଣ୍ଡରୁ ସର୍ବାଧିକ ୪.୫ ଓ ଖଣ୍ଡଗିରି ମଦର୍ସ ପବ୍ଲିକ୍ ସ୍କୁଲ୍‌ର ପ୍ରୀତମ ୪ ପଏଣ୍ଟ ପାଇ ରନର୍ସ ଅପ୍ ହୋଇଛନ୍ତି । ଏମାନଙ୍କ ପଛକୁ ୫ମ ସ୍ଥାନ ଯାଏ ଥିବା ପ୍ରତିଯୋଗୀ ମଧ ୪ ପଏଣ୍ଟ ଲେଖାଏଁ ସଂଗ୍ରହ କରିଥିଲେ । ସେମାନଙ୍କ ମଧ୍ୟରୁ ୟୁନିଟ୍-୮ ଡିଏଭି ପବ୍ଲିକ୍ ସ୍କୁଲ୍‌ର ଆରିସ ନନ୍ଦ ଗୋସ୍ୱାମୀ, କଟକ ମେଡିକାଲ ଡିଏଭି ପବ୍ଲିକ୍ ସ୍କୁଲ୍‌ର ନିରେକ ପରିଡ଼ା ଓ ଭୁବନେଶ୍ୱର କେନ୍ଦ୍ରୀୟ ବିଦ୍ୟାଳୟ ନଂ-୧'ର ସ୍ୱସ୍ତିକ ତ୍ରିପାଠୀ ଯଥାକ୍ରମେ ତୃତୀୟରୁ ପଞ୍ଚମ ସ୍ଥାନ ଅଧିକାର କରିଥିଲେ । ଭୁବନେଶ୍ୱର ଚେସ ସଂଘ ଆନୁକୂଲ୍ୟରେ ଏହି ପ୍ରତିଯୋଗିତା ଉପକଣ୍ଠ କେଶୁରାସ୍ଥିତ ରୟାଲ ପବ୍ଲିକ୍ ସ୍କୁଲ ପରିସରରେ ରବିବାର (ଆଜି) ଅନୁଷ୍ଠିତ ହୋଇଥିଲା । ଏହାକୁ ସ୍କୁଲ୍‌ର ପ୍ରିନ୍ସିପାଲ ଆନୁଷ୍ଠାନିକ ଉଦ୍‌ଘାଟନ କରିଥିଲେ । ଖେଳ ଶେଷରେ ଟାଟା ଷ୍ଟିଲର ଏରିଆ ମ୍ୟାନେଜର ସୁଶାନ୍ତ ରଥ ମୁଖ୍ୟ ଅତିଥି ଓ ଭୁବନେଶ୍ୱର ଚେସ ସଂଘ ସମ୍ପାଦକ ଦେବାଶିଷ ପାଣିଗ୍ରାହୀ ସମ୍ମାନିତ ଅତିଥିଭାବେ ଯୋଗ ଦେଇ ପୁରସ୍କାର ପ୍ରଦାନ କରିଥିଲେ ।

■ ଚତୁଃରାଷ୍ଟ୍ରୀୟ ହକି ଟୁର୍ଣ୍ଣାମେଣ୍ଟ

# ଚିଲିକୁ ହରାଇଲା କିନଷ୍ଠ ଭାରତୀୟ ମହିଳା ଦଳ



ରୋସାରିଓ,୨୫।୫(ସମିସ): ଆର୍ଜେଣ୍ଟିନାର ରୋସାରିଓ ଚାଲିଥିବା ଚତୁଃରାଷ୍ଟ୍ରୀୟ ମହିଳା ହକି ଟୁର୍ଣ୍ଣାମେଣ୍ଟରେ ଭାରତୀୟ କନିଷ୍ଠ ମହିଳା ଦଳ ବିଜୟରୁ ଅଭିଯାନ ଆରମ୍ଭ କରିଛି। ରବିବାର ଭାରତୀୟ ଦଳ ୨-୧ ଗୋଲରେ ଦକ୍ଷିଣ ଆମେରିକୀୟ ଦେଶ ଚିଲିକୁ ପରାସ୍ତ କରିଛି। ଭାରତ ପାଇଁ ଶୁଖବୀର କୌର ୩୯ତମ ଓ କନିକା ସିୱାଚ୍ ୫୮ତମ ମିନିଟ୍‌ରେ ଗୋଲ ସ୍କୋର କରିଥିଲେ। ଅନ୍ୟପଟେ ଚିଲି ତରଫରୁ ଜାଭେରିଆ ସାଏଞ୍ଜ ବିଂଶତମ ମିନିଟ୍‌ରେ ଦଳ ତରଫରୁ ଏକମାତ୍ର ଗୋଲ ଦେଇ ଦଳକୁ ଅଗ୍ରଣୀ କରାଇଥିଲେ। କିନ୍ତୁ ଏହାପରେ ଭାରତ ଦୁଇଟି ଗୋଲ ଦେଇ ବିଜୟୀ ହୋଇଥିଲା। ଭାରତ ଏବେ ତା'ର ଦ୍ୱିତୀୟ ମୁକାବିଲାରେ ସୋମବାର ଅନ୍ୟତମ ଲାଟିନ ଆମେରିକୀୟ ଦେଶ ଉରୁଗୁଏକୁ ଭେଟିବ।

■ ମାଲେସିଆ ମାଷ୍ଟର୍ସ ବ୍ୟାଡ୍‌ମିଣ୍ଟନ

# ଫାଇନାଲ ହାରି ଶ୍ରୀକାନ୍ତ ରନର୍ସଅପ୍

କ୍ୱାଲାଲମ୍ପୁର,୨୫।୫(ସମିସ): ସ୍ଥାନୀୟ ଅକ୍ସିଆଟା ଏରିନାରେ ଅନୁଷ୍ଠିତ ମାଲେସିଆ ମାଷ୍ଟର୍ସ ସୁପର ୫୦୦ ବ୍ୟାଡ୍‌ମିଣ୍ଟନ ଟୁର୍ଣ୍ଣାମେଣ୍ଟରେ ଅଭିଜ୍ଞ ଭାରତୀୟ ଖେଳାଳି ଉପ- ବିଜେତା ହୋଇ ଅଭିଯାନ ଶେଷ କରିଛନ୍ତି। ରବିବାର ଅନୁଷ୍ଠିତ



ପୁରୁଷ ଏକକ ଫାଇନାଲ ମୁକାବିଲାରେ ଶ୍ରୀକାନ୍ତ ୧୧-୨୧, ୯-୨୧ ସିଧାସଳଖ ଗେମ୍‌ରେ ଚୀନ୍‌ର ଲି ସି ଫେଙ୍ଗଠାରୁ ମାତ୍ର ୩୬ ମିନିଟ୍‌ରେ ପରାସ୍ତ ହୋଇ ରନର୍ସଅପ୍ ହୋଇଛନ୍ତି। ୩୨ ବର୍ଷୀୟ ଶ୍ରୀକାନ୍ତ ଦୀର୍ଘ ୬ ବର୍ଷ ପରେ କୌଣସି ବିଡବ୍ଲ୍ୟୁଏଫ୍ ଫାଇନାଲରେ ପ୍ରବେଶ କରିଥିଲେ ମଧ୍ୟ ଟାଇଟଲ ହାସଲ କରିବାରେ ବିଫଳ ହୋଇଛନ୍ତି। ଏହାପୂର୍ବରୁ ସେ ୨୦୧୯ରେ ଇଣ୍ଡିଆନ ଓପନ୍ ଫାଇନାଲରେ ପ୍ରବେଶ କରିଥିଲେ ମଧ୍ୟ ରନର୍ସଅପ୍ ହୋଇଥିଲେ। ଶନିବାର ସେମିଫାଇନାଲରେ ସେ ଜାପାନର ବିଶ୍ୱର ୨୩ ନଂ ଖେଳାଳି ୟୁସି ତନାକାଙ୍କୁ ୨୧-୧୮, ୨୪-୨୨ରେ ପରାସ୍ତ କରି ଫାଇନାଲକୁ ଉଠିଥିଲେ। ୨୦୨୧ ବିଶ୍ୱ ଚାମ୍ପିଅନସିପ୍‌ରେ ସେ ରୌପ୍ୟ ପଦକ ହାସଲ କରିଥିଲେ। ଶ୍ରୀକାନ୍ତ ଏବେ ବିଶ୍ୱ ମାନ୍ୟତାର ୪୭ତମ ସ୍ଥାନରେ ରହିଛନ୍ତି। ପୂର୍ବରୁ ଅନ୍ୟ ଭାରତୀୟ ଖେଳାଳିମାନେ ପରାସ୍ତ ହୋଇ ବିଦାୟ ନେଇସାରିଥିଲେ।

ଆଇପିଏଲ୍ ୧୮ | ଦମ୍ ଦେଖାଇଲେ ଯୁବ ଖେଳାଳି

# ଶେଷ ମ୍ୟାଚ୍ ଜିତି ଶେଷରେ ରହିଲା ଚେନ୍ନାଇ

ଅହମ୍ମଦାବାଦ୍, ୨୫।୫ (ଏଜେନ୍ସି):



ଏଠାରେ ରବିବାର ଅନୁଷ୍ଠିତ ଆଇପିଏଲ୍‌ର ୬୭ତମ ଲିଗ୍ ମ୍ୟାଚ୍‌ରେ ଚେନ୍ନାଇ ସୁପର କିଙ୍ଗ୍‌ସ ୮୩ ରନ୍‌ର ବୃହତ୍ ବ୍ୟବଧାନରେ ଟେବଲ ଟପ୍ପର ଗୁଜରାଟ ଟାଇଟନ୍ସକୁ ପରାସ୍ତ କରିଛି। ଆଇପିଏଲ୍ ଇତିହାସରେ ସର୍ବବୃହତ୍ ରନ୍ ବ୍ୟବଧାନରେ ପରାଜୟ ସତ୍ତ୍ୱେ ଗୁଜରାଟ ୧୪ଟି ମ୍ୟାଚ ଖେଳି ୯ ବିଜୟ ଓ ୫ ପରାଜୟ ସହ ଅଭିଯାନ ଶେଷ କରିଛି। ଏହା ଫଳରେ ଦଳ ଏବେ ସୁଦ୍ଧା ୧୮ ପଏଣ୍ଟ ପାଇ ପଏଣ୍ଟ ଟେବଲର ପ୍ରଥମ ସ୍ଥାନରେ ରହିଛି। ୧୭ ପଏଣ୍ଟ ଲେଖାଏଁ ସଂଗ୍ରହ କରି ଯଥାକ୍ରମେ ଦ୍ୱିତୀୟ ଓ ତୃତୀୟ ସ୍ଥାନରେ ଥିବା ପଞ୍ଜାବ କିଙ୍ଗ୍‌ସ କିମ୍ବା ରୟାଲ ଚ୍ୟାଲେଞ୍ଜର୍ସ ବେଙ୍ଗାଲୁରୁ ସେମାନଙ୍କ ଶେଷ ମ୍ୟାଚ୍ ଜିତିପାରିଲେ ଟେବଲର ଟପ୍ପର ହେବେ। ଅନ୍ୟ ପକ୍ଷରେ ୫ଥରର ଚାମ୍ପିଅନ ଓ ୫ ଥରର ରନର୍ସ ଅପ୍ ଚେନ୍ନାଇ ୧୪ଟି ମ୍ୟାଚ୍‌ରୁ ୪ଟି ବିଜୟ ସହ ୮ ପଏଣ୍ଟ ପାଇଛି। ରାଜସ୍ଥାନ ମଧ୍ୟ ୮ ପଏଣ୍ଟ ପାଇଛି। କିନ୍ତୁ ଚେନ୍ନାଇ ସୁପର କିଙ୍ଗ୍‌ସର ଖରାପ ନେଟ ରନ୍ ରେଟ୍ ଯୋଗୁଁ ୧୦ଟି ଦଳ ମଧ୍ୟରେ ୧୦ମ ସ୍ଥାନରେ ରହିଛି। ଆଇପିଏଲ୍ ଇତିହାସରେ ଏହା ପ୍ରଥମ ଘଟଣା ଯେଉଁଥିରେ କି ଚେନ୍ନାଇ ପଏଣ୍ଟ ଟେବଲର ଶେଷ ସ୍ଥାନ ସହ ଅଭିଯାନ ଶେଷ କରିଛି। ଏହି ମ୍ୟାଚରେ ଦଳର ନେତୃତ୍ୱ ନେଇଥିବା ମହେନ୍ଦ୍ର ସିଂ ଧୋନି ମଧ୍ୟ ଶାନ୍ତ୍ୱନାମୂଳକ ବିଜୟ ସହ ସିଜନ ଶେଷ କରିଛନ୍ତି। ତାଙ୍କ ନେତୃତ୍ୱରେ ଦଳ ୧୦ଥର ଫାଇନାଲ ଖେଳିଥିଲେ ମଧ୍ୟ ଶେଷରେ ସେ ହାର ମାନି ନକରାତ୍ମକ ରେକର୍ଡ କରି ଚଳିତ ସିଜନ ଶେଷ କରିଛନ୍ତି। ବିଜୟୀ ଦଳ ପକ୍ଷରୁ ୨୩ଟି ବଲ ଖେଳି ୪ ଚୌକା ଓ ୫ ଛକା ସହ ସର୍ବାଧିକ ୫୭ ରନ୍ କରିଥିବା ଦକ୍ଷିଣ ଆଫ୍ରିକୀୟ ଯୁବ ଖେଳାଳି ଡିୱାଲ୍ଡ ବ୍ରେଭିସ୍‌ଙ୍କୁ ମ୍ୟାଚ୍‌ର ଶ୍ରେଷ୍ଠ ଖେଳାଳି ସମ୍ମାନ ମିଳିଛି।

| ଆଇପିଏଲ୍‌ରେ ଆଜି | |
|---|---|
| ପଞ୍ଜାବ ବନାମ ମୁମ୍ବାଇ | |
| ଜୟପୁର/ ରାତି ୭.୩୦ | ଷ୍ଟାର୍‌ସ୍ପୋର୍ଟ୍ସ / ଜିଓ ହଟ୍‌ଷ୍ଟାର |

## ନୁର, ଅଂଶୁଲଙ୍କ ଚମତ୍କାର ବୋଲିଂ

ଦୁଇ ବିଦେଶୀ ଖେଳାଳି ଡେଭନ କନୱେ (୫୨) ଓ ଡିୱାଲ୍ଡ ବ୍ରେଭିସ (୫୭)ଙ୍କ ଅର୍ଦ୍ଧଶତକ ବଳରେ ଏହି ମ୍ୟାଚ୍‌ରେ ପ୍ରଥମେ ବ୍ୟାଟିଂ କରି ଚେନ୍ନାଇ ସୁପର କିଙ୍ଗ୍‌ସ ୫ ୱିକେଟରେ ୨୩୦ ରନ୍ କରିଥିଲା। ଚଳିତ ସିଜନରେ ଦଳର ଏହା ସର୍ବାଧିକ ଦଳଗତ ସ୍କୋର ହୋଇଥିଲା। ଜବାବରେ ୨୩୧ ରନ୍‌ର ବିଜୟ ଲକ୍ଷ୍ୟକୁ ପିଛା କରି ଗୁଜରାଟ ଟାଇଟନ୍ସ ପ୍ରତିପକ୍ଷ ନୁର ଅହମ୍ମଦ୍ ଓ ଅଂଶୁଲ କାମ୍ବୋଜଙ୍କ ବୋଲିଂର ଉଚିତ ମୁକାବିଲା କରି ନ ପାରି ୯ଟି ବଲ୍ ବାକିଥାଇ ୧୪୭ ରନ୍‌ରେ ଅଲଆଉଟ ହୋଇଯାଇଥିଲା। ପ୍ରଥମଥର ଲାଗି ଦଳର ୩ଜଣ ଯାକ ଟପ୍ ଅର୍ଡର ବ୍ୟାଟର ଅଧିନାୟକ ଶୁବମନ ଗିଲ୍ (୧୩), ଜୋଶ ବଟଲର (୫) ଓ ସାଇ ସୁଦର୍ଶନ (୪୧) ବ୍ୟାଟିଂରେ ଫେଲ ମାରିଥିଲେ। ସୁଦର୍ଶନ ଦଳ ପକ୍ଷରୁ ସର୍ବାଧିକ ରନ୍ କରିଥିଲେ ମଧ୍ୟ ଦଳକୁ ସେ ନକରାତ୍ମକ ପରାଜୟରୁ ରକ୍ଷା କରିପାରି ନ ଥିଲେ। ଅନ୍ୟ କୌଣସି ବ୍ୟାଟର ମଧ୍ୟ ଚେନ୍ନାଇ ବୋଲରଙ୍କୁ ମୁକାବିଲା କରିପାରି ନ ଥିଲେ। ଶାହରୁଖ ଖାନ୍ (୧୯), ରାହୁଲ ତେୱାତିଆ (୧୪), ରାଶିଦ୍ ଖାନ୍ (୧୨) ଓ ଅଲରାଉଣ୍ଡର ଜେରାଲ୍ଡ କୋଏଜି (୫) ରନ୍ କରି ବିଫଳ ହୋଇଥିଲେ। ପୂର୍ବରୁ ଏମାନେ କିଛି ମ୍ୟାଚ୍ ବିଜୟୀ ଇନିଂସ ଖେଳିଥିଲେ ମଧ୍ୟ ଏହି ମ୍ୟାଚ୍‌ରେ ମିଳିତ ଭାବେ ଫେଲ୍ ମାରିଥିଲେ। ଚେନ୍ନାଇ ପକ୍ଷରୁ ଆଫଗାନ ସ୍ପିନର ଓ ହରିୟାଣାର ପେସ୍ ବୋଲର ଅଂଶୁଲ କାମ୍ବୋଜ ୩ଟି ଲେଖାଏଁ ୱିକେଟ ନେଇଥିଲେ। ଏହା ଫଳରେ ନୁରଙ୍କ ୱିକେଟ ସଂଖ୍ୟା ଚଳିତ ସିଜନରେ ୨୪ରେ ପହଞ୍ଚିଛି। ଆଇପିଏଲ୍-୨୦୨୫ରେ ମଧ୍ୟ ସେ ସର୍ବାଧିକ ୨୪ଟି ୱିକେଟ ଅକ୍ତିଆର କରିଛନ୍ତି।



## କନ୍‌ୱେ, ବ୍ରେଭିସ୍‌ଙ୍କ ଅର୍ଦ୍ଧଶତକ

ଏଠାରେ ପ୍ରଥମେ ବ୍ୟାଟିଂ କରି ଚେନ୍ନାଇ ଟିମ୍ ଆରମ୍ଭରୁ ଶେଷ ପର୍ଯ୍ୟନ୍ତ ଦ୍ରୁତଗତିରେ ରନ୍ ସଂଗ୍ରହ କରିଥିଲା। ଦଳ ପକ୍ଷରୁ ଚଳିତ ସିଜନରେ ବଦଳ ଖେଳାଳି ରୂପେ ଖେଳିଥିବା ଯୁବ ଓପନର କରିଥିବା ଆୟୁଷ ମହାତ୍ରେ ୧୭ ବଲ୍‌ରେ ୩୪ ରନ୍, ଉର୍ଭିଲ ପଟେଲ ୧୯ ବଲ୍‌ରେ ୧୯ ବଲ୍‌ରେ ୩୭ ଓ ବ୍ରେଭିସ୍ ୨୩ ବଲ୍‌ରେ ୫୭ ରନ୍ କରିଥିଲେ। ଏମାନଙ୍କ ବ୍ୟତୀତ ୩ ବରିଷ୍ଠ ଖେଳାଳି ଡେଭନ କନୱେ ୩୫ ବଲ୍‌ରେ ୫୨, ଶିବମ ଦୁବେ ୮ ବଲ୍‌ରୁ ୧୭ ଓ ରବୀନ୍ଦ୍ର ଜାଡେଜା ୧୮ ବଲ୍‌ରୁ ଅପରାଜିତ ୨୧ ରନ୍ କରିବା ଫଳରେ ଦଳ ୮/୨୩୦ ରନ୍‌ର ଏକ ବିଶାଳ ସ୍କୋର କରିଥିଲା। ପ୍ରସିଦ୍ଧ କ୍ରିଷ୍ଣାଙ୍କୁ ସର୍ବାଧିକ ୨ଟି ୱିକେଟ ମିଳିଥିଲା।

### ସଂକ୍ଷିପ୍ତ ସ୍କୋର

**ଚେନ୍ନାଇ ସୁପର କିଙ୍ଗ୍‌ସ: ୨୩୦/୫, ୨୦ ଓଭର** (ଡିୱାଲ୍ଡ ବ୍ରେଭିସ-୫୭, ଡେଭନ କନୱେ-୫୨, ଉର୍ଭିଲ ପଟେଲ-୩୭, ଆୟୁଷ ମହାତ୍ରେ-୩୪, ପ୍ରସିଦ୍ଧ କ୍ରିଷ୍ଣା-୨/୨୨)।

**ଗୁଜରାଟ ଟାଇଟନ୍ସ: ୧୪୭/୧୦, ୧୮.୩ ଓଭର** (ସାଇ ସୁଦର୍ଶନ-୪୧, ଅର୍ଶାଦ୍ ଖାନ୍-୨୦, ଅଂଶୁଲ କାମ୍ବୋଜ-୩/୧୩, ନୁର ଅହମ୍ମଦ୍-୩/୨୧, ରବୀନ୍ଦ୍ର ଜାଡେଜା-୨/୧୭)।

ଆମେର୍ସଫୁଟ୍‌ରୁ ଜେନିଭା ପର୍ଯ୍ୟନ୍ତ

# ଟାଇଟଲ ହାସଲରେ ବିରଳ ଶତକ



ସର୍ବିଆର ଅଭିଜ୍ଞ ଟେନିସ୍ ତାରକା ନୋଭାକ ଜୋକୋଭିଚ୍ ଖେଳ ଜାରି ରଖିଥିଲେ ମଧ୍ୟ କିଂବଦନ୍ତୀ ଆଖ୍ୟା ଅର୍ଜନ କରିସାରିଛନ୍ତି। ଓପନ୍ ଏରାରେ ସେ ଆଉ ଏକ ବଡ଼ ଉପଲବ୍ଧି ହାସଲ କରି ବିଶ୍ୱ ଟେନିସରେ ନିଜର ପ୍ରଭୁତ୍ୱ ଜାହିର କରିଛନ୍ତି। ଜେନିଭା ଓପନ୍ ଏଟିପି ଟୁର ୨୫୦ ପ୍ରତିଯୋଗିତାରେ ଚାମ୍ପିଅନ ହୋଇ ସେ କ୍ୟାରିଅରର ୧୦୦ତମ ଏଟିପି ଟୁର ଟାଇଟଲ ଜିତିଛନ୍ତି। ଫାଇନାଲ ମୁକାବିଲାରେ ପ୍ରଥମ ସେଟ୍‌ରେ ପରାସ୍ତ ହୋଇ ପଛରେ ପଡିଥିଲେ ମଧ୍ୟ ପ୍ରତ୍ୟାବର୍ତ୍ତନ କରି ବାକି ଦୁଇଟି ସେଟ୍‌ରେ ବିଜୟୀ ହୋଇଛନ୍ତି। ସେ ପୋଲାଣ୍ଡ ହୁବର୍ଟ ହୁରକାଜଙ୍କୁ ୫-୭, ୭-୬, ୭-୬ ସେଟ୍‌ରେ ପରାସ୍ତ କରି ଚାମ୍ପିଅନ ହୋଇଛନ୍ତି। ଟେନିସରେ ୧୯୬୮ରେ ଓପନ୍ ଏରାର ପ୍ରାରମ୍ଭ ହୋଇଥିଲା। ଏହାପରେ ସବୁ ଖେଳାଳିଙ୍କୁ ଆମେଚର ଓ ପେସାଦାର ଟେନିଟର ୪ଟି ଗ୍ରାଣ୍ଡସ୍ଲାମରେ ଭାଗ ନେବାକୁ ଅନୁମତି ପାଇଥିଲେ। ଜୋକୋଭିଚ୍‌ଙ୍କ ଏହି ଲମ୍ବା ଯାତ୍ରା ନେଦରଲାଣ୍ଡସର ଆମେର୍ସଫର୍ଟରୁ ଆରମ୍ଭ ହୋଇ ଏବେ ଜେନିଭାରେ ପହଚିଛି। ଅର୍ଥାତ ୨୦୦୬ରେ ଆମେର୍ସଫୁଟ୍‌ରେ ହିଁ ସେ ନିଜ କ୍ୟାରିଅରର ପ୍ରଥମ ଏଟପି ଟୁର ଟାଇଟଲ ହାସଲ କରିଥିଲେ ଓ ଇତିମଧ୍ୟରେ ୧୯ ବର୍ଷ ବିତି ଯାଇଛି। ଗତ ଗୁରୁବାର ଜୋକୋଭିଚ୍ ୩୮ ବର୍ଷ ବୟସରେ ପଦାର୍ପଣ କରିଛନ୍ତି। ଶେଷରେ ତାଙ୍କର ଏହି ୧୦୦ତମ ଟାଇଟଲ ସ୍ୱପ୍ନ ସାକାର ହୋଇଛି। ଗତ ମାଡ୍ରିଡ୍ ଓପନ୍‌ରେ ପ୍ରଥମ ରାଉଣ୍ଡ ପରାଜୟ ପରେ ସେ ନିଜ କୋଚ୍ ବ୍ରିଟେନର ଆଣ୍ଡି ମୁରେଙ୍କଠାରୁ ସମ୍ପର୍କ ଛିନ୍ନ କରିଥିଲେ।

## ୧୦୦ କ୍ଲବରେ ୭ ଖେଳାଳି

ତାଙ୍କ ପୂର୍ବରୁ କେବଳ ସ୍ୱିଜରଲାଣ୍ଡର ରୋଜର ଫେଡରର ୧୦୩ ଓ ଆମେରିକାର ଜିମ୍ମି କର୍ଣ୍ଣର୍ସ ୧୦୯ ଟାଇଟଲ ହାସଲ କରି ଏହି ଏଲିଟ କ୍ଲବରେ ସ୍ଥାନ ପାଇଥିଲେ। ଏକଦା ଫେଡରର ମଧ୍ୟ ଜୋକୋଭିଚ୍‌ଙ୍କ କଡ଼ା ପ୍ରତିଦ୍ୱନ୍ଦ୍ୱୀ ରହିଥିଲେ। ଅନପଟେ ମହିଳା ବିଭାଗରେ ମାର୍ଟିନ ନାଭ୍ରାତିଲୋଭା ୧୬୭, କ୍ରିସ୍ ଏଭେର୍ଟ ୧୫୭ ଓ ଜର୍ମାନୀ ଷ୍ଟେଫି ଗ୍ରାଫ୍ ୧୦୭ଟି ଡବ୍ଲ୍ୟୁଟିଏ ଟାଇଟଲ ହାସଲ କରି ଏହି ୧୦୦ କ୍ଲବରେ ସ୍ଥାନ ପାଇଛନ୍ତି। ଉଭୟ ପୁରୁଷ ଓ ମହିଳା ଟେନିସକୁ ବିଚାର କଲେ ମୋଟ୍ ୭ ଜଣ ଖେଳାଳି ୧୦୦ରୁ ଊର୍ଦ୍ଧ୍ୱ ଟାଇଟଲ ଜିତି ଏହି ହଣ୍ଡ୍ରେଡ୍ କ୍ଲବ୍‌ରେ ସ୍ଥାନ ପାଇଛନ୍ତି।

## ୨୦ଟି ଭିନ୍ନ ସିଜନରେ ଟ୍ରଫି ଜିତିବାରେ ପ୍ରଥମ

ଜୋକୋଭିଚ୍ ବିଶ୍ୱର ଏକମାତ୍ର ଖେଳାଳି ଭାବେ ୨୦ଟି ଭିନ୍ନ ସିଜନରେ ଟ୍ରଫି ଜିତି ଏକ ବିରଳ ସଫଳତା ଅର୍ଜନ କରିଛନ୍ତି। ଏଥିରେ ଏକ ଅଲିମ୍ପିକ୍ସ ସ୍ୱର୍ଣ୍ଣ ପଦକ ସାମିଲ ରହିଛି। ବିଶ୍ୱର ପ୍ରାୟ ସବୁ ଟୁର୍ଣ୍ଣାମେନଟ୍‌ରେ ଟାଇଟଲ ଜିତିଛନ୍ତି।

## ପ୍ୟାରିସ ଅଲିମ୍ପିକ୍ସରେ ସ୍ୱର୍ଣ୍ଣ

ସବୁ ପ୍ରକାର ସଫଳତା ଅର୍ଜନ କରିଥିଲେ ମଧ୍ୟ ଜୋକୋଭିଚ୍ ଅଲିମ୍ପିକ୍ସରେ ସଫଳତା ପାଇ ନଥିଲେ। ୨୦୦୮ ବେଜିଂ ଅଲିମ୍ପିକ୍ସରେ ସେ ଏକକରେ କାଂସ୍ୟ ପଦକ ହାସଲ କରିଥିଲେ ମଧ୍ୟ କେବେ ସ୍ୱର୍ଣ୍ଣ ପଦକ ଜିତି ନଥିଲେ ଓ ଏ ନେଇ ତାଙ୍କର ଏକ ବଡ଼ ଅବଶୋସ ରହିଥିଲା। ୨୦୨୪ ପ୍ୟାରିସ ଅଲିମ୍ପିକ୍ସରେ ସେ ଏକକ ଫାଇନାଲରେ ସ୍ପେନ ଯୁବ ଖେଳାଳି କାର୍ଲୋସ ଆଲକାରାଜଙ୍କୁ ପରାସ୍ତ କରି ସ୍ୱର୍ଣ୍ଣ ପଦକ ହାସଲ କରି ଇତିହାସ ସୃଷ୍ଟି କରିଥିଲେ।

## ୨୫ତମ ଗ୍ରାଣ୍ଡସ୍ଲାମ ପାଇଁ ଫ୍ରେଞ୍ଚ୍ ଓପନ୍

୨୪ଟି ଗ୍ରାଣ୍ଡସ୍ଲାମ ଟାଇଟଲ ଜିତିଥିବା ଜୋକୋଭିଚ ଆଉ ଗୋଟିଏ ଟାଇଟଲ ହାସଲ କଲେ ବିଶ୍ୱ ରେକର୍ଡ ସୃଷ୍ଟି କରିବା ସହ ଇତିହାସ ସୃଷ୍ଟି କରିବେ। ସେ ପୁରୁଷ ବିଭାଗରେ ସର୍ବାଧିକ ଗ୍ରାଣ୍ଡସ୍ଲାମ ଟାଇଟଲ ଜିତିଛନ୍ତି। ତେବେ ଅଷ୍ଟ୍ରେଲିଆ ମହିଳା କିଂବଦନ୍ତୀ ମାର୍ଗାରେଟ୍ କୋର୍ଟ ୨୪ଟି ଗ୍ରାଣ୍ଡସ୍ଲାମ ଟାଇଟଲ ହାସଲ କରିଛନ୍ତି। ତେଣୁ ଆଉ ଗୋଟିଏ ଟାଇଟଲ ଜିତିଥିଲେ ସେ କୋର୍ଟଙ୍କୁ ପଛରେ ପକାଇ ନୂଆ ମାଇଲଖୁଣ୍ଟ ଅତିକ୍ରମ କରିବେ। ସୋମବାର ସେ ଚଳିତ ଫ୍ରେଞ୍ଚ୍ ଓପନ୍‌ରେ ଆମେରିକାର ମ୍ୟାକେଞ୍ଜି ମ୍ୟାକଡୋନାଲ୍ଡଙ୍କୁ ପ୍ରଥମ ରାଉଣ୍ଡ ମୁକାବିଲାରେ ଭେଟି ଅଭିଯାନ ଆରମ୍ଭ କରିବେ।

### ସର୍ବାଧିକ ଟାଇଟଲ ହାସଲକାରୀ ଖେଳାଳି

| ଖେଳାଳି | ଦେଶ | ସଂଖ୍ୟା |
|---|---|---|
| ଜିମ୍ମି କର୍ଣ୍ଣର | ଆମେରିକା | ୧୦୯ |
| ରୋଜର ଫେଡରର | ସ୍ୱିଜରଲାଣ୍ଡ | ୧୦୩ |
| ନୋଭାକ ଜୋକୋଭିଚ୍ | ସର୍ବିଆ | ୧୦୦* |
| ଇଭାନ ଲେଣ୍ଡଲ | ଚେକ ଗଣରାଜ୍ୟ | ୯୪ |
| ରାଫେଲ ନାଦାଲ | ସ୍ପେନ୍ | ୯୨ |

### ଜୋକୋଭିଚ୍‌ଙ୍କ ୧୦୦ଟି ଟାଇଟଲ

| | |
|---|---|
| ଗ୍ରାଣ୍ଡସ୍ଲାମ | ୨୪ |
| ଏଟିପି ଫାଇନାଲ୍ସ | ୭ |
| ଏଟିପି ୧୦୦୦ ମାଷ୍ଟର୍ସ | ୪୦ |
| ଏଟିପି ୫୦୦ | ୧୫ |
| ଏଟିପି ୨୫୦ | ୧୩ |
| ଅଲିମ୍ପିକ୍ସ | ୧ |

# ରାମଲାଲାଙ୍କୁ ଦର୍ଶନ କଲେ ବୀରୁସ୍କା



ଅଯୋଧ୍ୟା,୨୫।୫(ସମିସ): ଟେଷ୍ଟରୁ କିଛିଦିନ ତଳେ ଅବସର ଘୋଷଣା କରିଥିବା ଭାରତୀୟ ବ୍ୟାଟିଂ ସୁପରଷ୍ଟାର ବିରାଟ କୋହଲି ଓ ତାଙ୍କ ପତ୍ନୀ ତଥା ବଲିଉଡ ଅଭିନେତ୍ରୀ ଅନୁଷ୍କା ଶର୍ମା ଅଯୋଧ୍ୟା ଗସ୍ତ କରି ରାମଲାଲାଙ୍କ ଦର୍ଶନ କରିଛନ୍ତି। ରବିବାର ସକାଳ ୭ଟାରେ ଦୁହେଁ ରାମଲାଲାଙ୍କ ଦର୍ଶନ କରିଥିଲେ। କିନ୍ତୁ ରାମ ମନ୍ଦିରରେ ଦୁହିଁଙ୍କ ଫଟୋ ସାମ୍ନାକୁ ଆସିନାହିଁ। ରାମଲାଲାଙ୍କୁ ଦର୍ଶନ କରିବା ପରେ ଦୁହେଁ ହନୁମାନ ଗଡିରେ ପହଞ୍ଚିଥିଲେ। କୋହଲି ୧ କେଜି ୨୫ ଗ୍ରାମ୍‌ର ଲଡୁ ଓ ଫୁଲ ଚଢ଼ାଇଥିଲେ। ପୂଜାରୀ ତାଙ୍କୁ ଧଳା ରଙ୍ଗର ଫୁଲମାଳା ପିନ୍ଧାଇବା ସହ ଆଶୀର୍ବାଦ ଦେଇଥିଲେ। ସେହିପରି ଅନୁଷ୍କାଙ୍କୁ ପୂଜାରୀ ହଳଦିଆ ରଙ୍ଗର ମାଳା ପିନ୍ଧିବାକୁ ଦେଇଥିଲେ। ଅନୁଷ୍କାଙ୍କ ହାତଧରି କୋହଲି ମନ୍ଦିର ପରିକ୍ରମା କରିଥିଲେ। ଦୁହେଁ ସେଠାରେ ୨୦ ମିନିଟ୍ ରହିଥିଲେ। ହନୁମାନ ଗଡିରେ ମହନ୍ତ ହନୁମାନଙ୍କ ପ୍ରତୀମା ଉପହାର ପ୍ରଦାନ କରିଥିଲେ। ଉଲ୍ଲେଖଥାଉ କି, ଟେଷ୍ଟରୁ ସନ୍ୟାସ ନେବା ପରେ କୋହଲି ଓ ଅନୁଷ୍କା ବୃନ୍ଦାବନରେ ଯାଇ ସେଠାରେ ପ୍ରେମାନନ୍ଦ ଜୀ ମହରାଜଙ୍କୁ ସାକ୍ଷାତ କରିଥିଲେ। ପ୍ରେମାନନ୍ଦ ଜୀଙ୍କ ଆଶ୍ରମରେ ଦୁହେଁ ୨ ଘଣ୍ଟା ୨୦ ମିନିଟ୍ ସମୟ ବିତାଇଥିଲେ। ମେ ୧୨ ତାରିଖରେ କୋହଲି ଟେଷ୍ଟ କ୍ରିକେଟରୁ ଅବସର ଘୋଷଣା କରିଥିଲେ। ସେହିପରି ଟି-୨୦ ବିଶ୍ୱକପ୍ ବିଜୟ ପରେ ସେ ଓ ରୋହିତ ଶର୍ମା କ୍ରିକେଟର ଏହି ଛୋଟ ଫର୍ମାଟ୍‌ରୁ ଅବସର ନେଇଥିଲେ।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦ୍ର ଦାସ
EXECUTIVE EDITOR: SAMARENDU DAS